RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

VOLUME- 43 ◆ISSUE-103 ◆THURSDAY ◆9 OCTOBER 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୧୦୩ ◆ଗୁରୁବାର ◆୯ ଅକ୍ଟୋବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦



ରଶ୍ମିକା-ବିଜୟ ନିର୍ବନ୍ଧ ଚର୍ଚ୍ଚା

▶ପୃଷ୍ଠା 9 ଦେଖନ୍ତୁ...

## ପୁଲିସ ଚାକିରି ବିକ୍ରି
# କାଠଗଡ଼ାରେ ଓପିଆର୍‌ବି
## ଟେଣ୍ଡର ସର୍ତ୍ତାବଳୀ ଉଲ୍ଲଙ୍ଘନ ସତ୍ତ୍ୱେ କାହିଁକି ଚୁପ୍ ଥିଲେ କର୍ତ୍ତୃପକ୍ଷ ?

### ଅନୁମତି ନ ଥିବା ସତ୍ତ୍ୱେ ପ୍ରଶ୍ନପତ୍ର ପ୍ରସ୍ତୁତ କରିଥିଲେ ସିଲିକନ୍ ଓ ପଞ୍ଚସଫ୍ଟ
### ଓପିଆର୍‌ବି ଓ ଆଇଟିଆଇ ଅଧିକାରୀଙ୍କ ପ୍ରତି କୋହଳ ମନୋଭାବ କାହିଁକି

■ **ଭୁବନେଶ୍ୱର, ୮ ।୧୦ (ସମିସ):** ପୁଲିସ ଏସ୍‌ଆଇ ଚାକିରି ବିକ୍ରି ଘଟଣାକୁ ନେଇ ସାରା ରାଜ୍ୟ ଦୁଲୁକୁଛି । ୨୫ରୁ ୩୦ ଲକ୍ଷ ଟଙ୍କାରେ ପୁଲିସ ଚାକିରି ବିକ୍ରି ଷଡ଼ଯନ୍ତ୍ର ଧରାପଡ଼ିବା ପରେ ଯେତିକି ତଥ୍ୟ ଲୋକଲୋଚନକୁ ଆସିଛି, ସେଥିରେ ଓଡ଼ିଶା ପୁଲିସ ରିକ୍ରୁଟମେଣ୍ଟ ବୋର୍ଡ (ଓପିଆର୍‌ବି) ଓ ପରୀକ୍ଷା ପରିଚାଳନା ନିମନ୍ତେ ଦାୟିତ୍ୱ ପାଇଥିବା ଆଇଟିଆଇର ଭୂମିକାକୁ ନେଇ ସନ୍ଦେହ ଘନୀଭୂତ ହେବାରେ ଲାଗିଛି। ରାଷ୍ଟ୍ରାୟତ୍ତ ସଂସ୍ଥା ଆଇଟିଆଇରୁ ସବ୍‌ଲେଟ୍ ନେଇଥିବା ସିଲିକନ୍ ଟେକ୍‌ଲାବ୍ ଓ ପଞ୍ଚସଫ୍‌ଟ ମୁଖ୍ୟ ଶଙ୍କର ପୃଷ୍ଟିର କାର୍ଯ୍ୟକଳାପ ସମ୍ପର୍କରେ ଓପିଆର୍‌ବି ସବୁ ଜାଣି ବି ନିରବ ଥିବା ସ୍ପଷ୍ଟ ହେବାରେ ଲାଗିଛି। ପରୀକ୍ଷା ପରିଚାଳନା ନିମନ୍ତେ ଆଇଟିଆଇକୁ ଟେଣ୍ଡର ଦେବା ବେଳେ ଓପିଆର୍‌ବି କେବଳ ଅନ୍ୟ କମ୍ପାନୀଠାରୁ ମାନବ ସମ୍ବଳ ସହଯୋଗ ନିମନ୍ତେ ଅନୁମତି ଦେଇଥିଲା। ମାତ୍ର ଆଇଟିଆଇ ପୂରା ପରୀକ୍ଷା ପରିଚାଳନା ବ୍ୟବସ୍ଥାକୁ ସିଲିକନ୍ ଟେକ୍‌ଲାବକୁ ହସ୍ତାନ୍ତର କରିଥିବା ବେଳେ କାହିଁକି ଓପିଆର୍‌ବି ନିରବ ରହିଲା ତାହା ପ୍ରଶ୍ନବାଚୀ ସୃଷ୍ଟି କରିଛି। ସେହିପରି ସିଲିକନ୍ ଟେକ୍‌ଲାବ୍ ସହ ମିଶି ପଞ୍ଚସଫ୍ଟ କମ୍ପାନୀ ଅନୁମତି ନ ଥିବା ସତ୍ତ୍ୱେ କିପରି ପ୍ରଶ୍ନପତ୍ର ପ୍ରସ୍ତୁତି ସହ ପରିଚାଳନା ଦାୟିତ୍ୱ ପାଇଲେ, ତାହାକୁ ଦେଖିଲେ ଚାକିରି ବିକ୍ରି ପାଇଁ ମୂଳରୁ ଷଡ଼ଯନ୍ତ୍ର ହୋଇଥିବା ଜଳଜଳ ଦିଶୁଛି। ▶ପୃଷ୍ଠା-୭

## ଗିରଫ ୧୧୯ ଜଣଙ୍କ ଜାମିନ ଖାରଜ

■ **ବ୍ରହ୍ମପୁର,୮ ।୧୦ (ସମିସ):** ବହୁଚର୍ଚ୍ଚିତ ପୁଲିସ ଏସ୍‌ଆଇ ପରୀକ୍ଷା ଜାଲିଆତି ଘଟଣାରେ ଗିରଫ ହୋଇ ବ୍ରହ୍ମପୁର ମଣ୍ଡଳ କାରାଗାରରେ ବନ୍ଦୀ ଥିବା ୧୧୪ଜଣ ପରୀକ୍ଷାର୍ଥୀ ଓ ୫ଜଣ ଦଲାଲଙ୍କ ଜାମିନ ଆବେଦନ ଖାରଜ ହୋଇଯାଇଛି।

**୬ ବସ୍ କର୍ମଚାରୀଙ୍କ ବୟାନ ରେକର୍ଡ**

ଗିରଫ ଅଭିଯୁକ୍ତଙ୍କୁ ଜାମିନ ପ୍ରଦାନ ପାଇଁ ସେମାନଙ୍କ ଅଧିବକ୍ତାମାନେ ପୂର୍ବରୁ ବ୍ରହ୍ମପୁର ଜେଏମ୍‌ଏଫସି (ଗ୍ରାମୀଣ)ଙ୍କ ଅଦାଲତରେ ଆବେଦନ କରିଥିଲେ। ବୁଧବାର ଉକ୍ତ ଆବେଦନଗୁଡ଼ିକର ଶୁଣାଣି ହୋଇଥିଲା। ସରକାରୀ ଓକିଲ ଜାମିନ ଆବେଦନର ତୀବ୍ର ବିରୋଧ କରିଥିଲେ। ସେହିକ୍ରମରେ ବିଚାରପତି ସମସ୍ତ ୧୧୯ଜଣ ଅଭିଯୁକ୍ତର ଜାମିନ ଆବେଦନକୁ ଖାରଜ କରିଦେଇଥିବା ପିପି ବିଶ୍ୱଜିତ ବରାଳ ସୂଚନା ଦେଇଛନ୍ତି। ଅନ୍ୟପକ୍ଷରେ ଏହି ୧୧୪ଜଣ ଚାକିରି ଆଶାୟୀ ଓ ୩ ଜଣ ଦଲାଲଙ୍କୁ ନେଇ ବିଜୟନଗରମ ଅଭିମୁଖେ ଯାଉଥିବା ୩ଟି ବସ୍‌ର ୬ଜଣ କର୍ମଚାରୀଙ୍କ ବୟାନ ରେକର୍ଡ କରାଯାଇଛି। ▶ପୃଷ୍ଠା-୭

## ମିଆଁମାର ସେନାର ବର୍ବରତା
# ବୌଦ୍ଧ ମହୋତ୍ସବରେ ବୋମାମାଡ଼
### ୪୭ ମୃତ, ୮୦ ଆହତ



■ **ନେପିଡୋ, ୮।୧୦ (ସମିସ):** ମିଆଁମାରରେ ବୌଦ୍ଧ ମହୋତ୍ସବ ପାଳନ କରାଯାଉଥିବା ବେଳେ ସେନା ଆକ୍ରମଣ କରିଛି। ଚାଉଙ୍ଗ ୟୁ ସହରରେ 'ଥାଡିଙ୍ଗ୍‌ଟ୍ ପୂର୍ଣ୍ଣିମା' ପାଳନ କରିବାକୁ ଲୋକେ ଏକାଠି ହୋଇଥିବା ବେଳେ ସେନା ବୋମାମାଡ଼ କରିଛି। ଏଥିରେ ୪୭ଜଣ ଲୋକ ପ୍ରାଣ ହରାଇଛନ୍ତି ଏବଂ ୮୦ରୁ ଅଧିକ ଆହତ ହୋଇଛନ୍ତି। ଏହି ଉତ୍ସବ ପାଳନ ବେଳେ ସମବେତ ଲୋକେ ସାମରିକ ଶାସନ ବିରୋଧରେ ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ଏହି ସମୟରେ ସେନା ପକ୍ଷରୁ ୭ଟି ବୋମାମାଡ଼ କରାଯାଇଥିବା ଜଣାପଡ଼ିଛି।

ଏକ ମୋଟରଚାଳିତ ପାରା ଗ୍ଲାଇଡର ଘଟଣାସ୍ଥଳରେ ଉଡିଥିଲା ଓ ଏଥିରୁ ବୋମାମାଡ଼ କରାଯାଇଥିଲା। ଏଭଳି ଆକ୍ରମଣ ହେବ ବୋଲି ଲୋକଙ୍କୁ ଆଗୁଆ ସୂଚନା ମଧ୍ୟ ଦିଆଯାଇଥିଲା। ସୂଚନା ପାଇ ଏକ ତୃତୀୟାଂଶ ଲୋକ ସେଠାରୁ ପଳାଇଥିଲେ। ବୋମାମାଡ଼ ପରେ ସଂପୃକ୍ତ ଅଞ୍ଚଳରେ ଖଣ୍ଡିବିଖଣ୍ଡିତ ମରଶରୀର ଚାରିଆଡ଼େ ବିଛାଡ଼ି ହୋଇ ପଡ଼ିଥିବା ବେଳେ ମୃତଦେହଗୁଡିକୁ ଚିହ୍ନଟ କରିବା କଷ୍ଟକର ହୋଇ ପଡ଼ିଛି। ମୃତ୍ୟୁସଂଖ୍ୟା ଆହୁରି ବୃଦ୍ଧି ପାଇବ ବୋଲି ଆଶଙ୍କା କରାଯାଉଛି। ଉଲ୍ଲେଖଥାଉ କି ୨୦୨୧ରେ ସେନା ଶାସନଭାର ହାତକୁ ନେବା ପରେ ମିଆଁମାରରେ ଗୃହଯୁଦ୍ଧ ସ୍ଥିତି ସୃଷ୍ଟିହୋଇଛି। ଗଣତନ୍ତ୍ରର ସମର୍ଥକ ଅନ୍ୟ ଉଗ୍ରବାଦୀ ସଂଗଠନ ସହ ମିଶି ସାମରିକ ଶାସନ ବିରୋଧରେ ଲଢ଼େଇ ଜାରି ରଖିଛନ୍ତି। ତେବେ ମିଆଁମାରରେ ଆଗାମୀ ଡିସେମ୍ବର ୨୮ରେ ସାଧାରଣ ନିର୍ବାଚନ ହେବ ବୋଲି କୁହାଯାଇଛି। କିନ୍ତୁ ଏଥିରେ ବ୍ୟାପକ ଜାଲିଆତି ହେବ ବୋଲି ଆଶଙ୍କା ପ୍ରକଟ କରି ବିଦ୍ରୋହୀ ଓ ଗଣତନ୍ତ୍ରର ସମର୍ଥକମାନେ ଏହି ନିର୍ବାଚନକୁ ବର୍ଜନ କରିବାକୁ ଘୋଷଣା କରିଛନ୍ତି।

# ସରକାରଙ୍କୁ ଆଇନଶୃଙ୍ଖଳା ଚିନ୍ତା
### ଅସାମାଜିକଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ଲାଗି ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ



■ **ଭୁବନେଶ୍ୱର, ୮।୧୦ (ସମିସ):** ଗତ କିଛିଦିନ ମଧ୍ୟରେ ରାଜ୍ୟର ଆଇନଶୃଙ୍ଖଳା ପରିସ୍ଥିତି ଭୟଙ୍କର ସମୟ ଦେଇ ଗତି କରୁଛି। ଅରାଜକତା ସୀମା ଅତିକ୍ରମ କରିଛି। କଟକ ଚୌଦ୍ୱାର ଜେଲ୍‌ରୁ ଦୁଇଜଣ କୁଖ୍ୟାତ ହତ୍ୟାକାରୀ ଫେରାର ହୋଇ ଯାଇଛନ୍ତି। ଭଦ୍ରକ ଅଞ୍ଚଳରେ ମାନସିକ ବିକାରଗ୍ରସ୍ତ ମହିଳାଙ୍କୁ ଉଠାଇ ନିଆଯାଇ ଦୁଷ୍କର୍ମ କରାଯାଇଛି। କଟକରେ ସାମ୍ପ୍ରଦାୟିକ ସଦ୍‌ଭାବ ନଷ୍ଟ ହୋଇଛି। ସହରରେ କର୍ଫ୍ୟୁ ଜାରି କରାଯାଇଛି। ବ୍ରହ୍ମପୁରରେ ଖୋଦ ଶାସକ ଦଳର ଜଣେ ନେତା ତଥା ଆଇନଜୀବୀଙ୍କୁ ଗୁଳି ମାରି ହତ୍ୟା କରାଯାଇଛି। ଏହି ସମୟରେ ପୁଲିସ ଏସ୍‌ଆଇ ଚାକିରି ବିକ୍ରି ଘଟଣା ରାଜ୍ୟ ସରକାରଙ୍କ ଛବିକୁ ମଳିନ କରିଛି। ଏହାର ଅନୁଧ୍ୟାନ ନିମନ୍ତେ ବୁଧବାର ଲୋକସେବା ଭବନରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଡାକିଛନ୍ତି ଗୁରୁତ୍ୱପୂର୍ଣ୍ଣ ବୈଠକ। ଆଇନଶୃଙ୍ଖଳା ଖରାପ କରୁଥିବା ଅସାମାଜିକ ତତ୍ତ୍ୱଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ଓ ଦୃଢ଼ ହସ୍ତରେ ଦମନ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି ମୁଖ୍ୟମନ୍ତ୍ରୀ।

ନିକଟରେ ରାଜ୍ୟରେ ଘଟିଥିବା ବିଭିନ୍ନ ଅପରାଧଗୁଡ଼ିକ ସମ୍ପର୍କରେ ପୁଲିସ ଡ଼ିଜିଙ୍କଠାରୁ ରିପୋର୍ଟ ତଲବ କରିଛନ୍ତି। ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ କଟକରେ ପରିସ୍ଥିତି ସ୍ୱାଭାବିକ ହେଲେ ମଧ୍ୟ ପୁଲିସକୁ ସତର୍କ ରହିବାକୁ ପଡିବ ଏବଂ କୌଣସି ପରିସ୍ଥିତିରେ କୋହଳ ମନୋଭାବ ପୋଷଣ କରିବା ଉଚିତ୍ ନୁହେଁ। ବର୍ତ୍ତମାନ ପରିସ୍ଥିତିରେ ସବୁ ସମ୍ବେଦନଶୀଳ ଅଞ୍ଚଳରେ ପୁଲିସ ଫୋର୍ସ ମୁତୟନ ସହିତ ପାଟ୍ରୋଲିଙ୍ଗ୍ ଜାରି ରଖାଯାଉ ବୋଲି ମୁଖ୍ୟମନ୍ତ୍ରୀ ପରାମର୍ଶ ଦେଇଛନ୍ତି। ଭାଇଚାରାର ସହରରେ ଯେପରି ସାମାଜିକ ସଦ୍‌ଭାବ ଫେରି ଆସିବ ସେଥିପାଇଁ ବିଭିନ୍ନ ଗୋଷ୍ଠୀର ନେତୃବୃନ୍ଦଙ୍କ ସହିତ ପୁଲିସ ଉଚ୍ଚ ପଦାଧିକାରୀମାନେ ଆଲୋଚନା ଜାରି ରଖିବା ଆବଶ୍ୟକ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ▶ପୃଷ୍ଠା-୭

## ନୂଆପଡ଼ା ଲଢ଼େଇ
# ନବୀନ ଗଢ଼ିଲେ କମିଟି

**ଷ୍ଟିଅରିଂ କମିଟିରେ ଦଳର ୬ ବରିଷ୍ଠ ନେତା**

**ଜୋନାଲ କମିଟିରେ ୧୦, ଆକ୍ସନ କମିଟିରେ ୩**

■ **ଭୁବନେଶ୍ୱର, ୮।୧୦ (ସମିସ):** ନୂଆପଡ଼ା ଉପନିର୍ବାଚନ ପ୍ରରିପେକ୍ଷୀରେ ବିଜେଡି ସଭାପତି ନବୀନ ପଟ୍ଟନାୟକ ବରିଷ୍ଠ ନେତାଙ୍କୁ ନେଇ ୩ଟି କମିଟି ଗଠନ କରିଛନ୍ତି। ଷ୍ଟିୟରିଂ କମିଟି, ଜୋନାଲ କମିଟି ଏବଂ ଲୋକାଲ ଆକ୍ସନ କମିଟିରେ ସ୍ଥାନୀତ ସଦସ୍ୟମାନେ ନିର୍ବାଚନ ପରିଚାଳନା କରିବେ ବୋଲି ବିଜେଡି ପକ୍ଷରୁ ବୁଧବାର ସୂଚନା ଦିଆଯାଇଛି।

ଉପନିର୍ବାଚନର ପରିଚାଳନା ଦାୟିତ୍ୱ ଷ୍ଟିୟରିଂ କମିଟି ଉପରେ ନ୍ୟସ୍ତ ହୋଇଛି। ଦଳର ବରିଷ୍ଠ ନେତା ପ୍ରସନ୍ନ ଆଚାର୍ଯ୍ୟ, ନିରଞ୍ଜନ ପୂଜାରୀ, ସ୍ନେହାଙ୍ଗିନୀ ଛୁରିଆ, ଟୁକୁନି ସାହୁ, ନିରଞ୍ଜନ ବିଶି ଓ ମହମ୍ମଦ ଆୟୁବ ଖାନ୍ ପ୍ରମୁଖ ଏହି କମିଟିରେ ରହିଛନ୍ତି। ସେହିପରି ଜିଲ୍ଲା ପରିଷଦ ଜୋନ୍ ଏବଂ ପୌରାଞ୍ଚଳ ଜୋନକୁ ନେଇ ଗଠିତ ଜୋନାଲ କମିଟିରେ ମୋଟ ୧୦ ଜଣ ସ୍ଥାନ ପାଇଛନ୍ତି। ନୂଆପଡା ଏନଏସି ପାଇଁ କଳିକେଶ ନାରାୟଣ ସିଂହଦେଓ ଓ ଶାରଦା ନାୟକଙ୍କୁ ଦାୟିତ୍ୱ ମିଳିଥିବା ବେଳେ ଖରିଆର ରୋଡ୍ ଏନଏସି ପାଇଁ ରୋହିତ ପୂଜାରୀ ଓ ବିକ୍ରମ ପଣ୍ଡାଙ୍କୁ ଦାୟିତ୍ୱ ନ୍ୟସ୍ତ କରାଯାଇଛି। ସେହିପରି ସୁଦାମ ମାର୍ଣ୍ଡି, ଦେବେଶ ଆଚାର୍ଯ୍ୟ, ସରୋଜ ମେହେର, ମନୋହର ରନ୍ଧାରୀ, ପ୍ରଦୀପ ମାଝୀ, ଯୋଗେଶ ସିଂଙ୍କୁ ଜିଲ୍ଲା ପରିଷଦ ଜୋନ ଦାୟିତ୍ୱରେ ଅବସ୍ଥାପିତ କରାଯାଇଛି। ଲୋକାଲ ଆକ୍ସନ କମିଟିରେ ବିଧାୟକ ଅଧିରାଜ ପାଣିଗ୍ରାହୀ, ଅବନୀ ଯୋଶୀ ଓ ମନୋଜ ମିଶ୍ର ରହିଛନ୍ତି। ଏହି ୩ କମିଟି ତତ୍ତ୍ୱାବଧାନରେ ବିଜେଡି ନିଜର ଉପ ନିର୍ବାଚନ ରଣନୀତି ପରିଚାଳନା କରିବ ବୋଲି ଜଣାପଡ଼ିଛି।

## ଟ୍ରମ୍ପଙ୍କ ଏଚ୍ ୧-ବି ଭିସା ବୋମା
# କମୁଛି ଏନ୍‌ଆର୍‌ଆଇ ବରଙ୍କ କ୍ରେଜ୍

**ସଫ୍ଟୱେର ବୃତ୍ତିଧାରୀଙ୍କୁ ବାହା ହେବାକୁ ଅରାଜି ଭାରତୀୟ ଝିଅ**

■ **ନୂଆଦିଲ୍ଲୀ, ୮।୧୦ (ଏଜେନ୍ସି):** ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଏଚ୍‌୧-ବି ଭିସା କଟକଣାର ପ୍ରଭାବ ଏବେ ଚାରିଆଡେ ଜୋରଦାର ଅନୁଭୂତ ହେବାରେ ଲାଗିଛି। ବିଶେଷକରି ଭାରତ ଉପରେ ଏହାର ପ୍ରଭାବ ଦେଖିବାକୁ ମିଳିଛି। ଭାରତ ।।ରେ ବିବାହ ବଜାର ଏହାଦ୍ୱାରା ପ୍ରଭାବିତ ହୋଇଛି। ଟ୍ରମ୍ପ୍ ଏହି ଭିସା ନିମନ୍ତେ ଆବେଦନକାରୀଙ୍କ ପାଇଁ ଫି' ୧୦୦,୦୦୦ ଡଲାର (ପ୍ରାୟ ୮୮ ଲକ୍ଷ ଟଙ୍କା) ବୃଦ୍ଧି କରିବା ପରେ ଆମେରିକାରେ କାମ କରୁଥିବା ପ୍ରବାସୀ ଭାରତୀୟ ବା ଏନ୍‌ଆର୍‌ଆଇ ବରଙ୍କ ଚାହିଦା ହ୍ରାସ ପାଇଥିବା 'ଭାଓଜ୍ ଫର୍ ଇଟରନିଟି ରିପୋର୍ଟ'ରେ କୁହାଯାଇଛି। ସୂଚନା ଅନୁସାରେ ଭାରତର ଯେଉଁ ପରିବାରଗୁଡ଼ିକ ଏ ପର୍ଯ୍ୟନ୍ତ ସେମାନଙ୍କ ପିଲାମାନଙ୍କ ପାଇଁ ଅନ୍ତର୍ଜାତୀୟ ଜୀବନସାଥୀ ଖୋଜିବାରେ ବ୍ୟସ୍ତ ଥିଲେ, ସେମାନେ ଏବେ ଟ୍ରମ୍ପଙ୍କ ଏପରି ନୀତିରେ ବିବ୍ରତ ▶ପୃଷ୍ଠା-୭







ସମ୍ପୂର୍ଣ୍ଣା

ସକାଳ THE SAKALA
www.sakalaepaper.com

## ରଶ୍ମିକା-ବିଜୟଙ୍କ ଗୋପନରେ ନିର୍ବନ୍ଧ



ସାଉଥ୍ ଇଣ୍ଡଷ୍ଟ୍ରୀର ଲୋକପ୍ରିୟ ଯୋଡ଼ି ଭାବେ ଜଣାଯାନ୍ତି ରଶ୍ମିକା ମନ୍ଦାନା ଓ ବିଜୟ ଦେବରକୋଣ୍ଡା । ଦୀର୍ଘଦିନ ପ୍ରେମ ସମ୍ପର୍କରେ ରହିବା ପରେ ଏହି ଯୋଡ଼ିଙ୍କର ନିକଟରେ ନିର୍ବନ୍ଧ ପର୍ବ ଅନୁଷ୍ଠିତ ହୋଇଥିବା ଚର୍ଚ୍ଚା ହେଉଛି । ଖୁବ୍‌ଶୀଘ୍ର ସେମାନେ ନିର୍ବନ୍ଧ କଥା ଘୋଷଣା କରିପାରନ୍ତି ବୋଲି କୁହାଯାଉଛି । କେବଳ ସେତିକି ନୁହେଁ ରଶ୍ମିକା ଓ ବିଜୟ ଆସନ୍ତା ଫେବୃଆରୀ ମାସରେ ବିବାହ ବନ୍ଧନରେ ବାନ୍ଧି ହୋଇ ପାରନ୍ତି ବୋଲି ମଧ୍ୟ କୁହାଯାଉଛି । ତେବେ ଏହି ନିର୍ବନ୍ଧ ସମୟରେ କେବଳ ଉଭୟଙ୍କ ପରିବାର ସଦସ୍ୟ ଉପସ୍ଥିତ ଥିବା କଥା କୁହାଯାଉଛି । ଯଦିଓ ଅନେକ ଦିନରୁ ଉଭୟଙ୍କ ଡେଟିଂ କଥା ସାମ୍ନାକୁ ଆସିଛି କିନ୍ତୁ ଏନେଇ ଦୁହେଁ ଏଯାବତ୍ ବିଧିବଦ୍ଧ ଭାବେ କିଛି କହିନାହାନ୍ତି । ସାଧାରଣତଃ ସେଲିବ୍ରିଟିଙ୍କ ନିର୍ବନ୍ଧ ବେଳର ଫଟୋ ଓ ଭିଡିଓଗୁଡ଼ିକ ଭାଇରାଲ ହେଉଥିବାବେଳେ ରଶ୍ମିକା-ବିଜୟଙ୍କ ନିର୍ବନ୍ଧକୁ ଏଯାବତ୍ ଗୁପ୍ତ ରଖାଯାଇଛି । ତେବେ ଏହି ଖବର ସାମାଜିକ ଗଣମାଧ୍ୟମରେ ଭାଇରାଲ ହେବା ପରେ ଦର୍ଶକେ ଏବେ ସେମାନଙ୍କର ନିର୍ବନ୍ଧ ସମୟର ଫଟୋ ଓ ଭିଡିଓକୁ ଅପେକ୍ଷା କରିଛନ୍ତି । 'ଗୀତା ଗୋବିନ୍ଦମ୍' ଫିଲ୍ମରୁ ଉଭୟଙ୍କ ମଧ୍ୟରେ ପ୍ରେମ ସମ୍ପର୍କ ଆରମ୍ଭ ହୋଇଥିବା ଚର୍ଚ୍ଚା ହୁଏ ।

## ବିଶ୍ୱ ଡାକ ଦିବସ



ଆଜି ବିଶ୍ୱ ଡାକ ଦିବସ । ଅକ୍ଟୋବର ୯ କୁ ସମଗ୍ର ବିଶ୍ୱରେ ଡାକ ଦିବସ ଭାବରେ ପାଳନ କରାଯାଉଛି । ଏହି ଦିନଟି ପାଳନ କରିବାର ଉଦ୍ଦେଶ୍ୟ ହେଉଛି, ଡାକ ସେବା ଏବଂ ଡାକ ବିଭାଗ ବିଷୟରେ ଲୋକଙ୍କୁ ଅବଗତ କରାଇବା । ୧୮୭୪ ମସିହା ଆଜିର ଦିନରେ ୨୨ଟି ଦେଶ ସ୍ୱିଜରଲ୍ୟାଣ୍ଡର ରାଜଧାନୀ ବର୍ନରେ ୟୁନିଭର୍ସାଲ ପୋଷ୍ଟାଲ ୟୁନିଅନ ଗଠନ ପାଇଁ ଏକ ଚୁକ୍ତିନାମା ସ୍ୱାକ୍ଷର କରିଥିଲେ । ଏହାପରେ ଜାପାନର ଟୋକିଓରେ ୧୯୬୯ରେ ଅନୁଷ୍ଠିତ 'ୟୁନିଭର୍ସାଲ୍ ପୋଷ୍ଟାଲ୍ ୟୁନିଅନ୍'ର ଅଧିବେଶନରେ, ଅକ୍ଟୋବର ୯ କୁ 'ବିଶ୍ୱ ଡାକ ଦିବସ' ରୂପେ ପାଳିବା ପାଇଁ ଭାରତୀୟ ପ୍ରତିନିଧି ଆନନ୍ଦ ମୋହନ ନରୁଲା ପ୍ରସ୍ତାବ ଦେଇଥିଲେ । ତାଙ୍କ ପ୍ରସ୍ତାବ ସର୍ବସମ୍ମତିକ୍ରମେ ଅନୁମୋଦନ ଲାଭ କରିଥିଲା ଏବଂ ତାହା ପରଠାରୁ ଏହି ଦିବସ ପାଳିତ ହେଉଛି । ଡାକ ସେବା ହେଉଛି ଯୋଗାଯୋଗର ପୁରାତନ ମାଧ୍ୟମ । ଆଜିର ଏହି ଡିଜିଟାଲ ଯୁଗରେ ଡାକସେବାରୁ ଯଦିଓ ଲୋକେ ଟିକେ ଦୂରେଇ ଯାଇଛନ୍ତି ତଥାପି ଅନେକ କାମ ଏହି ଡାକ ମାଧ୍ୟମରେ କରାଯାଉଛି । ଦୀର୍ଘଦିନରୁ ସବୁଠାରୁ ନିର୍ଭରଯୋଗ୍ୟ ଏବଂ ଶସ୍ତା ମାଧ୍ୟମ ପାଲଟିଛି ଡାକସେବା । ଆଜିବି ପ୍ରାଇଭେଟ୍ କୋରିଅର କମ୍ପାନିଗୁଡ଼ିକ ଯେଉଁ ସ୍ଥାନକୁ ପହଞ୍ଚି ପାରୁନାହାନ୍ତି ଡାକ ବିଭାଗ ସେଠାରେ ପହଞ୍ଚିଛି । ଯୋଗାଯୋଗର ଏହି ପୁରୁଣା ଉତ୍ସକୁ ମନେ ରଖିବା ପାଇଁ ଏହି ଦିବସ ପାଳନ କରାଯାଉଛି । ୧୮୭୬ ଜୁଲାଇ ୧ରେ ଭାରତ ପ୍ରଥମ ଏସୀୟ ଦେଶ ଯିଏକି, ୟୁନିଭର୍ସାଲ ପୋଷ୍ଟାଲ ୟୁନିଅନର ସଦସ୍ୟ ହୋଇଥିଲା । ୧୮୫୪ ଅକ୍ଟୋବର ୧ରେ ଭାରତ ସରକାର ଡାକ ପାଇଁ ଏକ ବିଭାଗ ପ୍ରତିଷ୍ଠା କରିଥିଲେ । ବିଶ୍ୱର ସର୍ବାଧିକ ଡାକଘର ଆମ ଦେଶରେ ଅଛି । କୋଲକାତାରେ ଭାରତର ପ୍ରଥମ ଡାକଘର ସ୍ଥାପିତ ହୋଇଥିଲା । ବିଶ୍ୱର ସର୍ବାଧିକ ଉଚ୍ଚତାରେ ଥିବା ଡାକଘର ହେଉଛି ହିମାଚଳ ପ୍ରଦେଶ ଅନ୍ତର୍ଗତ ହିକିମ ଡାକଘର । ସ୍ମାର୍ଟ ଫୋନ୍, ଇଣ୍ଟରନେଟ ଯୁଗରେ ଯୁବ ପିଢ଼ି ଡାକ ସେବାକୁ ଭୁଲି ଯାଇଛନ୍ତି । ହେଲେ ଆଜି ବି ଯେଉଁଠି ଇଣ୍ଟରନେଟ୍ କିମ୍ବା ଫୋନ୍‌ର ମେସେଜ ପହଞ୍ଚି ପାରେନି ସେଠାରେ ପହଞ୍ଚିଯାଉଛି ଡାକ ସେବା । ଗ୍ରାମାଞ୍ଚଳରେ ସବୁଠି ବ୍ୟାଙ୍କ ନାହିଁ କିନ୍ତୁ ପୋଷ୍ଟ ଅଫିସ ଥିବା ନିଶ୍ଚିତ । ଏହାଛଡ଼ା ଲୋକଙ୍କ ଆବଶ୍ୟକତାକୁ ଆଖିରେ ରଖି ଏବେ ପୋଷ୍ଟ ଅଫିସରେ ବ୍ୟାଙ୍କ ଭଳି ସୁବିଧା ଯୋଗାଇ ଦିଆଯାଉଛି । ସେହିପରି ବିଭିନ୍ନ ସ୍କିମ୍‌ରେ ଟଙ୍କା ରଖି ଭଲ ରିଟର୍ଣ୍ଣ ପାଉଛନ୍ତି ଲୋକେ । ଦେଶର ସାମାଜିକ ଓ ଆର୍ଥିକ ବିକାଶରେ ଡାକ ବିଭାଗର ଯୋଗଦାନ ବିଷୟରେ ଲୋକଙ୍କୁ ଅବଗତ କରାଇବା ଏହି ଦିବସ ପାଳନର ଲକ୍ଷ୍ୟ ଓ ଉଦ୍ଦେଶ୍ୟ । ଡାକ ବିଭାଗର ଅଧିକାରୀ, କର୍ମଚାରୀ ଏବଂ ଏଥିରେ ସମ୍ପୃକ୍ତ ସମସ୍ତଙ୍କୁ ସମ୍ମାନ ଓ କୃତଜ୍ଞତା ଜଣାଇବାର ବିଶ୍ୱ ଡାକ ଦିବସ ଏକ ଉତ୍ତମ ମଞ୍ଚ । ଏହି ଦିନ ସମଗ୍ର ବିଶ୍ୱରେ ଡାକ ସାମଗ୍ରୀ ଓ ଡାକ ସେବାର ପ୍ରୋତ୍ସାହନ ପାଇଁ ବିଭିନ୍ନ କାର୍ଯ୍ୟକ୍ରମ ଆୟୋଜନ କରାଯାଏ ।

## ଆଜିର ଇତିହାସ

- ୧୯୨୦ - ଆଲିଗଡ଼ର ଆଙ୍ଗ୍ଲୋ ଓରିଏଣ୍ଟାଲ କଲେଜ ଆଲିଗଡ଼ ମୁସଲିମ୍ ବିଶ୍ୱବିଦ୍ୟାଳୟରେ ରୂପାନ୍ତରିତ ହେଲା ।
- ୧୯୫୪- ଆଫ୍ରିକୀୟ ଦେଶ ଆଲ୍‌ଜେରିଆରେ ଭୂମିକମ୍ପରେ ୧୪୦୦ ଲୋକଙ୍କ ମୃତ୍ୟୁ ।
- ୧୯୯୧- ଜାପାନ ବାହାରେ ପ୍ରଥମ ଥର ଲଣ୍ଡନର ରୟାଲ ଆଲବର୍ଟ ହଲ୍‌ରେ ସୁମୋ ରେସଲିଂ ପ୍ରତିଯୋଗିତା ଆୟୋଜନ କରାଗଲା ।
- ୨୦୦୫- ୟୁରୋପୀୟ ଉପଗ୍ରହ 'କ୍ରାୟୋସେଟ୍' ପ୍ରକ୍ଷେପଣ ବିଫଳ ହେଲା ।
- ୨୦୦୬- ଗୁଗଲ୍ ୟୁଟ୍ୟୁବ୍ ଅଧିଗ୍ରହଣ କଥା ଘୋଷଣା କଲା ।


## ଶୋଇ ଶୋଇ ଲକ୍ଷପତି



ଡିଜିଟାଲ ଯୁଗରେ ଲୋକେ ଅର୍ଥ ଉପାର୍ଜନ ପାଇଁ ଅଜବ ଉପାୟ ସବୁ ଆପଣାଉଛନ୍ତି । ସୋସିଆଲ ମିଡିଆରେ ଭଳିକି ଭଳି କଣ୍ଟେଟ ପ୍ରସ୍ତୁତ କରି ଏଥିରୁ ବେଶ୍ ମୋଟା ଅଙ୍କର ଅର୍ଥ ରୋଜଗାର କରିପାରୁଛନ୍ତି । ଏହି କ୍ରମରେ ଜଣେ ମହିଳା ଶୋଇ ଶୋଇ ଲକ୍ଷ ଲକ୍ଷ ଟଙ୍କା ରୋଜଗାର କରନ୍ତି । ଡେବୋରା ପିକ୍ବୋଟୋ ନାମ୍ନୀ ଏହି ୩୨ ବର୍ଷିୟା ମହିଳା ବ୍ରାଜିଲରେ ରୁହନ୍ତି । ତେବେ ଲୋକେ ମହିଳାଙ୍କୁ ଶୋଇଥିବା ଅବସ୍ଥାରେ ଦେଖିବା ପାଇଁ ଟଙ୍କା ଦେଇଥାନ୍ତି । ଡେବୋରା ଜଣେ ସୋସିଆଲ ମିଡିଆ ଇନଫ୍ଲୁଏନ୍ସର । ତେବେ ତାଙ୍କୁ ଲୋକେ ଲାଇଭ୍ ଷ୍ଟ୍ରିମିଂରେ ଶୋଉଥିବାର ଦେଖନ୍ତି । ଗୁରୁତ୍ୱପୂର୍ଣ୍ଣ କଥାଟି ହେଲା, ଡେବୋରାଙ୍କୁ ଶୋଇବାବେଳେ ଦେଖିବା ପାଇଁ ଲୋକେ ଟଙ୍କା ମଧ୍ୟ ଦେଇଥାନ୍ତି । ତେବେ ସେ ଏହି ଲାଇଭ୍ ଷ୍ଟ୍ରିମିଂର ନାମ 'ନାଇଟ୍ ଟାଇମ୍ ରିୟାଲିଟି ଶୋ' ରଖିଛନ୍ତି । ଏଥିରେ ପ୍ରତିଦିନ ତାଙ୍କୁ ୪୦ ଜଣ ଲୋକ ଶୋଇବାର ଦେଖନ୍ତି । ସେହିପରି ତାଙ୍କୁ ଲାଇଭ୍ ଷ୍ଟ୍ରିମିଂରେ ଗୋଟିଏ ରାତି ଦେଖିବା ପାଇଁ ଡେବୋରା ଭାରତୀୟ ମୁଦ୍ରାରେ ୯,୫୦୦ ଟଙ୍କା ଚାର୍ଜ କରିଥାନ୍ତି । ଏହିପରି ଭାବେ ସେ ଶୋଇ ଶୋଇ ମାସିକ ଲକ୍ଷାଧିକ ଟଙ୍କା ରୋଜଗାର କରିଥାନ୍ତି । ଅବଶ୍ୟ ଆରମ୍ଭରୁ ଡେବୋରାଙ୍କୁ ଏପରି ଲାଇଭ୍ ଷ୍ଟ୍ରିମିଂ କରିବାକୁ ଟିକେ ଅଜବ ଲାଗୁଥିଲା । ସେହିପରି ତାଙ୍କୁ ଅଧିକାଂଶ ପୁରୁଷ ଲାଇଭ୍ ଷ୍ଟ୍ରିମିଂରେ ଦେଖିବାକୁ ପସନ୍ଦ କରନ୍ତି । ତେବେ ଏଥିପାଇଁ ଡେବୋରା ବେଶୀ କିଛି କରନ୍ତିନି ସେ ନିଜ କୋଠରୀକୁ ସୁନ୍ଦର ଭାବେ ସଜାଇଛନ୍ତି । କୋଠରୀରେ ଲାଇଟ୍ ଓ କ୍ୟାମେରା ବ୍ୟବସ୍ଥା ସେ କରିଛନ୍ତି । ସେହିପରି ଏହି ଲାଇଭ ଷ୍ଟ୍ରିମିଂରେ କୌଣସି ପ୍ରକାର କଟ୍ ନ ଥାଏ । ଏହି ଲାଇଭ୍ ଷ୍ଟ୍ରିମିଂ ମାଧ୍ୟମରେ ଲୋକେ ଡେବୋରାଙ୍କୁ ସତରେ ଦେଖିବା ପରି ଅନୁଭୂତି ନେଇଥାନ୍ତି । କୋଠରୀକୁ ଏପରି ଡିଜାଇନ୍ କରାଯାଇଛି ଯାହାକୁ ଦେଖି ଲୋକେ ଭାବିବେ ସେ ଡେବୋରାଙ୍କୁ ସତସତିକା ଘରେ ବସି ପାଖରୁ ଦେଖୁଛନ୍ତି । ତେବେ ୪୦ରୁ ଅଧିକ ଲୋକ ତାଙ୍କର ସବ୍‌ସ୍କ୍ରିପସନ୍ ନେଇଛନ୍ତି । ନିକଟରେ ସେ ଇନ୍‌ଷ୍ଟାଗ୍ରାମ୍‌ରେ ଏକ ଭିଡିଓ ସେୟାର କରିଥିଲେ । ଯେଉଁଥିରେ ସେ ଏକ ଧଳା ରଙ୍ଗର ବେଡ୍‌ସିଟ୍ ଘୋଡ଼ାଇ ହୋଇ ଶୋଇଥିବାର ଦେଖିବାକୁ ମିଳିଥିଲେ ।

## ଆଜି ଆସିଥିଲେ...


## ଉତ୍କଳମଣି ଗୋପବନ୍ଧୁ



"ମିଶୁ ମୋର ଦେହ ଏ ଦେଶ ମାଟିରେ, ଦେଶବାସୀ ଚାଲି ଯାଆନ୍ତୁ ପିଠିରେ ।" ଗୋପବନ୍ଧୁ ଦାସଙ୍କ ଏହି ଦୁଇ ଧାଡ଼ି କବିତାରୁ ବାରି ହୁଏ ତାଙ୍କ ତ୍ୟାଗ ଓ ବଳିଦାନର ଗାଥା । ସେ ନିଃସ୍ୱାର୍ଥ ସେବାର ମୂର୍ତ୍ତିମନ୍ତ ବିଗ୍ରହ ଥିଲେ । ଆଜୀବନ ତ୍ୟାଗମନ୍ତ୍ରରେ ଦୀକ୍ଷିତ ଗୋପବନ୍ଧୁ ଦୀନ ଦରିଦ୍ରଙ୍କର ବନ୍ଧୁ ଭାବରେ ବେଶ୍ ଜଣାଶୁଣା ଥିଲେ । ଏକାଧାରରେ ସେ ଥିଲେ ସମାଜସେବୀ, ଦେଶପ୍ରେମୀ, ରାଷ୍ଟ୍ରନୀତିଜ୍ଞ, ସଂସ୍କାରକ, ସାମ୍ବାଦିକ, ସୁଲେଖକ, କବି, ଶିକ୍ଷାବିତ୍ ଏବଂ ଆଇନଜ୍ଞ । ଆଧୁନିକ ଯୁଗର ପଞ୍ଚସଖାମାନଙ୍କ ମଧ୍ୟରେ ସେ ଥିଲେ ଅନ୍ୟତମ । ଭକ୍ତକବି ମଧୁସୂଦନ ରାଓଙ୍କ ନିଷ୍ପତ୍ତି କ୍ରମେ ଗୋପବନ୍ଧୁ ସାକ୍ଷୀଗୋପାଳର ବକୁଳ ଓ ଛୁରିଅନା କୁଞ୍ଜରେ ସତ୍ୟବାଦୀ ବନ ବିଦ୍ୟାଳୟର ପ୍ରତିଷ୍ଠା କରିଥିଲେ । ଏହି ବିଦ୍ୟାଳୟରୁ ସେତେବେଳେ ଜାତୀୟ ସ୍ୱାଧୀନତା ଆନ୍ଦୋଳନ ପରିଚାଳିତ ହେଉଥିଲା ।

ପଣ୍ଡିତ ଗୋପବନ୍ଧୁ ଦାସ ୧୮୭୭ ମସିହା ଆଜିର ଦିନରେ ଦୈତାରି ଦାସ ଓ ସ୍ୱର୍ଣ୍ଣମୟୀ ଦେବୀଙ୍କ ସନ୍ତାନ ଭାବେ ପୁରୀ ଜିଲ୍ଲାର ସୁଆଣ୍ଡୋ ଗ୍ରାମରେ ଜନ୍ମଗ୍ରହଣ କରିଥିଲେ । ତାଙ୍କୁ ଖୁବ୍ ଅଳ୍ପ ବୟସ ହୋଇଥିବାବେଳେ ତାଙ୍କ ମାତାଙ୍କର ମୃତ୍ୟୁ ହୋଇଯାଇଥିଲା । ଗୋପବନ୍ଧୁ ଦାସ ମାତ୍ର ୧୨ ବର୍ଷ ବୟସରେ ଅପତୀ ଦେବୀଙ୍କୁ ବିବାହ କରିଥିଲେ । ବିବାହ ପରେ ମଧ୍ୟ ସେ ପାଠପଢ଼ା ଜାରି ରଖିଥିଲେ । ପୁରୀରୁ ମାଟ୍ରିକ୍ ପାସ୍ କରି, ସେ କଟକର ରେଭେନ୍ସା ମହାବିଦ୍ୟାଳୟରେ ଅଧ୍ୟୟନ କଲେ । କଟକରେ ଅଧ୍ୟୟନ ସମୟରେ ଓଡ଼ିଆ ଭାଷାର ବିଲୋପ ଚକ୍ରାନ୍ତ ବିରୋଧରେ ଆନ୍ଦୋଳନ ଆରମ୍ଭ ହୋଇଥିଲା । ଗୋପବନ୍ଧୁ, 'କର୍ତ୍ତବ୍ୟ ବୋଧିନୀ ସମିତି' ଗଠନ କରି ଓଡ଼ିଆ ଭାଷା ବିଲୋପର ତୀବ୍ର ପ୍ରତିବାଦ କଲେ । ୧୯୦୩ରେ ଉତ୍କଳ ଗୌରବ ମଧୁସୂଦନ ଦାସଙ୍କ ଦ୍ୱାରା ଆହୂତ ଉତ୍କଳ ସମ୍ମିଳନୀରେ ଗୋପବନ୍ଧୁ ସକ୍ରିୟ ଅଂଶଗ୍ରହଣ କରିଥିଲେ । ଏହି ସମୟରେ, ତାଙ୍କର ପ୍ରଥମ ପୁତ୍ର ସନ୍ତାନଟିର ଅକାଳ ମୃତ୍ୟୁ ଘଟିଥିଲା । ଏହିପରି ନାନାଦି ବାଧାବିଘ୍ନ ସତ୍ତ୍ୱେ ସେ ୧୯୦୪ ମସିହାରେ ରେଭେନ୍ସା ମହାବିଦ୍ୟାଳୟରୁ ବିଏ ପାସ୍ କଲେ ଓ କଲିକତାରେ ବିଏଲ୍ ପଢ଼ିଲେ । ସେଠାରେ ପ୍ରବାସୀ ଓଡ଼ିଆଙ୍କ ଦୁଃଖଦୁର୍ଦ୍ଦଶାରେ ବ୍ୟଥିତ ହୋଇ, ସେ 'ଓଡ଼ିଆ ଶ୍ରମିକ ସଂଘ' ଓ 'ସାନ୍ଧ୍ୟ ବିଦ୍ୟାଳୟ' ପ୍ରତିଷ୍ଠା କରିଥିଲେ । ଇତିମଧ୍ୟରେ ତାଙ୍କର ଦ୍ୱିତୀୟ ପୁତ୍ରଟିର ମଧ୍ୟ ମୃତ୍ୟୁ ଘଟିଥିଲା । ଏପରିକି, ଯେଉଁଦିନ ସେ ବିଏଲ୍ ପାସ୍ କରିଛନ୍ତି ବୋଲି ଖବର ପାଇଥିଲେ, ସେହିଦିନ ତାଙ୍କୁ ନିଜ ପତ୍ନୀଙ୍କର ମୃତ୍ୟୁ ସମ୍ବାଦ ମଧ୍ୟ ମିଳିଥିଲା । ଏତେ ସବୁ ଦୁଃଖ କିନ୍ତୁ ତାଙ୍କୁ ନିଜ କର୍ମରୁ ବିଚ୍ୟୁତ କରିପାରିନଥିଲା । ସ୍ୱତନ୍ତ୍ର ଓଡ଼ିଶା ପ୍ରଦେଶ ଗଠନରେ ତାଙ୍କର ଯୋଗଦାନ ଅତୁଳନୀୟ ରହିଥିଲା । ୧୯୧୮ରୁ ୧୯୨୦ ମଧ୍ୟରେ ଓଡ଼ିଶାରେ ଘଟିଥିବା ବନ୍ୟା, ମରୁଡ଼ି, ଦୁର୍ଭିକ୍ଷ ଓ ଅନାବୃଷ୍ଟି ତାଙ୍କୁ ମର୍ମାହତ କରିଥିଲା । ସେ ଚୁଡ଼ା, ଚାଉଳ ଧରି ବନ୍ୟା ପ୍ରପୀଡ଼ିତ ଅଞ୍ଚଳରେ ବାଣ୍ଟିବା ସହ ମାନବ ସେବାରେ ଲାଗି ପଡ଼ିଥିଲେ । ଉତ୍କଳ ଗୌରବ ମଧୁସୂଦନ ଦାସଙ୍କ ପ୍ରରୋଚନାରେ ଗୋପବନ୍ଧୁ ୧୯୧୭ରୁ ୧୯୨୧ ପର୍ଯ୍ୟନ୍ତ ବିହାର-ଓଡ଼ିଶା ବିଧାନସଭାର ସଦସ୍ୟ ରୂପେ ନିର୍ବାଚିତ ହୋଇଥିଲେ । ୧୯୨୧ ମସିହାରେ ଗୋପବନ୍ଧୁ ଦାସ ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟିର ପ୍ରଥମ ଅଧ୍ୟକ୍ଷ ହୋଇଥିଲେ । ଗୋପବନ୍ଧୁଙ୍କ ପ୍ରଚେଷ୍ଟାରେ ଓଡ଼ିଶାରେ ଜନ୍ମ ନେଇଥିଲା ଦୈନିକ ଖବରକାଗଜ 'ସମାଜ' । 'ଅବକାଶ ଚିନ୍ତା', 'ଧର୍ମପଦ', 'କାରା କବିତା' ଓ 'ବନ୍ଦୀର ଆତ୍ମକଥା' ପ୍ରମୁଖ ଥିଲା ତାଙ୍କର ସ୍ମରଣୀୟ କାବ୍ୟକୃତି । ୧୯୨୮ ଜୁନ୍ ୧୭ରେ ପଣ୍ଡିତ ଗୋପବନ୍ଧୁ ଶେଷନିଃଶ୍ୱାସ ତ୍ୟାଗ କରିଥିଲେ ।

## ମେକ୍‌ଅପ୍ ନ କରିବା ପାଇଁ ଟାଟୁ



ସୁନ୍ଦର ଓ ଆକର୍ଷଣୀୟ ଦେଖାଯିବା ପାଇଁ ମହିଳାମାନେ ମେକ୍‌ଅପ୍ ନେବାକୁ ପସନ୍ଦ କରନ୍ତି । ଯଦି ମେକ୍‌ଅପ୍ ମାପଚୁପରେ କରା ନ ଯାଏ ତାହେଲେ ଏଥିପାଇଁ ଜଣେ ସମାଲୋଚନାର ମଧ୍ୟ ଶିକାର ହୋଇଥାନ୍ତି । ବିଶେଷକରି ମହିଳାମାନେ ପାର୍ଟି, ଫଙ୍କସନ୍‌ଗୁଡ଼ିକୁ ଯିବା ସମୟରେ ମେକ୍‌ଅପ୍ ନେବାକୁ ପସନ୍ଦ କରନ୍ତି । ହେଲେ ଏବେ ଜଣେ ମହିଳା ବାରମ୍ବାର ମେକ୍‌ଅପ୍ ନ କରିବା ପାଇଁ ଏକ ନିଆରା ଉପାୟକୁ ଆପଣାଇଛନ୍ତି । ସାଧାରଣତଃ ଯୁବଗୋଷ୍ଠୀଙ୍କ ମଧ୍ୟରେ ଟାଟୁ କରିବା କ୍ରେଜ୍ ବଢ଼ିଥିବାବେଳେ ମହିଳା ଜଣକ ନିଜ ମୁହଁରେ ସବୁଦିନ ପାଇଁ ସ୍ଥାୟୀ ମେକଅପ୍ ତଥା ପରମାନେଣ୍ଟ ମେକ୍‌ଅପ୍ ଟାଟୁ କରିଛନ୍ତି । ମହିଳାଙ୍କ ଏଭଳି ଚିନ୍ତାଧାରାକୁ ନେଇ ଏବେ ସବୁଠି ଚର୍ଚ୍ଚା । ମହିଳାଙ୍କ ଟାଟୁ କରିବାର ଭିଡିଓ ଇନ୍‌ଷ୍ଟାଗ୍ରାମରେ ଏଶ୍‌ରୟାଲ-ସାଲୋନ-ହୋସିଆରପୁର ନାମକ ଆକାଉଣ୍ଟରେ ସେୟାର କରାଯାଇଥିଲା । ଏଥିରେ ଜଣେ ଟାଟୁ ଆର୍ଟିଷ୍ଟ ଗୋଲାପି ରଙ୍ଗର ସ୍ୟାହିରେ ମହିଳାଙ୍କ ମୁହଁରେ ଟାଟୁ କରିଥିଲେ । କିଛି କ୍ଷଣ ମଧ୍ୟରେ ମହିଳାଙ୍କ ଗାଲରେ ଫାଉଣ୍ଡସେନ୍ ଓ ବ୍ଲସର୍ ଲଗାଇବା ପରି ଚିକ୍କଣ ଓ ଆକର୍ଷଣୀୟ ଦିଶିଥିଲା । ଏହି ଭିଡିଓରେ କେହି କେହି ମହିଳାଙ୍କ ସୃଜନଶୀଳତାକୁ ପସନ୍ଦ କରିଥିବାବେଳେ ଆଉ କେତେଜଣ ସେ ଜୋକର୍ ଭଳି ଦେଖାଯାଉଛନ୍ତି ବୋଲି କହିଛନ୍ତି ।

## ଟ୍ରେନ୍‌ରେ ଶୋଇବା ମନା



ଟ୍ରେନ୍ ଯାତ୍ରାକୁ ସୁବିଧା ଓ ସହଜଜନକ ଯାତ୍ରା କୁହାଯାଏ । ଏହି କାରଣରୁ ଆମ ଦେଶରେ ନିୟମିତ ଲକ୍ଷଲକ୍ଷ ଲୋକ ଟ୍ରେନ୍‌ରେ ଯାତ୍ରା କରିଥାନ୍ତି । ଜାପାନ ତା'ର ଟ୍ରେନ୍‌ଗୁଡ଼ିକର ସମୟାନୁବର୍ତ୍ତିତା ପାଇଁ ସାରା ବିଶ୍ୱରେ ଚର୍ଚ୍ଚିତ । ଏଠାରେ ଯେ, କେବଳ ଟ୍ରେନ୍‌ଗୁଡ଼ିକ ସଠିକ୍ ସମୟରେ ଆସେ ତାହା ନୁହେଁ, ଏଠାକାର ଯାତ୍ରୀମାନେ ମଧ୍ୟ ଅନୁଶାସନରେ ରହିବାକୁ ଓ ନିୟମ ପାଳନ କରିବା ପାଇଁ ଜଣାଯାନ୍ତି । ଏହି ଦେଶରେ ବ୍ୟସ୍ତ ଟ୍ରେନ୍ ମଧ୍ୟରେ ନିଜ ସିଟ୍‌ରେ ଶୋଇବା, ଅନ୍ୟକୁ ବସିବା ପାଇଁ ସୁଯୋଗ ନ ଦେବା ନିମନ୍ତେ ଫାଇନ୍ ଦେବାକୁ ହୋଇଥାଏ । ଜାପାନର ମେଟ୍ରୋ ଓ ବୁଲେଟ୍ ଟ୍ରେନ୍‌ଗୁଡ଼ିକ ସକାଳେ ଏବଂ ସଂଧ୍ୟାବେଳେ ବେଶ୍ ଭିଡ଼ ହୁଏ । ଏହି ସମୟରେ ଯାତ୍ରୀମାନଙ୍କୁ ସିଟ୍ ସେୟାର୍ କରିବାକୁ ପଡ଼େ । କେବଳ ସେତିକି ନୁହେଁ ଏଠାକାର ଯାତ୍ରୀମାନେ ଯଥାଶୀଘ୍ର ସ୍ଥାନ ଖାଲିକରି ଅନ୍ୟ ଯାତ୍ରୀଙ୍କୁ ବସିବା ପାଇଁ ସୁଯୋଗ ଦେଇଥାନ୍ତି । ଜଣେ ଯାତ୍ରୀ ସିଟ୍‌ରେ ଯଦି ଶୋଇଯାନ୍ତି କିମ୍ବା ଅନ୍ୟ ଯାତ୍ରୀଙ୍କୁ ସିଟ୍‌ରେ ବସିବା ପାଇଁ ସୁଯୋଗ ନ ଦିଅନ୍ତି ଏହା ଏକ ଅପରାଧ ଭାବେ ଜଣାଯାଏ । ତେବେ ପ୍ରଥମ ଥର ଏଭଳି ଭୁଲ୍ କଲେ ଜଣକୁ ଚେତାବନୀ ଦିଆଯାଇ ଛାଡ଼ି ଦିଆଯାଏ । ଲଗାତାର ଜଣେ ଯାତ୍ରୀ ଏଭଳି କରୁଥିବାର ଧରାପଡ଼ିଲେ ମୋଟା ଅଙ୍କର ଜରିମାନା ସହ ଷ୍ଟେସନ୍‌ରୁ ବାହାର କରି ଦିଆଯାଏ । ଯାତ୍ରୀମାନଙ୍କ ମଧ୍ୟରେ ସହଯୋଗ ରକ୍ଷା କରିବା ଓ ସର୍ବସାଧାରଣ ପରିବହନର ସମ୍ମାନାର୍ଥେ ଜାପାନରେ ଏଭଳି ନିୟମ କରାଯାଇଛି । ଯଦି ଜଣେ ଟ୍ରେନ୍‌ରେ ଶୋଇବ ଅନ୍ୟ ଯାତ୍ରୀମାନଙ୍କୁ ଠିଆ ହେବାକୁ ପଡ଼ିବ । ସେଥିପାଇଁ ଏଠାରେ ସକାଳେ ଓ ସଂଧ୍ୟାବେଳେ ଯାତ୍ରୀମାନେ ସିଟ୍ ସେୟାର୍ କରିଥାନ୍ତି । ଯଦ୍ୱାରା ସମସ୍ତେ ବେଶ୍ ଆରାମରେ ନିଜ ଗନ୍ତବ୍ୟସ୍ଥଳରେ ପହଞ୍ଚି ପାରିବେ । ଅବଶ୍ୟ ଜାପାନକୁ ଆସୁଥିବା ବିଦେଶୀ ପର୍ଯ୍ୟଟକମାନେ ଏହାକୁ ବୁଝି ନ ପାରି ଭୁଲ୍ କରି ବସନ୍ତି ।

## ଆଜିର ରାଶିଫଳ

**ମେଷ:** ନିଜ ରୁଚି ଅନୁସାରେ କାମ କରିବେ । ବନ୍ଧୁ ମିଳନ ଯୋଗ ରହିଛି । ଛାତ୍ରଛାତ୍ରୀମାନେ ସଫଳତା ପାଇବାକୁ କଠିନ ପରିଶ୍ରମ କରିବେ । ପରିବାରର ବରିଷ୍ଠ ସଦସ୍ୟଙ୍କ ସ୍ୱାସ୍ଥ୍ୟାବସ୍ଥାକୁ ନେଇ ଚିନ୍ତିତ ରହିପାରନ୍ତି ।

**ବୃଷ:** ଭାବିଚିନ୍ତି ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନିଅନ୍ତୁ । ନକାରାତ୍ମକ ପ୍ରବୃତ୍ତିର ଲୋକଙ୍କ ସମ୍ପର୍କରେ ଆସିପାରନ୍ତି । ଅଚାନକ କୌଣସି ପ୍ରକାର ସମସ୍ୟାରେ ପଡ଼ିପାରନ୍ତି । ଅଫିସ୍ ସହକର୍ମୀଙ୍କ ସହଯୋଗ ମିଳିବ ।

**ମିଥୁନ:** ଦୀର୍ଘ ଦିନର ଆଶା ପୂରଣ ହେବ । ମାନସିକ ଶାନ୍ତି ମିଳିବ । ଦୂରସମ୍ପର୍କୀୟଙ୍କ ସହ ଭେଟ ହୋଇପାରେ । ଅଫିସ କାମ ପାଇଁ ଦୂରସ୍ଥାନକୁ ଯାତ୍ରା କରିପାରନ୍ତି । ପରିଶ୍ରମ ଅନୁସାରେ ଫଳ ମିଳିବ ।

**କର୍କଟ:** ଆଜି ପ୍ରଭାବଶାଳୀ ଲୋକଙ୍କ ସଂସ୍ପର୍ଶରେ ଆସିପାରନ୍ତି । ଯୁବପିଢ଼ି ନିଜର ଭବିଷ୍ୟତକୁ ନେଇ ଗମ୍ଭୀର ରହିପାରନ୍ତି । ସୃଜନାତ୍ମକ କାର୍ଯ୍ୟରେ ସମୟ ଅତିବାହିତ କରିବେ । କାର୍ଯ୍ୟକ୍ଷେତ୍ରରେ ସଫଳ ହେବେ ।

**ସିଂହ:** ଦିନଟି ହସଖୁସିରେ କଟିବ । ସ୍ୱାସ୍ଥ୍ୟ ପ୍ରତି ଧ୍ୟାନ ଦେବେ । ପ୍ରେମ ମାମଲାରେ ଦିନଟି ଭଲ । ବନ୍ଧୁଙ୍କ କଥା ଆଘାତ ଦେବ । ଗରିବ ଲୋକଙ୍କୁ ସାମର୍ଥ୍ୟ ମୁତାବକ ସାହାଯ୍ୟ କରିବେ ।

**କନ୍ୟା:** କଳା ଓ ସଙ୍ଗୀତ ପ୍ରତି ରୁଚି ବଢ଼ିବ । ନିଜର କ୍ରୋଧ ଉପରେ ନିୟନ୍ତ୍ରଣ ରଖନ୍ତୁ । ଖର୍ଚ୍ଚାନ୍ତ ହୋଇପାରନ୍ତି । ଆର୍ଥିକ ସ୍ଥିତିରେ ଉନ୍ନତି ପରିଲକ୍ଷିତ ହେବ । ନିଯୁକ୍ତିକୁ ନେଇ ଖୁସି ଖବର ମିଳିବ ।

**ତୁଳା:** ବ୍ୟକ୍ତିଗତ କଥାକୁ ଅନ୍ୟମାନଙ୍କ ଆଗେ ପ୍ରକାଶ କରନ୍ତୁନି । ପାରିବାରିକ ମାହୋଲ ଶାନ୍ତିପୂର୍ଣ୍ଣ ରହିବ । ଶାରୀରିକ ଏବଂ ମାନସିକ ଥକ୍କାପଣ ଅନୁଭବ କରିପାରନ୍ତି ।

**ବିଛା:** ବ୍ୟବସାୟ ବୃଦ୍ଧି ପାଇଁ ନୂଆ ଯୋଜନା କରିବେ । ସନ୍ତାନଙ୍କ ସହ ବୁଲିବାକୁ ଯିବେ । ସ୍ୱାଦିଷ୍ଟ ଖାଦ୍ୟ ଖାଇବେ । ବନ୍ଧୁମିଳନ ଯୋଗ ଅଛି । ମାଲିମକଦ୍ଦମା ଲାଗି ସମୟ ଅନୁକୂଳ ନୁହେଁ ।

**ଧନୁ:** ଯୋଜନାମୁତାବକ ସମସ୍ତ କାର୍ଯ୍ୟ କରିବେ । ଚିନ୍ତାଗ୍ରସ୍ତ ରହିବେ । ଛାତ୍ରଛାତ୍ରୀ ସ୍ୱାସ୍ଥ୍ୟ ପାଇଁ ଯତ୍ନବାନ ହେବେ । ବିରୋଧୀଙ୍କଠାରୁ ଦୂରେଇ ରହିବେ । ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ତିକ୍ତତା ଦେଖା ଦେବ ।

**ମକର:** ଆଣ୍ଠୁଗଣ୍ଠି ସମସ୍ୟା ଦେଖା ଦେବ । ସମୟର ସଠିକ ଉପଯୋଗ କରିବେ । ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଉତ୍ତମ । ଯାନବାହନ ଚଳାଇବା ବେଳେ ସତର୍କତା ଅବଲମ୍ବନ କରିବେ ।

**କୁମ୍ଭ:** ଦୀର୍ଘ ଦିନରୁ ଲାଗି ରହିଥିବା ସମସ୍ୟାର ସମାଧାନ ହେବ । ଗୁରୁଜନଙ୍କ ଆଶୀର୍ବାଦ ନେଇ ନୂତନ ବ୍ୟବସାୟ ଆରମ୍ଭ କରନ୍ତୁ । ଅଫିସ୍‌ରେ କାର୍ଯ୍ୟଭାର କମ୍ ହୋଇପାରେ । ବୈବାହିକ ଜୀବନ ମଜଭୁତ୍ ହେବ ।

**ମୀନ:** ବନ୍ଧୁ ମିଳନ ଯୋଗ ଅଛି । ପୈତୃକ ସମ୍ପତ୍ତିକୁ ନେଇ ଭାଇ ଭାଇ ମଧ୍ୟରେ ମତ ଭେଦ ହୋଇପାରେ । ଛାତ୍ରଛାତ୍ରୀ ମନୋରଞ୍ଜନ କାର୍ଯ୍ୟରେ ସମୟ ଅତିବାହିତ କରିବେ । ଅଧିକ ଖର୍ଚ୍ଚାନ୍ତ ହେବେ ।

## ଅକ୍ଟୋବରରେ ବର୍ଷା ବିପ୍ଳାତ

# ସପ୍ତାହକରେ ଢାଳିଲାଣି ୮୦.୪ ମିମି

ଭୁବନେଶ୍ୱର,୮।୧୦(ସମିସ): ଓଡ଼ିଶା ଉପରେ ବର୍ତ୍ତମାନ ଏକ ଘୂର୍ଣ୍ଣିବଳୟ ରହିଛି। ଏହା ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଜାରି ରହିଛି। ବୁଧବାର ଅପରାହ୍ଣରେ ବିଶେଷ କରି ରାଜଧାନୀ ଭୁବନେଶ୍ୱରରେ ପ୍ରବଳ ବର୍ଷା ଅନୁଭୂତ ହୋଇଛି। ଘଣ୍ଟାଏ ପର୍ଯ୍ୟନ୍ତ ଜନଜୀବନ ବର୍ଷାଯୋଗୁଁ ସମ୍ପୂର୍ଣ୍ଣ ପ୍ରଭାବିତ ହୋଇଛି। ବିଜୁଳି ଘଡ଼ଘଡ଼ି ସହ ବର୍ଷା ଯୋଗୁଁ ଲୋକେ ନାହିଁ ନ ଥିବା ସମସ୍ୟା ଭୋଗିଛନ୍ତି।

ଭୁବନେଶ୍ୱର ବ୍ୟତୀତ ରାଜ୍ୟର ଅନ୍ୟ କେତେକ ସ୍ଥାନରେ ମଧ ବର୍ଷା ସାଙ୍ଗକୁ ୩୦-୪୦ କିଲୋମିଟର ବେଗରେ ପବନ ବହିଛି। ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ରର ନିର୍ଦ୍ଦେଶିକା ମନୋରମା ମହାନ୍ତି କହିଛନ୍ତି, ଗୁରୁବାର ମଧ ରାଜ୍ୟର ଅନେକ ସ୍ଥାନରେ ହାଲୁକାରୁ ମଧ୍ୟମ ଧରଣର ବର୍ଷା ସମ୍ଭାବନା ରହିଛି।



ବାଲେଶ୍ୱର, ଭଦ୍ରକ ଓ କେନ୍ଦ୍ରାପଡ଼ାରେ ବର୍ଷାର ପ୍ରଭାବ ସବୁଠୁ ଅଧିକ ରହିବାର ଆଶଙ୍କା କରାଯାଉଛି। ୧୦ ତାରିଖ ମଧ ସମାନ ପାଗ ରହିବ ଏବଂ ମୟୂରଭଞ୍ଜ, କେନ୍ଦୁଝର ସମେତ ଉପକୂଳବର୍ତ୍ତୀ ଜିଲ୍ଲାଗୁଡିକରେ ବର୍ଷା ସମ୍ଭାବନା ରହିଛି। ଅନ୍ୟପଟେ ୧୦ ତାରିଖରେ ବଙ୍ଗୋପସାଗରରେ ଆଉ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହେବାର ଆଶଙ୍କା ରହିଥିବାରୁ ଏହା ପରେ ପୁଣି ବର୍ଷାର ପ୍ରଭାବ ବଢ଼ିବା ଆଶଙ୍କା କରାଯାଉଛି।

ଗତ ୩୬ ଘଣ୍ଟାରେ ଅନେକ ସ୍ଥାନରେ ହାଲୁକରୁ ମଧ୍ୟମ ଧରଣର ବର୍ଷା ହୋଇଥିବା ବେଳେ ଗୋଟିଏ ଦୁଇଟି ସ୍ଥାନରେ ଅତିପ୍ରବଳ ଓ ୬ ଟି ସ୍ଥାନରେ ପ୍ରବଳ ବର୍ଷା ରେକର୍ଡ ହୋଇ ଯାଇଛି। ରାଜ୍ୟରେ ମୌସୁମୀରେ ଭଲ ବର୍ଷା ହୋଇଥିବା ବେଳେ ମୌସୁମୀ ପରବର୍ତ୍ତୀ ସମୟ ଅର୍ଥାତ ଅକ୍ଟୋବର ମାସରେ ମଧ ଭଲ ବର୍ଷା ରେକର୍ଡ ହୋଇଛି। ଅକ୍ଟୋବର ମାସରେ ୧୧୨ ମିମି ସ୍ୱାଭାବିକ ବର୍ଷା ତୁଳନାରେ ବର୍ତ୍ତମାନ ସୁଦ୍ଧା ୮୦.୪ ମିମି ବର୍ଷା ହୋଇସାରିଛି। ଗତ ମୌସୁମୀରେ ଅର୍ଥାତ ଜୁନ ୧ ତାରିଖରୁ ସେପ୍ଟେମ୍ବର ୩୦ ମଧ୍ୟରେ ୧୧୫୦.୭ ମିମି ବର୍ଷା ରେକର୍ଡ ହୋଇଛି। ମୌସୁମୀରେ ୪ ମାସରେ ଓଡିଶା ପାଇଁ ସାଧାରଣ ବର୍ଷାର ଅନୁପାତ ୧୧୫୦.୨ ମିମି ଥିବା ବେଳେ ଏଥର ମୌସୁମୀରେ ଠିକ ବର୍ଷା ରେକର୍ଡ ହୋଇଛି।

# ଚିରଞ୍ଜୀବ ବିଶ୍ୱାଳ ବିଜେଡି ଉପସଭାପତି ନିଯୁକ୍ତ

- ପୁଷ୍ପେନ୍ଦ୍ର, ଗଣେଶ୍ୱର ବରିଷ୍ଠ ସାଧାରଣ ସମ୍ପାଦକ
- ୫ ସାଧାରଣ ସମ୍ପାଦକଙ୍କ ମଧ୍ୟରେ ୨ଜଣ ମହିଳା

ଭୁବନେଶ୍ୱର,୮।୧୦(ସମିସ): ବିଜୁ ଜନତା ଦଳର ରାଜ୍ୟ ପଦାଧିକାରୀ ଭାବେ ଆଉ ୧୧ ଜଣ ନେତାଙ୍କୁ ନିଯୁକ୍ତି ମିଳିଛି। ସେମାନଙ୍କ ମଧ୍ୟରେ ଜଣେ ଉପ ସଭାପତି ଥିବାବେଳେ ୨ ଜଣ ବରିଷ୍ଠ ସାଧାରଣ ସମ୍ପାଦକ, ୫ ଜଣ ସାଧାରଣ ସମ୍ପାଦକ ଓ ୩ ଜଣ ସମ୍ପାଦକ ଭାବେ ନିଯୁକ୍ତି ପାଇଛନ୍ତି। ବିଜେଡି ସଭାପତି ନବୀନ ପଟ୍ଟନାୟକ ଏହି ନିଯୁକ୍ତି ପ୍ରଦାନ କରିଛନ୍ତି।

ବରିଷ୍ଠ ନେତା ଚିରଞ୍ଜୀବ ବିଶ୍ୱାଳଙ୍କୁ ଉପ ସଭାପତି ଭାବେ ଦାୟିତ୍ୱ ପ୍ରଦାନ କରାଯାଇଥିବା ବେଳେ ପୁଷ୍ପେନ୍ଦ୍ର ସିଂହଦେଓ ଓ ଗଣେଶ୍ୱର ବେହେରାଙ୍କୁ ବରିଷ୍ଠ ସାଧାରଣ ସମ୍ପାଦକ ଭାବେ ନିଯୁକ୍ତି ମିଳିଛି। ସେହିପରି ସାଧାରଣ ସମ୍ପାଦକ ଭାବେ ଲମ୍ବୋଦର ନିଆଳ, ଅଳକା ମହାନ୍ତି, ଇରାନୀ ରାୟ, ସୁଧୀର ଦାସ ଓ ମନୋଜ ମିଶ୍ର ସାଧାରଣ ସମ୍ପାଦକ ଭାବେ ନିଯୁକ୍ତି ପାଇଛନ୍ତି। ରାଜେଶ ନିଗମ, ସନ୍ତୋଷ ପଟ୍ଟନାୟକ ଓ ରାଜୁ ଘିବେଲାଙ୍କୁ ସମ୍ପାଦକ ଭାବେ ଦାୟିତ୍ୱ ମିଳିଛି।

## ବିଜେପି ନେତା ତଥା ଆଇନଜୀବୀ ପୀତବାସ ହତ୍ୟା ଘଟଣା

# ଓକିଲଙ୍କ ରାଜ୍ୟବ୍ୟାପୀ କାର୍ଯ୍ୟବନ୍ଦ ଆନ୍ଦୋଳନ




ବ୍ରହ୍ମପୁର/କଟକ,୮ ।୧୦(ସମିସ): ବ୍ରହ୍ମପୁର ସହରର ବିଚ୍ ରାସ୍ତାରେ ଜଣେ ଆଇନଜୀବୀଙ୍କୁ ଗୁଳିକରି ହତ୍ୟା ଭଳି ସମ୍ବେଦନଶୀଳ ଘଟଣା ନେଇ ଏବେ ପଲ୍ଲୀରୁ ଦିଲ୍ଲୀ ସବୁଠି ଚର୍ଚ୍ଚା। ଶାସକ ବିଜେପି ଦଳର ଜଣେ ଆଗଧାଡିର ନେତା ତଥା ରାଜ୍ୟ ଆଇନଜୀବୀ ପରିଷଦର ସଦସ୍ୟ ପୀତବାସ ପଣ୍ଡାଙ୍କ ହତ୍ୟାକୁ ୪୮ ଘଣ୍ଟା ବିତିଛି। ଶେଷ ହୋଇଯାଇଛି ଅଭିଯୁକ୍ତଙ୍କୁ ଗିରଫ କରିବାକୁ ଓକିଲ ସଂଘ ପକ୍ଷରୁ ଦିଆଯାଇଥିବା ମହଲତ। ବୁଧବାର ରାଜ୍ୟବ୍ୟାପୀ ଓକିଲମାନେ କଲମ ଛାଡ଼ ବା ୨୪ ଘଣ୍ଟିଆ କାର୍ଯ୍ୟବନ୍ଦ ଆନ୍ଦୋଳନ କରିବା ସହ ରାଜରାସ୍ତାକୁ ଓହ୍ଲାଇ ରାଜ୍ୟରେ ବିପର୍ଯ୍ୟସ୍ତ ଆଇନଶୃଙ୍ଖଳାକୁ ନେଇ ବର୍ଷିଥିଲେ। ତୁରନ୍ତ ଅଭିଯୁକ୍ତଙ୍କୁ ଗିରଫ କରିବା, ମୃତ ଆଇନଜୀବୀ ପୀତବାସ ପଣ୍ଡାଙ୍କ ପରିବାରକୁ ୧ କୋଟି ଟଙ୍କାର କ୍ଷତିପୂରଣ ପ୍ରଦାନ ଓ ରାଜ୍ୟରେ ତୁରନ୍ତ ଓକିଲଙ୍କ ପାଇଁ କଡ଼ା ସୁରକ୍ଷା ଆଇନ ଲାଗୁ ପାଇଁ ଆଇନଜୀବୀଙ୍କ ପକ୍ଷରୁ ଦୃଢ ଦାବି କରାଯାଇଛି।

**ବିପର୍ଯ୍ୟସ୍ତ ଆଇନ ଶୃଙ୍ଖଳା ନେଇ ପ୍ରତିବାଦ**

ଓଡ଼ିଶା ହାଇକୋର୍ଟ ସମେତ ସମସ୍ତ ନିମ୍ନ ଅଦାଲତରେ ମାମଲାଗୁଡିକର ଶୁଣାଣି ହୋଇପାରି ନାହିଁ। ଏଥିପାଇଁ ପ୍ରାୟତଃ ସମସ୍ତ ମାମଲାର ଶୁଣାଣିକୁ ହାଇକୋର୍ଟଙ୍କ ବିଭିନ୍ନ ଖଣ୍ଡପୀଠ ଘୁଞ୍ଚାଇଥିବା ଜଣାପଡିଛି। ଓଡିଶା ହାଇକୋର୍ଟ ବାର ଆସୋସିଏସନ ପକ୍ଷରୁ ସଭାପତି ମନୋଜ କୁମାର ମିଶ୍ର, ସମ୍ପାଦକ ଅଭିଜିତ ପଟ୍ଟନାୟକ ଓ ଉପସଭାପତି ସିଦ୍ଧାର୍ଥ ଦାସଙ୍କ ନେତୃତ୍ୱରେ ଏହି ହତ୍ୟା ଘଟଣା ପ୍ରତିବାଦରେ ଏକ ଶୋଭାଯାତ୍ରା ଅନୁଷ୍ଠିତ ହୋଇଥିଲା। ସେହିଭଳି ରାଜ୍ୟ ବାର କାଉନସିଲ କାର୍ଯ୍ୟାଳୟରେ କାଉନସିଲର ଅଧ୍ୟକ୍ଷ ସୀତାଂଶୁ ମୋହନ ଦ୍ୱିବେଦୀଙ୍କ ନେତୃତ୍ୱରେ ସଦସ୍ୟ ଅକ୍ଷୟ ପତି, ମାନସ ଚାନ୍ଦ, ଅରୂପାନନ୍ଦ ଦାସ, ସୌରଚନ୍ଦ୍ର ମହାପାତ୍ର, ବିଭୂପ୍ରସାଦ ତ୍ରିପାଠୀ, ଭକ୍ତଭୂଷଣ ବାରିକ ପ୍ରମୁଖଙ୍କ ସମେତ ସମସ୍ତ ସଦସ୍ୟ ଅଂଶଗ୍ରହଣ କରିଥିଲେ। ହତ୍ୟା ଅଭିଯୁକ୍ତଙ୍କୁ ତୁରନ୍ତ ଗିରଫ କରିବା, ମୃତକ ଆଇନଜୀବୀଙ୍କ ପରିବାରକୁ ୧କୋଟି ଟଙ୍କା କ୍ଷତିପୂରଣ ରାଶି ପ୍ରଦାନ କରିବା, ଏହାର ବିଚାର ବିଭାଗୀୟ ତଦନ୍ତ ସହ ଆଇନଜୀବୀ ସୁରକ୍ଷା ଆଇନ ପ୍ରଣୟନ ପାଇଁ ଆଇନଜୀବୀ ସଂଘଗୁଡିକ ପକ୍ଷରୁ ଦାବି କରାଯାଇଛି। କଟକରେ କ୍ରିମିନାଲ କୋର୍ଟସ ବାର ଆସୋସିଏସନ, ସିଭିଲ କୋର୍ଟ ବାର ଆସୋସିଏସନ ସମେତ ସମସ୍ତ ଓକିଲ ସଂଘ କର୍ମକର୍ତ୍ତା ପ୍ରତିବାଦ କାର୍ଯ୍ୟକ୍ରମରେ ସାମିଲ ଥିଲେ।

## ଦୁର୍ବୃତ୍ତଙ୍କ ବାଇକ ନମ୍ବର ନକଲି, ୯ ଏମ୍ଏମ୍ ଗୁଳି ନୁହେଁ; ବାଲିଷ୍ଟିକ ରିପୋର୍ଟକୁ ଅପେକ୍ଷା:ଏସ୍ପି

ବ୍ରହ୍ମପୁର,୮ ।୧୦(ସମିସ):ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ଘଟଣାର ୪୮ ଘଣ୍ଟା ପରେ ମଧ ଅନ୍ଧାରରେ ବାଡ଼ି ବୁଲାଉଥିବା ପୁଲିସ ହତ୍ୟାର ଖିଅ ପାଉନାହିଁ। ଘଟଣା ଦିନ ଛୁଟିରେ ଥିବା ବ୍ରହ୍ମପୁର ଏସ୍ପି ଡାକ୍ତର ସର୍ବଣା ବିବେକ ଏମ୍ କାର୍ଯ୍ୟରେ ଯୋଗ ଦେଇ ତଦନ୍ତ ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିଥିଲେ। ବଛା ବଛା ତଥା ଅଭିଜ୍ଞ ଅଧିକାରୀଙ୍କୁ ନେଇ ୬ଟି ସ୍ୱତନ୍ତ୍ର ତଦନ୍ତକାରୀ ଟିମ୍ ଗଠନ କରି ତଦନ୍ତ ଚଳାଇଛନ୍ତି। ସହରରେ ବିଭିନ୍ନ ସ୍ଥାନରେ ଲାଗିଥିବା ପ୍ରାୟ ୫୦ରୁ ଉର୍ଦ୍ଧ ସ୍ଥାନରୁ ସିସିଟିଭି ଫୁଟେଜ୍‌କୁ ସଂଗ୍ରହ କରି ତଦନ୍ତ କରାଯାଇଛି। ମିଳିଥିବା ଫୁଟେଜରୁ ଆତତାୟୀମାନେ ବ୍ୟବହାର

- ବଛାବଛା ଅଧିକାରୀଙ୍କୁ ନେଇ ଗଠିତ ହୋଇଛି ୬ ସ୍ୱତନ୍ତ୍ର ଟିମ୍, ୫୦ରୁ ଉର୍ଦ୍ଧ୍ୱ ସିସିଟିଭିର ହେଲାଣି ଯାଞ୍ଚ
- ବାଲି ମାଫିଆ ଅଥବା ସୁଧ କାରବାର ଜନିତ ଦିଗକୁ ମଧ କରାଯାଇଛି ତଦନ୍ତ ପରିସରଭୁକ୍ତ

କରିଥିବା ବାଇକ୍ ନମ୍ବର ଫେକ ବୋଲି ପ୍ରାଥମିକ ତଦନ୍ତରୁ ସ୍ପଷ୍ଟ ହୋଇଥିବା ଏସ୍ପି କହିଛନ୍ତି। ସେପଟେ ମୃତ ଆଇନଜୀବୀ ପୀତବାସଙ୍କ ଶରୀରରୁ ବ୍ୟବଚ୍ଛେଦ ବେଳେ ବାହାରିଥିବା ଗୁଳି '୯-ଏମ୍ଏମ୍' ନୁହେଁ ବରଂ ଏହାର ପ୍ରକାର ଓ କେଉଁଭଳି ପିସ୍ତଲ ବା ମାଉଜରରୁ ବ୍ୟବହାର କରାଯାଇଛି ସେନେଇ ବାଲିଷ୍ଟିକ ରିପୋର୍ଟକୁ ଅପେକ୍ଷା କରାଯାଇଥିବା ଏସ୍ପି କହିଛନ୍ତି।

କୁମାର ପୂର୍ଣ୍ଣିମା ପାଇଁ ଛୁଟି ଥିବାବେଳେ ବୁଧବାର କୋର୍ଟ ଖୋଲିବା ପରେ ଗଞ୍ଜାମ ଓକିଲ ସଂଘ ପକ୍ଷରୁ ସଂଘ କାର୍ଯ୍ୟାଳୟ ପରିସରରେ ଶୋକସଭାର ଆୟୋଜନ କରାଯାଇଥିଲା। ସ୍ୱର୍ଗତ ପୀତବାସ ପଣ୍ଡାଙ୍କ ସମେତ ଗତ ମଙ୍ଗଳବାର ହାଇଦ୍ରାବାଦ୍‌ଠାରେ ଏକ ଘରୋଇ ହସ୍ପିଟାଲରେ ସଂଘର ପୂର୍ବତନ ସଭାପତି ତଥା ବରିଷ୍ଠ ଆଇନଜୀବୀ କିଶୋର ମିଶ୍ରଙ୍କ ଦେହାନ୍ତକୁ ନେଇ ଯୁଗ୍ମ ଶୋକସଭାର ଆୟୋଜନ କରାଯାଇଥିଲା। ପୀତବାସ ପଣ୍ଡାଙ୍କୁ ହତ୍ୟା ନେଇ ନିନ୍ଦା ପ୍ରସ୍ତାବ ଆଗତ ହୋଇ ଗୃହୀତ କରାଯାଇଥିଲା। ପରେ ସଂଘର ଶତାଧିକ ସଦସ୍ୟ ଶୋଭାଯାତ୍ରାରେ କୋର୍ଟ ପରିସରରୁ ବାହାରି ସହର ପରିକ୍ରମା କରିବା ସହିତ ଦକ୍ଷିଣାଞ୍ଚଳ ଆଇଜିଙ୍କ କାର୍ଯ୍ୟାଳୟକୁ ଯାଇଥିଲେ। ସେଠାରେ ଦକ୍ଷିଣାଞ୍ଚଳ ପୁଲିସ ଆଇଜି ନୀତି ଶେଖରଙ୍କୁ ଭେଟି ଅଭିଯୁକ୍ତଙ୍କୁ ତୁରନ୍ତ ଗିରଫ ସହ ସହରର ଆଇନଶୃଙ୍ଖଳା ସ୍ଥିତିରେ ସୁଧାର ଆଣିବାକୁ ଦାବି କରିଥିଲେ। ଘଟଣାର ତଦନ୍ତକୁ ତ୍ୱରାନ୍ୱିତ କରାଯାଇଛି ଏବଂ ଖୁବ୍‌ଶୀଘ୍ର ଏହାର ପର୍ଦ୍ଦାଫାସ କରାଯିବ ବୋଲି ଆଶ୍ୱାସନା ଦେଇଥିଲେ ଆଇଜି। ପୀତବାସ ପଣ୍ଡାଙ୍କୁ ହତ୍ୟା ପଛର କାରଣକୁ ନେଇ ବିଭିନ୍ନ ଆଲୋଚନା ହେଉଛି। ବୃତ୍ତିଗତ କାରଣକୁ ନେଇ ସନ୍ଦେହ ସୃଷ୍ଟି ହୋଇଛି। ଅନ୍ୟପଟେ ଜଣେ କମ୍ୟୁନିଷ୍ଟ ଚିନ୍ତାଧାରାର ବ୍ୟକ୍ତି ପରେ କଂଗ୍ରେସ ଓ ତା'ପରେ ବିଜେପିରେ ସାମିଲ ହେବା ଏବଂ ଖଣିମନ୍ତ୍ରୀ ବିଭୂତି ଜେନାଙ୍କ ନିକଟତର ହୋଇ ଖୁବ୍ କମ୍ ଦିନରେ ରାଜନୀତିରେ ଚର୍ଚ୍ଚାରେ ରହିବା ମଧ ଅନ୍ୟ ଏକ କାରଣ ବୋଲି ଆଲୋଚନା ହେଉଛି। ବୃତ୍ତିଗତ ଓ ରାଜନୈତିକ କାରଣକୁ ବାଦ୍ ଦେଲେ ବ୍ୟକ୍ତିଗତ ଓ ପୂର୍ବଶତ୍ରୁତା ଭଳି ଦିଗକୁ ମଧ ସନ୍ଦେହ ପରିସରରୁ ବାଦ୍ ଦିଆଯାଇନପାରେ। ବିଭିନ୍ନ ସମୟରେ ଯଦିଓ ପୀତବାସ ପଣ୍ଡା ସୂଚନା ଅଧିକାର ଆଇନ ବଳରେ ତଥ୍ୟ ସଂଗ୍ରହ କରି ଅନ୍ୟମାନଙ୍କ ପାଇଁ ଅଡୁଆ ସୃଷ୍ଟି କରୁଥିଲେ ଏଥିପାଇଁ ମଧ ତାଙ୍କର ଅନେକେ ଶତ୍ରୁ ଥିଲେ। ଏସବୁ ଦିଗକୁ ଛାଡ଼ି ଗଞ୍ଜାମ ଜିଲ୍ଲାରେ ଚାଲିଥିବା ବାଲି, ପଥର ଓ ମୋରମ ଭଳି ଲଘୁ ଖଣିଜ ସମ୍ପଦର ଅସାଧୁ କାରବାରରେ ହସ୍ତକ୍ଷେପ କରି କାଳେ ପୀତବାସ ବଳିପଡ଼ିଲେ କି ବୋଲି ମଧ ଅନେକଙ୍କ ମନରେ ପ୍ରଶ୍ନ ଉଠିଛି। ସେହିଭଳି କଳନ୍ତର ବା ସୁଧ କାରବାରକୁ ନେଇ ମଧ ଟଙ୍କା ହାତେଇବାକୁ ଅଥବା ଫେରସ୍ତ ନକରିବାକୁ ନେଇ କାଳେ ପୀତବାସ ଗୁଳିର ଶୀକାର ହେଲେ କି ବୋଲି ମଧ ଚର୍ଚ୍ଚା ହେଉଛି। ତେବେ ପୁଲିସ ହାତରେ ଅଭିଯୁକ୍ତ ଧରାପଡ଼ିବା ପରେ ହିଁ ଘଟଣା ପଛର ପ୍ରକୃତ ରହସ୍ୟ ଉନ୍ମୋଚିତ ହୋଇପାରିବ।

## ବିଦ୍ୟୁତ୍ ନିଗମ ଯନ୍ତ୍ରୀ ସଂଘର ଅଭିଯୋଗ

# ସରକାରୀ ନୀତିକୁ ଖୋଲା ଉଲ୍ଲଂଘନ କରୁଛନ୍ତି ନିଗମ

ଭୁବନେଶ୍ୱର,୮।୧୦(ସମିସ): ଓଡ଼ିଶା ଜଳ ବିଦ୍ୟୁତ୍ ନିଗମ(ଓଏଚପିସି) ଓ ଶକ୍ତିକ୍ଷେତ୍ରରେ କାର୍ଯ୍ୟ କରୁଥିବା ଅନ୍ୟାନ୍ୟ ନିଗମର ପରିଚାଳନା ମଣ୍ଡଳୀ ବା ବୋର୍ଡକୁ ଓଡ଼ିଶା ସରକାର ନିଯୁକ୍ତ କରୁଥିଲେ ମଧ ସେମାନେ ରାଜ୍ୟ ସରକାର ପ୍ରଣିତ କରିଥିବା ମାନବସମ୍ବଳ ନୀତିକୁ ଖୋଲାଖୋଲି ଉଲ୍ଲଂଘନ କରୁଛନ୍ତି। ନିଗମଗୁଡିକ ସ୍ୱଜନପୋଷଣ (ନେପୋଟିଜିମ) ନୀତିରେ ନିଗମଗୁଡିକୁ ପରିଚାଳନା କରୁଛନ୍ତି ବୋଲି ଅଭିଯୋଗ ଆଣିଛି ଓଡ଼ିଶା ରାଜ୍ୟ ବିଦ୍ୟୁତ ନିଗମ ଯନ୍ତ୍ରୀ ସଂଘ। ନିୟମର ଦକ୍ଷତା ଓ ପାରଦର୍ଶିତା ବୃଦ୍ଧିପାଇଁ କୌଣସି ପ୍ରତିବନ୍ଧକ ନାହି। କିନ୍ତୁ ବିଡ଼ମ୍ବନା ହେଉଛି, ସ୍ୱଜନପୋଷଣ ନୀତିରେ ପରିଚାଳିତ ଓଏଚ୍‌ପିସି ତାହାକୁ ସମ୍ପୂର୍ଣ୍ଣ ପ୍ରତ୍ୟାଖ୍ୟାନ କରିଆସୁଛି। ନିଗମରେ କାର୍ଯ୍ୟ କରୁଥିବା ଦକ୍ଷ, ଯୋଗ୍ୟ ଡିପ୍ଲୋମା ଯନ୍ତ୍ରୀମାନଙ୍କର ପଦୋନ୍ନତିକୁ ଏଜିଏମ୍ (ଆସିଷ୍ଟାଣ୍ଟ ଜେନେରାଲ ମ୍ୟାନେଜର) ପଦରେ ସୀମିତ ରଖିବା ଦ୍ୱାରା ବିଦ୍ୟୁତ୍ କ୍ଷେତ୍ରର ବିକାଶରେ ପ୍ରତିବନ୍ଧକ ହୋଇଛି। ସେହିପରି ଜଳସମ୍ପଦ ବିଭାଗ କନିଷ୍ଠ ଯନ୍ତ୍ରୀ ଓ ସହାୟକ ଯନ୍ତ୍ରୀଙ୍କ କ୍ୟାଡର୍ ନିଯୁକ୍ତି ଅନୁପାତ ୪୦:୬୦ଧାର୍ଯ୍ୟ କରି

- ନିଯୁକ୍ତି କ୍ଷେତ୍ରରେ ଦକ୍ଷ ପ୍ରତିଭାବାନ ପ୍ରାର୍ଥୀ ଅବହେଳିତ
- ଶକ୍ତି ମନ୍ତ୍ରୀଙ୍କ ହସ୍ତକ୍ଷେପ ଲୋଡ଼ି ସ୍ମାରକପତ୍ର ପ୍ରଦାନ

ଅଧିନିୟମ ଜାରି କରିଥିବାବେଳେ ନିଗମଗୁଡିକ ତାହାକୁ ପ୍ରତ୍ୟାଖ୍ୟାନ କରି ୩୩:୬୭ ଅନୁପାତ ସ୍ଥିର କରି ନିଗମ ପରିଚାଳନା କରୁଛନ୍ତି। ଶକ୍ତି ସମୀକ୍ଷକ ତଥା ସଂଘର ସଭାପତି ଆନନ୍ଦ ମହାପାତ୍ରଙ୍କ ଅନୁଯାୟୀ, ନିୟମରେ ଉଲ୍ଲଂଘନ କାରଣରୁ ନିଗମଗୁଡିକର କାର୍ଯ୍ୟଦକ୍ଷତା ଓ ପାରଦର୍ଶିତା ପ୍ରଭାବିତ ହୋଇ ନିର୍ଦ୍ଦିଷ୍ଟ ସମୟସୀମାରେ କାର୍ଯ୍ୟ ସମ୍ପାଦନ ହେଉନାହିଁ। ନିଗମଗୁଡିକୁ ଅଧିକ ଖର୍ଚ୍ଚ କରିବାକୁ ପଡୁଛି, ଯାହାର ବୋଝ ବିଦ୍ୟୁତ୍ ଉପଭୋକ୍ତା ବହନ କରୁଛନ୍ତି ବୋଲି ସେ ଯୁକ୍ତି ବାଢ଼ିଛନ୍ତି। ଖୋଲା ଉଲ୍ଲଂଘନ କାରଣରୁ ନିଯୁକ୍ତି ଓ ପଦୋନ୍ନତି କ୍ଷେତ୍ରରେ ଯୋଗ୍ୟ ପ୍ରାର୍ଥୀଙ୍କ ଦକ୍ଷତା, ମେଧା ଓ ପ୍ରତିଭା ମୂଲ୍ୟହୀନ ହୋଇପଡିଛି ବୋଲି ସଂଘ କ୍ଷୋଭ ପ୍ରକାଶ କରିଛି। ବୁଧବାର ସଂଘ ପକ୍ଷରୁ ଏନେଇ ଏକ ସ୍ମାରକ ପତ୍ର ଶକ୍ତିମନ୍ତ୍ରୀଙ୍କୁ ଅବଗତ କରିବା ସହିତ ତୁରନ୍ତ ପ୍ରତିକାରମୂଳକ ପଦକ୍ଷେପ ଗ୍ରହଣ କରିବା ପାଇଁ ନିବେଦନ କରାଯାଇଛି।

ସଂଘର ଅଭିଯୋଗ ଅନୁଯାୟୀ, ଯନ୍ତ୍ରୀମାନଙ୍କର ନିଯୁକ୍ତି ଓ ପଦୋନ୍ନତି ପାଇଁ ଜଳସମ୍ପଦ ବିଭାଗ ପ୍ରଣିତ କରିଥିବା କ୍ୟାଡର ନୀତିରେ କର୍ମଚାରୀ ମାନଙ୍କର

**■ ନୂଆପଡ଼ା ଉପନିର୍ବାଚନ**

# ଆଜି ବିଜେପିର କୋର୍ କମିଟି ବୈଠକ

ଭୁବନେଶ୍ୱର,୮।୧୦(ସମିସ): ନୂଆପଡ଼ା ଉପ ନିର୍ବାଚନ ପାଇଁ ଆସନ୍ତା ୧୩ ତାରିଖରୁ ନାମାଙ୍କନ ପ୍ରକ୍ରିୟା ଆରମ୍ଭ ହେବ। ଇତିମଧ୍ୟରେ ବିରୋଧୀ କଂଗ୍ରେସ ନିଜର ପ୍ରାର୍ଥୀ ଘୋଷଣା କରିସାରିଥିବା ବେଳେ ବିଜେପି ଓ ବିଜେଡି ପ୍ରାର୍ଥୀଙ୍କ ଉପରେ ସଭିଙ୍କ ନଜର ରହିଛି। ତେବେ ବିଜେପି ପକ୍ଷରୁ ଖୁବଶୀଘ୍ର ପ୍ରାର୍ଥୀଙ୍କ ନାମ ଘୋଷଣା କରାଯିବ ବୋଲି ରାଜ୍ୟ ବିଜେପି ପ୍ରଭାରୀ ବିଜୟ ପାଲ୍ ସିଂ ତୋମାର ସୂଚନା ଦେଇଛନ୍ତି।

ଶ୍ରୀ ତୋମାରଙ୍କ ଅନୁଯାୟୀ ବିଜେପି ପକ୍ଷରୁ ଏନେଇ ପ୍ରକ୍ରିୟା ଆରମ୍ଭ ହୋଇସାରିଛି। ଆସନ୍ତାକାଲି ରାଜ୍ୟ ବିଜେପି କାର୍ଯ୍ୟାଳୟରେ କୋର କମିଟି ବୈଠକ ଅନୁଷ୍ଠିତ ହେବ। ବୈଠକରେ ନୂଆପଡ଼ା ନିର୍ବାଚନକୁ ନେଇ ଆଲୋଚନା ହେବାକୁ ଥିବାବେଳେ ପ୍ରାର୍ଥୀତ୍ୱ ସଂକ୍ରାନ୍ତରେ ମଧ ମାନସ ମନ୍ଥନ କରାଯିବ। ସେହିପରି ଆସନ୍ତାକାଲି ରାଜ୍ୟ କାର୍ଯ୍ୟାଳୟରେ ଦଳର ଜନଜାତି ବିଧାୟକ ଓ ସାଂସଦଙ୍କୁ ପ୍ରଶିକ୍ଷଣ ପ୍ରଦାନ କରାଯିବ। ଏହି ପ୍ରଶିକ୍ଷଣ ଶିବିରରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ବିଜେପିର ରାଷ୍ଟ୍ରୀୟ ସଂଗଠନ ମହାମନ୍ତ୍ରୀ ବିଏଲ୍ ସନ୍ତୋଷ , ରାଷ୍ଟ୍ରୀୟ ସଂଗଠକ ଭି. ସତୀଶ ମଧ ଯୋଗ ଦେବେ। ନିଜ ନିଜ ଅଞ୍ଚଳର ୨୦ରୁ ୨୫ ଗାଁକୁ ପୋଷ୍ୟ ଭାବେ ଗ୍ରହଣ କରିବାକୁ ପରାମର୍ଶ ଦିଆଯିବ ବୋଲି ଶ୍ରୀ ତୋମାର ସୂଚନା ଦେଇଛନ୍ତି।

# କଟକ ବାଲିଯାତ୍ରାରେ ସହଭାଗୀ ହେବ ଇଣ୍ଡୋନେସିଆ

## କେନ୍ଦ୍ରାପଡ଼ା ଗଜଲକ୍ଷ୍ମୀ ପୂଜାକୁ ଦିଆଯିବ ଆର୍ଥିକ ସହାୟତା


ଭୁବନେଶ୍ୱର,୮।୧୦(ସମିସ): ଚଳିତ ବର୍ଷର ବାଲିଯାତ୍ରାକୁ ଭବ୍ୟ ଏବଂ ସ୍ମରଣୀୟ କରିବା ପାଇଁ ବଡ଼ ନିଷ୍ପତ୍ତି ନେଇଛନ୍ତି ରାଜ୍ୟ ସରକାର। ନଭେମ୍ବର ୫ ତାରିଖରୁ ଆରମ୍ଭ ହେଉଥିବା କଟକ ବାଲିଯାତ୍ରାରେ ଇଣ୍ଡୋନେସିଆକୁ ସହଭାଗୀ ଦେଶ ହିସାବରେ ଆମନ୍ତ୍ରିତ କରାଯିବ ଏବଂ 'ଏକ ଭାରତ ଶ୍ରେଷ୍ଠ ଭାରତ' ଅଧୀନରେ ଦେଶର ଏକ ପ୍ରମୁଖ ରାଜ୍ୟକୁ ମଧ ସହଭାଗୀ ରାଜ୍ୟ ହିସାବରେ ସାମିଲ କରାଯିବ। ଦକ୍ଷିଣ ଏସିଆର କେତେକ ରାଷ୍ଟ୍ରଙ୍କୁ ସେମାନଙ୍କର ସାଂସ୍କୃତିକ ଦଳ ପ୍ରେରଣ ପାଇଁ ମଧ ଅନୁରୋଧ କରାଯିବ। ବିଭାଗୀୟ ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ଏ ସଂକ୍ରାନ୍ତରେ ନିଆଯାଇଛି ନିଷ୍ପତ୍ତି।

ସୂଚନା ଅନୁଯାୟୀ କଟକ ବାଲିଯାତ୍ରାରେ ଓଡ଼ିଆ ସାହିତ୍ୟର ଯୋଗଜନ୍ମା ଲେଖକ ଏବଂ ସେମାନଙ୍କ କୃତିକୁ ନେଇ ଏକ ବିଷୟବସ୍ତୁ ମଣ୍ଡପ(ଥିମ ପାଭିଲିୟନ) ନିର୍ମାଣ କରାଯିବ। ଯାହା ଓଡ଼ିଆ ସାହିତ୍ୟକୁ ଆହୁରି ଆଦୃତ କରିପାରିବ। ସେହିପରି ପୁରୀସ୍ଥିତ ଗୁରୁ ରବୀନ୍ଦ୍ରନାଥ ଟାଗୋରଙ୍କ ବାସଗୃହ 'ପାଥେର ପୁରୀ'ର ପୁନରୁଦ୍ଧାର କରାଯାଇ ଏହାକୁ ଗୁରୁଦେବଙ୍କ ସ୍ମୃତି ଉଦ୍ଦେଶ୍ୟରେ ଏକ ସଂଗ୍ରହାଳୟରେ ପରିଣତ କରାଯିବ।

ଚଳିତ ବର୍ଷ ଢେଙ୍କାନାଳର ଗଜଲକ୍ଷ୍ମୀ ପୂଜାକୁ ରାଜ୍ୟ ସରକାର ସହାୟତା ପ୍ରଦାନ କରିଥିଲେ। ଏହିକ୍ରମରେ କେନ୍ଦ୍ରାପଡ଼ାର ମହାକାଳପଡ଼ା ବିଧାୟକଙ୍କ ସମାନ ଅନୁରୋଧ ପରେ କେନ୍ଦ୍ରାପଡ଼ା ଗଜଲକ୍ଷ୍ମୀ ପୂଜାକୁ ସଂସ୍କୃତି ବିଭାଗ ପକ୍ଷରୁ ଆର୍ଥିକ ସହାୟତା ରାଶି ଯୋଗାଇ ଦିଆଯିବ ଓ କେନ୍ଦ୍ରାପଡା ଜିଲ୍ଲାର କାଳିଦାସ ମନ୍ଦିରର ପୁନରୁଦ୍ଧାର ଦାୟିତ୍ୱ ରାଜ୍ୟ ପ୍ରତ୍ନତତ୍ତ୍ୱ ବିଭାଗ ଗ୍ରହଣ କରିବ ବୋଲି ବୈଠକରେ ନିଷ୍ପତ୍ତି ନିଆଯାଇଛି। ସଂସ୍କୃତି ବିଭାଗ ଅଧିନସ୍ଥ ସଂସ୍କୃତି ବିଶ୍ୱବିଦ୍ୟାଳୟ, ଉତ୍କଳ ସଙ୍ଗୀତ ମହାବିଦ୍ୟାଳୟ, ବିଭୁତି କାନୁନଗୋ ଓ ଖଲ୍ଲିକୋଟ ଚାରୁ ଓ କାରୁକଳା ମହାବିଦ୍ୟାଳୟରେ ଖାଲିଥିବା ସମସ୍ତ ପଦବୀ ଅତିଶୀଘ୍ର ପୂରଣ କରାଯିବ। ଅପରପକ୍ଷେ ଭୁବନେଶ୍ୱରରେ ସୈନିକ ସ୍କୁଲ ନିକଟରେ ହେବାକୁଥିବା ଓଡ଼ିଆ ଅସ୍ମିତା ଭବନର ନିର୍ମାଣ କାର୍ଯ୍ୟକୁ ତ୍ୱରାନ୍ୱିତ କରିବା ପାଇଁ ଓଡ଼ିଶା ସେତୁ ଓ ନିର୍ମାଣ ନିଗମକୁ ନିର୍ଦ୍ଦେଶ ଦିଆଯାଇଛି ବୋଲି ବିଭାଗୀୟ ସୂତ୍ରରୁ ଜଣାପଡ଼ିଛି।

# ବାଲିଯାତ୍ରା ପଡ଼ିଆ 'ନୋ ଡ୍ରୋନ୍ ଜୋନ୍'

କଟକ: ଆସନ୍ତା ନଭେମ୍ବର ୫ରୁ ୧୨ ପର୍ଯ୍ୟନ୍ତ ଚାଲିବାକୁ ଥିବା ଐତିହାସିକ କଟକ ବାଲିଯାତ୍ରାରେ ଜନସାଧାରଣଙ୍କ ସୁରକ୍ଷା ଏବଂ ମହୋତ୍ସବର ସୁପରିଚାଳନା ସୁନିଶ୍ଚିତ କରିବା ପାଇଁ ପ୍ରଶାସନ ପକ୍ଷରୁ ବଡ଼ ପଦକ୍ଷେପ ଗ୍ରହଣ କରାଯାଉଛି।



ଏହିକ୍ରମରେ ବାଲିଯାତ୍ରା ପଡ଼ିଆକୁ 'ନୋ ଡ୍ରୋନ୍ ଜୋନ୍' ଘୋଷଣା କରିଛନ୍ତି କଟକ ଜିଲ୍ଲାପାଳ। ନଭେମ୍ବର ୧ରୁ ୧୫ ତାରିଖ ମଧ୍ୟରେ ବାଲିଯାତ୍ରା ଗ୍ରାଉଣ୍ଡର ୫ କିମି ପରିଧି ପର୍ଯ୍ୟନ୍ତ ଏହି କଟକଣା ରହିବ ବୋଲି ନିର୍ଦ୍ଦେଶନାମାରେ ଉଲ୍ଲେଖ ରହିଛି। ସେହିପରି ପାରା ଗ୍ଲାଇଡର୍ସ, ପାରା ମୋଟର୍ସ, ପାୱାର ହ୍ୟାଙ୍ଗ୍ ଗ୍ଲାଇଡର୍ସ ଉଡ଼ାଣ ମନା ହୋଇଛି। ମାଇକ୍ରୋ ଲାଇଟ୍ ଏୟାରକ୍ରାଫ୍ଟ, ହଟ୍ ଏୟାର ବେଲୁନ, ୟୁଏଭି, ଡ୍ରୋନ୍‌କୁ ବି ମନା କରାଯାଇଛି। ବାଲିଯାତ୍ରାକୁ ପ୍ରାୟ ୫୦ ଲକ୍ଷ ଲୋକଙ୍କ ସମାଗମ ହେବା ଆଶଙ୍କା କରାଯାଉଛି।

# ଲୋକସେବା ଭବନ ଏବେ ବିଜେପିର ଚାକିରି ବିକ୍ରୟ କେନ୍ଦ୍ର: ବିଜେଡି

ଭୁବନେଶ୍ୱର,୮।୧୦(ସମିସ): ପୁଲିସ ଏସ୍ଆଇ ପରୀକ୍ଷାରେ ଜାଲିଆତି ଘଟଣା ରାଜ୍ୟର ଯୁବ ଓ ଛାତ୍ର ସମାଜକୁ ବ୍ୟଥିତ କରିଛି। ଏହି ମହାଦୁର୍ନୀତିକୁ ପଦାକୁ ଆଣିବା ପାଇଁ ବିଜୁ ଯୁବ ଜନତା ଦଳ ସିବିଆଇ ତଦନ୍ତ ଦାବି କରିଛି। ଏହାସହ ରାଜ୍ୟ ସରକାର ଏଥିରେ ସମ୍ପୃକ୍ତ ବଡମୁଣ୍ଡମାନଙ୍କୁ ଖସାଇ ଦେବା ପାଇଁ ତଦନ୍ତଭାର କ୍ରାଇମବ୍ରାଞ୍ଚକୁ ପ୍ରଦାନ କରିଥିବା ଅଭିଯୋଗ କରି ବିଜୁ ଯୁବ ଓ ଛାତ୍ରଜନତା ଦଳ ରାଜ୍ୟବ୍ୟାପୀ 'ନ୍ୟାୟ ଆନ୍ଦୋଳନ' ଡକରା ଦେଇଛି ।

ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ବିଜୁ ଯୁବ ଜନତା ଦଳର ସଭାପତି ଚିନ୍ମୟ ସାହୁ କହିଛନ୍ତି ଯେ ଏହି ମହାଦୁର୍ନୀତିର ଚେର ରାଜ୍ୟର ମନ୍ତ୍ରିମଣ୍ଡଳର ସଦସ୍ୟଙ୍କଠାରୁ ଆରମ୍ଭ କରି ମୁଖ୍ୟମନ୍ତ୍ରୀଙ୍କ ପର୍ଯ୍ୟନ୍ତ ଲମ୍ବିଛି। ଆମେ ମୁଖ୍ୟ ଅଭିଯୁକ୍ତର ଫଟୋ ମୁଖ୍ୟମନ୍ତ୍ରୀଙ୍କ ସମେତ ମନ୍ତ୍ରୀମଣ୍ଡଳର ସଦସ୍ୟ ମାନଙ୍କ ସହ ଥିବା ଫଟୋ ଜାରି କରିଥିଲୁ। କ୍ରାଇମବ୍ରାଞ୍ଚ ତଦନ୍ତ କରିବା ପରିବର୍ତ୍ତେ କିପରି ତଥ୍ୟ ପ୍ରମାଣକୁ ନଷ୍ଟ କରାଯିବ ସେହି କାମରେ ବ୍ୟସ୍ତ ଅଛି। ରାଜ୍ୟ ସରକାରଙ୍କ ପ୍ରାୟୋଜନରେ ଚାକିରି ବିକ୍ରିର ନିଲାମ ପାଇଁ ଦୁଇ ସଂସ୍ଥାକୁ ଦାୟିତ୍ୱ ଦିଆଯାଇଥିଲା । ଓପିଆରବି କେଉଁ ନିୟମରେ ଏହି ସଂସ୍ଥା ଗୁଡିକୁ ପରୀକ୍ଷା କରିବା ପାଇଁ ନିଯୁକ୍ତି ଦେଇଥିଲା ସେ ପ୍ରଶ୍ନର ଉତ୍ତର ସରକାର ରଖୁନାହାନ୍ତି । ବିଜେପି ଏବେ ଲୋକସେବା ଭବନକୁ ଚାକିରି ବିକ୍ରୟ କେନ୍ଦ୍ରରେ ପରିଣତ କରିଛି। ତେଣୁ ଏହି ମହାଦୁର୍ନୀତି ବିରୋଧରେ ବିଜୁ ଯୁବ ଛାତ୍ର ଜନତା ଦଳ ପକ୍ଷରୁ ରାଜ୍ୟବ୍ୟାପୀ ଯୁବ ଛାତ୍ର ନ୍ୟାୟ ଆନ୍ଦୋଳନ ଆରମ୍ଭ ହେବ ଏବଂ ଏହା ଆମର ଦାବି ପୂରଣ ନହେବା ପର୍ଯ୍ୟନ୍ତ ଜାରି ରହିବ ବୋଲି ଶ୍ରୀ ସାହୁ କହିଥିଲେ। ବିଜୁ ଛାତ୍ର ଜନତା ଦଳର ସଭାପତି ଇପ୍ସିତା ସାହୁ କହିଥିଲେ ଯେ ନିଯୁକ୍ତି ଆଶାରେ ଥିବା ରାଜ୍ୟର ହଜାର ହଜାର ଯୁବକ ଯୁବତୀ ଏବେ ହତାଶ ଅନୁଭବ କରୁଛନ୍ତି। ସେମାନଙ୍କ ଭିତରୁ ଅନେକ ଆମ ସହ ଯୋଗାଯୋଗରେ ଅଛନ୍ତି । ସେମାନଙ୍କୁ ନ୍ୟାୟ ପ୍ରଦାନ ପାଇଁ ବିଜୁ ଯୁବ ଛାତ୍ର ଜନତା ଦଳ ପକ୍ଷରୁ ଏହି ନ୍ୟାୟ ଆନ୍ଦୋଳନ ପାଇଁ ଡକରା ଦେଇଛି। ବିଜେପି ପକ୍ଷରୁ ସରକାରକୁ ଆସିଲେ ଦୁଇ ବର୍ଷରେ ଦେଢ଼ ଲକ୍ଷ ସରକାରୀ ଚାକିରି ଦେବେ ବୋଲି ପ୍ରତିଶ୍ରୁତି ଦିଆଯାଇଥିଲା। କିନ୍ତୁ ଚାକିରି ଦେବା ପରିବର୍ତ୍ତେ ଏବେ ଚାକିରି ବିକ୍ରି କରାଯାଉଛି। ଓଡ଼ିଶାର ଯୁବ ଓ ଛାତ୍ର ମାନେ ଏହି ଅନ୍ୟାୟ ବିରୋଧରେ ସ୍ୱର ଉତ୍ତୋଳନ କରିବେ ଓ ସରକାରଙ୍କୁ ଉଚିତ ଜବାବ ଦେବେ ବୋଲି ସେ କହିଛନ୍ତି।



- ରାଜ୍ୟବ୍ୟାପୀ ଯୁବ, ଛାତ୍ର ବିଜେଡିର 'ନ୍ୟାୟ ଆନ୍ଦୋଳନ' ଡକରା
- ସିବିଆଇ ତଦନ୍ତ ଓ ମୁଖ୍ୟମନ୍ତ୍ରୀଙ୍କ ଇସ୍ତଫା ଦାବିରେ ଆନ୍ଦୋଳନ

**■ ପୁଲିସ ଏସ୍ଆଇ ଚାକିରି ବିକ୍ରି ଘଟଣା**

# କ୍ରାଇମବ୍ରାଞ୍ଚ ଗିରଫଦାରି ଘଟଣାକୁ ଖଣ୍ଡନ କଲେ ଚନ୍ଦନ

ବାଲେଶ୍ୱର, ୮।୧୦(ସମିସ): ପୁଲିସ ଏସ୍ଆଇ ଚାକିରି ବିକ୍ରି ଘଟଣାରେ କ୍ରାଇମବ୍ରାଞ୍ଚ ସାରା ରାଜ୍ୟରେ ତନାଘନା ଚଳାଇଛି। ଏପଟେ ବାଲେଶ୍ୱରରୁ ଉକ୍ତ ଘଟଣାର ଆଜି ଟୁଇଷ୍ଟ ଦେଖିବାକୁ ମିଳିଛି। ଗତ ୬ ତାରିଖରେ ବାଲେଶ୍ୱରର ଚନ୍ଦନ ମଲ୍ଲିକଙ୍କୁ କ୍ରାଇମବ୍ରାଞ୍ଚର ଗିରଫଦାରି ଘଟଣାକୁ ଆଜି ଖୋଦ ଚନ୍ଦନ ଏକ ସାମ୍ବାଦିକ ସମ୍ମିଳନୀରେ ଖଣ୍ଡନ କରିଛନ୍ତି । ସୋରରୁ କ୍ରାଇମବ୍ରାଞ୍ଚ ଗିରଫ କରି ବ୍ରହ୍ମପୁର ଜେଏମ୍ଏଫସି କୋର୍ଟକୁ ଚାଲାଣ କରିବା ଘଟଣା ସମ୍ପୂର୍ଣ୍ଣ ଭିତ୍ତିହୀନ ବୋଲି ସେ ଦର୍ଶାଇଛନ୍ତି।



ଉକ୍ତ ୬ ତାରିଖ ଦିନ ୧୨ଟାରୁ ରାତି ୧୨ଟା ପର୍ଯ୍ୟନ୍ତ ବାଲେଶ୍ୱର ଜିଲ୍ଲାର ଗୋପାଳପୁର ଥାନା ସନ୍ନିକଟ ବଜାର ଅଞ୍ଚଳରେ ବିଭିନ୍ନ କାମରେ ଥିଲେ। ତେବେ କ୍ରାଇମବ୍ରାଞ୍ଚ ତାଙ୍କୁ କେତେବେଳେ ତଦନ୍ତ ପରିସରକୁ ନେଲେ ସେ ନେଇ ଆଶ୍ଚର୍ଯ୍ୟ ପ୍ରକଟ କରିଛନ୍ତି। ସେହିଦିନ ତାଙ୍କର ମୋବାଇଲ ହଜି ଯାଇଥିବାରୁ ସୁଇଚ ଅଫ ଥିଲା ବୋଲି ଗଣମାଧ୍ୟମ ସମ୍ମୁଖରେ ପ୍ରକାଶ କରିଛନ୍ତି। କିନ୍ତୁ ବିଭିନ୍ନ ଗଣମାଧ୍ୟମରେ ତାଙ୍କର ଗିରଫଦାରି ଖବର ପ୍ରକାଶ ପାଇବା ପରେ ସେ ତଥା ତାଙ୍କ ପରିବାର ଚକିତ ହୋଇଯାଇଥିଲେ। ଚନ୍ଦନ ମଲ୍ଲିକ ଜଣେ ସମାଜସେବୀ ଭାବେ ବାଲେଶ୍ୱରରେ ବେଶ ଜଣାଶୁଣା । ସେ ପୁଲିସ ଏସଆଇ ଚାକିରି ବିକ୍ରି ଘଟଣାରେ ଦଲାଲ କାମ ସ୍ୱପ୍ନରେ ବି ଭାବି ନାହାନ୍ତି । ଏଭଳି ତାଙ୍କ ନାଁ କ୍ରାଇମବ୍ରାଞ୍ଚର ଗିରଫଦାରି ତାଲିକାରେ ପ୍ରକାଶ ପାଇବା ସମ୍ପୂର୍ଣ୍ଣ ଭିତ୍ତିହୀନ। ନ୍ୟାୟ ନ ମିଳିଲେ ଜିଲ୍ଲା ଏସପି କାର୍ଯ୍ୟାଳୟ ସମ୍ମୁଖରେ ସପରିବାର ଆତ୍ମାହୁତି ପାଇଁ ସେ ଚେତାବନୀ ଦେଇଛନ୍ତି । ଓଡିଶାରେ ତାଙ୍କୁ ଦଲାଲ ସଜେଇ ଦେଲେ କାହିଁକି ବୋଲି ପ୍ରଶ୍ନ କରିଛନ୍ତି ? ସେ ସମ୍ପୂର୍ଣ୍ଣ ନିର୍ଦୋଷ ବୋଲି ନିଜକୁ ଦର୍ଶାଇଥିବା ବେଳେ ଆଗକୁ ଯଦି ଏନେଇ କୌଣସି ପ୍ରମାଣ ଦେବାକୁ ପଡ଼େ ଯଥେଷ୍ଟ ପ୍ରମାଣ ଯୋଗାଇ ଦେବେ ବୋଲି ଚନ୍ଦନ ଆଜି ଗଣମାଧ୍ୟମକୁ କହିଛନ୍ତି।

## ଜାତୀୟସ୍ତରୀୟ ପଲ୍ଲିଶ୍ରୀ ମେଳା ଉଦ୍‌ଘାଟିତ

# ୧୫ ରାଜ୍ୟର ବ୍ୟବସାୟ ପ୍ରତିଷ୍ଠାନକୁ ସାମଗ୍ରୀ ବିକ୍ରି କରିବାର ସୁଯୋଗ

ଢେଙ୍କାନାଳ,୮ ।୧୦(ସମିସ)




ପ୍ରସିଦ୍ଧ ଗଜଲକ୍ଷ୍ମୀ ପୂଜା ଅବସରରେ ଜିଲ୍ଲା ପ୍ରଶାସନ ଏବଂ ଓର୍‌ମାସର ମିଳିତ ସହଯୋଗରେ ଆୟୋଜିତ ଜାତୀୟସ୍ତରୀୟ ପଲ୍ଲିଶ୍ରୀ ମେଳା ଆଜି ମହିଷାପାଟସ୍ଥିତ ପଲିଶ୍ରୀ ମେଳାପଡ଼ିଆ ଠାରେ ଉଦ୍‌ଘାଟିତ ହୋଇଯାଇଛି । ଆସନ୍ତା ୧୪ ତାରିଖ ପର୍ଯ୍ୟନ୍ତ ଚାଲିବାକୁ ଥିବା ଏହି ପଲ୍ଲିଶ୍ରୀ ମେଳା ଉଦଘାଟନୀ ଉତ୍ସବରେ ପରଜଙ୍ଗ ବିଧାୟକ ବିଭୂତି ଭୂଷଣ ପ୍ରଧାନ, କାମାକ୍ଷାନଗରର ବିଧାୟକ ଶତୃଘ୍ନ ଜେନା, ଜିଲ୍ଲା ପରିଷଦର ଅଧ୍ୟକ୍ଷା ଅର୍ଚ୍ଚନା ପୁହାଣ, ପୌର ଅଧ୍ୟକ୍ଷା ଜୟନ୍ତୀ ପାତ୍ର, ଆଇଏଏସ ପ୍ରୋବେସନ ଭଗତ ସାମଲ କଲ୍ୟାଣ ରାଓ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ପ୍ରସିଦ୍ଧ ଲକ୍ଷ୍ମୀପୂଜା ଅବସରରେ ଆୟୋଜିତ ପଲ୍ଲିଶ୍ରୀ ମେଳା ରାଜ୍ୟ ତଥା ରାଜ୍ୟ ବାହାରର ବିଭିନ୍ନ ଗୃହ ଉପକରଣ ସାମଗ୍ରୀ ବିକ୍ରିର ସୁଯୋଗ ସୃଷ୍ଟି କରିପାରୁଛି ଏବଂ ଜିଲ୍ଲାର କଳାନୈପୁଣ୍ୟ ପ୍ରଦର୍ଶନର ଏକ ଉତ୍କୃଷ୍ଟ ମାଧ୍ୟମ ହୋଇପାରିଛି ବୋଲି ଅତିଥିମାନେ ପ୍ରକାଶ କରିଛନ୍ତି । ଏହି ମେଳା ଆୟୋଜନ ଯୋଗୁଁ ଜିଲ୍ଲାର ଗର୍ବ ଓ ଗୌରବ ବୃଦ୍ଧି ଘଟୁ ଥିବାରୁ ସମସ୍ତେ ଶୃଙ୍ଖଳିତ ହୋଇ ଲକ୍ଷ୍ମୀ ପୂଜା ଉପଭୋଗ କରିବା ସହିତ ପଲ୍ଲିଶ୍ରୀ ମେଳାରେ ବିଭିନ୍ନ ସାମଗ୍ରୀ କିଣିବାକୁ ସମସ୍ତଙ୍କର ସହଯୋଗ କାମନା କରିଥିଲେ। ଏହି ମେଳାରେ ରାଜ୍ୟର ସମସ୍ତ ଜିଲ୍ଲାର ୨୫୦ ଟି ସ୍ୱୟଂ ସହାୟକ ଗୋଷ୍ଠୀ ଓ ୧୫ ଟି ରାଜ୍ୟର ବିଭିନ୍ନ ବ୍ୟବସାୟ ପ୍ରତିଷ୍ଠାନ ଷ୍ଟଲ ମାଧ୍ୟମରେ ବିଭିନ୍ନ ସାମଗ୍ରି ବିକ୍ରିର ସୁଯୋଗ ପାଇଛନ୍ତି ବୋଲି ଜିଲ୍ଲାପାଳ ଆଶିଷ ଈଶ୍ୱର ପାଟିଲ ପ୍ରକାଶ କରିଥିଲେ। ଉତ୍ସବ ପ୍ରାରମ୍ଭରେ ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ଦିପ୍ତି ରଞ୍ଜନ ସେଠୀ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ । ଶେଷରେ ଓରମାସର ଡେପୁଟୀ ସିଇଓ ସୁବଳ ଜେନାମଣି ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ। ଅବନୀ ମିଶ୍ର କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ। ଶେଷରେ ସାଂସ୍କୃତିକ ଅନୁଷ୍ଠାନ- ବାଗଦେବୀ, ଶତରୂପା, ନିତା ନୃତ୍ୟଙ୍ଗନା, ମହିମା ଡ୍ୟାନ୍ସ ଏକାଡେମୀ, ମୟୁର ଏବଂ ସେଲ୍ଫ୍ ହେଲ୍ପ ପକ୍ଷରୁ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା।

## ଜନବସତିରେ ମୁକୁଳା ଟ୍ରାନ୍ସଫର୍ମର



ଭୁବନ,୮ ।୧୦(ସମିସ): ଭୁବନ ବ୍ଲକ୍ ଅଧୀନ ଏକତାଲୀ ପଞ୍ଚାୟତ ନିମେଇପୁର ଛକ ଏବଂ ଜନବସତି ଅଞ୍ଚଳରେ ଏକ ବିଦ୍ୟୁତ ଟ୍ରାନ୍ସଫର୍ମର ମୁକୁଳା ରହିଥିବା ଯୋଗୁ ଏଠାରେ ଜନ ଜୀବନ ପ୍ରତି ବିପଦର ଆଶଙ୍କା ରହିଛି । ଟ୍ରାନ୍ସଫର୍ମରଟି ରାସ୍ତା କଡ଼ରେ ରହିଥିବା ଯୋଗୁ ଗୃହପାଳିତ ପଶୁ ଓ ଜନସାଧାରଣଙ୍କ ପାଇଁ ବିପଦ ସୃଷ୍ଟି କରୁଛି। ଟ୍ରାନ୍ସଫର୍ମର ଚାରିପଟେ ସୁରକ୍ଷାବାଡ଼ ନିର୍ମାଣ କରିବା ପାଇଁ ସ୍ଥାନୀୟଲୋକେ ବାରମ୍ବାର ବିଦ୍ୟୁତ ବିଭାଗର ଦୃଷ୍ଟି ଆକର୍ଷଣ କରିଥିଲେ ମଧ୍ୟ କୌଣସି ପଦକ୍ଷେପ ଗ୍ରହଣ କରାଯାଉ ନାହିଁ। ଏହି ରାସ୍ତା ଦେଇ ପ୍ରତିଦିନ ଛାତ୍ରଛାତ୍ରୀ ବିଦ୍ୟାଳୟ ଯିବାଆସିବା କରୁଛନ୍ତି। ଏହି ରାସ୍ତା ଦେଇ ଛୋଟବଡ଼ ଗାଡି ମଧ୍ୟ ଯିବା ଆସିବା କରିଥିଲେ। ଏହାକୁ ନେଇ ସାଧାରଣରେ ଅସନ୍ତୋଷ ପ୍ରକାଶ ପାଇଛି। ତୁରନ୍ତ ଟ୍ରାନ୍ସଫର୍ମର ଚାରିପଟେ ସୁରକ୍ଷାବାଡ଼ ନିର୍ମାଣ କରିବାକୁ ସ୍ଥାନୀୟ ଲୋକେ ଦାବି କରିଛନ୍ତି।

## ରାଜ୍ୟସ୍ତରୀୟ ପାଲଲହଡ଼ା ଫୁଟବଲ କପ୍



ପାଲଲହଡ଼ା,୮ ।୧୦(ସମିସ): ଅନଗୁଳ ଜିଲ୍ଲା ପାଲଲହଡ଼ା ଷ୍ଟାଡିୟମଠାରେ ଉପଖଣ୍ଡ ସ୍ତରୀୟ ଫୁଟବଲ ଆସୋସିଏଶନ, ପାଲଲହଡ଼ା ଦ୍ୱାରା ୩୭ ତମ ରାଜ୍ୟସ୍ତରୀୟ ପାଲଲହଡା ଫୁଟବଲ କପ ବୁଧବାର ଠାରୁ ଆରମ୍ଭ ହୋଇଯାଇଛି। ପାଲଲହଡ଼ାର ଗଣପର୍ବ ମା ଲକ୍ଷ୍ମୀ ଙ୍କ ପୂଜା ସମୟରେ ରାଜ୍ୟର ବଛାବଛା ଆଠ ଗୋଟି ଦଳକୁ ନେଇ ଏହି ପାଲଲହଡା କପ୍ ଆୟୋଜିତ ହେଉଛି। ପାଲଲହଡ଼ା ବିଧାୟକ ଅଶୋକ ମହାନ୍ତି ମୁଖ୍ୟଅତିଥି ଭାବେ ଯୋଗଦେଇ ଏହି ଖେଳକୁ ଉଦ୍‌ଘାଟନ କରିଥିଲେ। ଉପଖଣ୍ଡ ପୁଲିସ ଅଧିକାରୀ କୈଳାସ ସେଠୀ, କେନ୍ଦ୍ରମନ୍ତ୍ରୀ ତଥା ସମ୍ବଲପୁର ସାଂସଦଙ୍କ ପ୍ରତିନିଧି ଅରୁଣ କୁମାର ସାହୁ, ବରିଷ୍ଠ ନେତା ଲିଙ୍ଗରାଜ ଦାଶ, ଆସୋସିଏସନର ଅଧ୍ୟକ୍ଷ ସୁଧାଂଶୁ କପରଦାର, ବରିଷ୍ଠ ଆଇନଜୀବୀ ତନ୍ମୟ କୁମାର ସାହୁ ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗଦେଇ ଥିଲେ। ଟୁର୍ଣ୍ଣାମେଣ୍ଟର ପ୍ରଥମ ମ୍ୟାଚ୍ ଝାରସୁଗୁଡ଼ା ଏବଂ ରାଉରକେଲା ଦଳ ମଧ୍ୟରେ ଅନୁଷ୍ଠିତ ହୋଇଥିବା ବେଳେ ନିର୍ଦ୍ଧାରିତ ସମୟ ମଧ୍ୟରେ ଖେଳ ଅମୀମାଂସିତ ରହିବାରୁ ପେନାଲ୍ଟି ଶୁଟ୍ ଆଉଟ ମାଧ୍ୟମରେ ରାଉରକେଲା ସେମିଫାଇନାଲ ଖେଳିବାକୁ ଉନ୍ନୀତ ହୋଇଛି। ଦ୍ୱିତୀୟ ମ୍ୟାଚ୍ ବଲାଙ୍ଗିର ଓ ସମ୍ବଲପୁର ମଧ୍ୟରେ ଅନୁଷ୍ଠିତ ହେବ। ସଭାପତି ନୀଳାମ୍ବର ପ୍ରଧାନ, ସାଧାରଣ ସମ୍ପାଦକ ଆଶିଷ ସାମଲ, କୋଷାଧ୍ୟକ୍ଷ ମନମୋହନ ଭୁକ୍ତା, ଈଶ୍ୱର ବେହେରା, ଅଭୟ ନାଏକ, ବସନ୍ତ ବେହେରା, ହିମାଂଶୁ ନହରା ପ୍ରମୁଖ ଖେଳ ପରିଚାଳନାରେ ସହଯୋଗ କରିଥିଲେ।

## ଏଡିଭି ପକ୍ଷରୁ ବାୟୁସେନା ଦିବସ ପାଳିତ



ଅନୁଗୋଳ,୮ ।୧୦(ସମିସ): ଅନୁଗୋଳ ଡିଫେନ୍ସ ଭେଟେରାନସ୍ ପକ୍ଷରୁ ବାସନ୍ତୀ ଦୁର୍ଗା ପୂଜା ପଡ଼ିଆରେ ବାୟୁ ସେନା ଦିବସ ପାଳିତ ହୋଇଯାଇଛି। ପୂର୍ବତନ ସୈନିକ ସଂଘର ସଭାପତି ଅନଜଲ କୁମାର ମହାନ୍ତି ଏହି ସମାରୋହକୁ ଉଦ୍‌ଘାଟନ କରିବା ସହ ଦେଶର ସୁରକ୍ଷାରେ ବାୟୁ ସେନାର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି ବୋଲି କହିଥିଲେ। ଅପରେସନ ବିଜୟ, ଅପରେସନ ସିନ୍ଦୂରରେ ବାୟୁ ସେନାର ଯବାନ ଅସୀମ ବୀରତ୍ୱ ଓ ପରାକ୍ରମ ପ୍ରଦର୍ଶନ କରି ଶତ୍ରୁ ପକ୍ଷକୁ ଧ୍ୱସ୍ତ କରିଦେଇଥିଲେ। ଏବେ ଅଧିକରୁ ଅଧିକ ଯୁବକ ବାୟୁ ସେନାରେ ଯୋଗ ଦେଉଛନ୍ତି , ଯାହାକି ଏକ ଶୁଭଙ୍କର ଲକ୍ଷ୍ୟଣ। ବରିଷ୍ଠ ବାୟୁସେନା ଅଧିକାରୀ ବସନ୍ତ କୁମାର ବେହେରା ସମାରୋହରେ ଯୁଦ୍ଧ ସମୟରେ ତାଙ୍କର ଅଭିଜ୍ଞତା ବର୍ଣ୍ଣନା କରିଥିଲେ। ସମାରୋହରେ ବହୁ ପୂର୍ବତନ ସୈନିକ ଯୋଗ ଦେଇଥିଲେ।

## ରାଜ୍ୟସ୍ତରୀୟ ନବକୃଷ୍ଣ ଜନସେବା ସମ୍ମାନ ଘୋଷିତ



ଅନୁଗୋଳ,୮ ।୧୦(ସମିସ): ସ୍ଥାନୀୟ ନବ ଜୀବନ ମଣ୍ଡଳ ପରିସରରେ ଜିଲ୍ଲା ସାହିତ୍ୟ ସଂସଦର କାର୍ଯ୍ୟକାରୀ କମିଟିର ବୈଠକ ଆୟୋଜିତ ହୋଇଯାଇଛି। ପ୍ରାଧ୍ୟାପକ କୁମୁଦ ଚନ୍ଦ୍ର ଦାସଙ୍କ ପୌରୋହିତ୍ୟରେ ଆୟୋଜିତ ଏହି ବୈଠକରେ ସଂସଦର ସମ୍ପାଦକ ରାଧାକାନ୍ତ ମହାନ୍ତି କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଶୋଭାକର ସ୍ୱାଇଁଙ୍କୁ ରାଜ୍ୟସ୍ତରୀୟ ନବକୃଷ୍ଣ ଜନ ସେବା ସମ୍ମାନ ୨୦୨୫ ପ୍ରଦାନ ନିମନ୍ତେ ସର୍ବସମ୍ମତିକ୍ରମେ ପ୍ରସ୍ତାବ ଗୃହୀତ ହୋଇଥିଲା। ଏହି ପୁରସ୍କାର ପ୍ରଦାନ ସମାରୋହ ଆସନ୍ତା ନଭେମ୍ବର ୨୪ ତାରିଖ ଦିନ ଜିଲ୍ଲା ପାଠାଗାର ଠାରେ ଅନୁଷ୍ଠିତ ହେବ। ଏହି ସଭାରେ ମୁଖ୍ୟ ଅତିଥି ରୂପେ ଡ଼ା ରାମଚନ୍ଦ୍ର ନାୟକ, ଏବଂ ଇଂ ସଞ୍ଜୀୟ କୁମାର ପଣ୍ଡା ମୁଖ୍ୟବକ୍ତା ଭାବେ ଯୋଗ ଦେବାକୁ ସମ୍ମତି ପ୍ରଦାନ କରିଛନ୍ତି। ଏହି ବୈଠକରେ ଆଡ଼ଭୋକେଟ ଯଦୁମଣି ସାହୁ, ଡ଼ା ଦଧିବାମନ ପ୍ରଧାନ, ରମେଶ ଚନ୍ଦ୍ର ମିଶ୍ର, ନିରଞ୍ଜନ ପତି, ଗୋଲାପ ନନ୍ଦ, ଶାନ୍ତିଲତା ରଥ, ଇଂ ଧନେଶ୍ୱର ସାହୁ ଏବଂ ଶିବରାମ ମିଶ୍ର ପ୍ରମୁଖ ଉପସ୍ଥିତ ଥିଲେ। ଏଥିସହ ସମ୍ପାଦକ ରାଧାକାନ୍ତ ମହାନ୍ତି ପାଦଚିହ୍ନ ପତ୍ରିକା ୨୦୨୬ ପାଇଁ ଆଗ୍ରହୀ ଲେଖକମାନଙ୍କୁ ଲେଖା ପଠାଇବା ନିମନ୍ତେ ଅନୁରୋଧ କରିଥିଲେ। ମନୋଜ କୁମାର ବେହେରା ଧନ୍ୟବାଦ୍ ଅର୍ପଣ କରିଥିଲେ।

## କେନ୍ଦ୍ରୀୟ ବିଦ୍ୟାଳୟ ନିର୍ମାଣ ସ୍ଥାନାନ୍ତରିତକୁ ନେଇ ଅସନ୍ତୋଷ

ଖଜୁରିଆକଟା,୮ ।୧୦(ସମିସ): ଢେଙ୍କାନାଳ ଜିଲ୍ଲାର ହିନ୍ଦୋଳ ସଦର ମହକୁମାବାସୀଙ୍କୁ କେନ୍ଦ୍ରୀୟବିଦ୍ୟାଳୟ କ୍ଷେତ୍ରରେ ଠକି ଦିଆଯାଇଥିବା ଆଲୋଚନା ହେଉଛି। କେନ୍ଦ୍ରୀୟ ବିଦ୍ୟାଳୟ ନିର୍ମାଣ ସ୍ଥାନାନ୍ତରିତକୁ ନେଇ ଅଞ୍ଚଳବାସୀଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି। ନିର୍ବାଚନ ପୂର୍ବରୁ ବିଜେପିର ଅନେକ ପ୍ରତିଶ୍ରୁତିମଧ୍ୟରୁ କେନ୍ଦ୍ରୀୟବିଦ୍ୟାଳୟ ନିର୍ମାଣ ଥିଲା ଅନ୍ୟତମ। କେନ୍ଦ୍ରୀୟବିଦ୍ୟାଳୟ ମଧ୍ୟ ସଦରମହକୁମା କିମ୍ବା ସହରାଞ୍ଚଳରେ ହେବାକଥା ମାତ୍ର କେତକ କ୍ଷମତାଲୋଭିଙ୍କ ଇଙ୍ଗୀତରେ ଏହାକୁ ଅନ୍ୟତ୍ର କରାଯିବାକୁ ସ୍ଥିର ହୋଇଛି । ହିନ୍ଦୋଳ ସଦରମହକୁମାରେ କିମ୍ବା ମଧ୍ୟସ୍ଥଳ ସାତମାଇଲ ନିକଟରେ ଏହା ହୋଇଥିଲେ ୮୦ପ୍ରତିଶତ ଜନସାଧାରଣ ଉପକୃତ ହୋଇଥାନ୍ତେ। ମାତ୍ର ଗତ ୩ ତାରିଖରେ କେନ୍ଦ୍ରୀୟ ବିଦ୍ୟାଳୟ କମିଶନଙ୍କ ଚିଠିରେ ସଦର ମହକୁମାକୁ ବାଦଦେଇ ଅନ୍ୟତ୍ର ସିଲେକ୍ସନ କରାଯାଇଥିବା ସ୍ଥାନର ସ୍ଥିତି ଜଣାଇବାପାଇଁ ଚିଠି ହୋଇଥିବା ଶୁଣି ତୀବ୍ର ପ୍ରତିକ୍ରିୟା ଦେଖାଦେଇଛି। ଏପରିକି ସ୍ଥାନୀୟ ଶାସକଦଳର ପ୍ରମୁଖ କାର୍ଯ୍ୟକର୍ତ୍ତା କର୍ମୀମାନେ ମଧ୍ୟ ତୀବ୍ର ଅସନ୍ତୋଷ ଜାହିର କରିଛନ୍ତି। କେନ୍ଦ୍ରୀୟବିଦ୍ୟାଳୟ ସଦରମହକୁମାରେ କର ନ ଗଲେ ଆଗାମୀଦିନରେ ଦଳମତ ନିର୍ବିଶେଷରେ ନିର୍ବାଚିତ ଜନପ୍ରତିନିଧି ମାନଙ୍କୁ ତୀବ୍ର ବିରୋଧ କରାଯିବ ବୋଲି ଜନସାଧାରଣ କହିଛନ୍ତି।

## ଜନ୍ଦାବାହାଲ ଶ୍ମଶାନର ଉନ୍ନତିକରଣ ଦାବି




ତାଲଚେର,୮ ।୧୦(ସମିସ): ତାଲଚେର ବ୍ଲକ୍ ଧରମପୁର ପଞ୍ଚାୟତ ଅନ୍ତର୍ଗତ ଶ୍ମଶାନ ଏବେ ଅସୁରକ୍ଷିତ ଓ ଜରାଜିର୍ଣ୍ଣ ଅବସ୍ଥାରେ ପଡ଼ି ରହିଛି। ଉକ୍ତ ଶ୍ମଶାନର ଚାରିପାଖ ଘଞ୍ଚ ଜଙ୍ଗଲରେ ପରିପୂର୍ଣ୍ଣ ହେବାସହ ଶ୍ମଶାନକୁ ଯିବାକୁ ରାସ୍ତା ଖଣ୍ଡିଏ ନାହିଁ। ଏହା ଫଳରେ ଗ୍ରାମବାସୀ ବିଭିନ୍ନ ସମସ୍ୟାରେ ଛନ୍ଦି ହୋଇପଡୁଛନ୍ତି। ଏହାର ପ୍ରତିକାର ନିମନ୍ତେ ସେମାନେ ବାରମ୍ବାର ପ୍ରଶାସନକୁ ଅଭିଯୋଗ କରିବା ସତ୍ତ୍ୱେ ସୁଫଳ ମିଳୁନାହିଁ। ତେଣୁ ଏହାକୁ ଜିଲ୍ଲା ପ୍ରଶାସନ ବିଚରାକୁ ନେଇ ତୁରନ୍ତ ଉକ୍ତ ଗ୍ରାମଶ୍ମଶାନ ସୁବ୍ୟବସ୍ଥା କରିବାକୁ ଗ୍ରାମବାସୀ ଦାବି କରିଛନ୍ତି।

### ଖଣ୍ଡହତା - ପିପଳବାହାଲ ଗଜଲକ୍ଷ୍ମୀ ପୂଜା

## ବୃଦ୍ଧ ପିତାମାତାଙ୍କ ଯତ୍ନ ନେବାପାଇଁ କଂସଙ୍କ ନିର୍ଦ୍ଦେଶ





କିଶୋରନଗର,୮ ।୧୦(ସମିସ): ପବିତ୍ର ଗଜଲକ୍ଷ୍ମୀ ପୂଜା ଅବସରରେ କିଶୋରନଗର ବ୍ଲକ୍ ଖଣ୍ଡହତା- ପିପଳବାହାଳ ଲକ୍ଷ୍ମୀପୂଜା କମିଟି ତରଫରୁ ଆୟୋଜିତ ଧନୁଯାତ୍ରା କାର୍ଯ୍ୟକ୍ରମର ଦ୍ୱିତୀୟ ଦିବସରେ ଆଜି କୃଷ୍ଣ ଜନ୍ମ , ବିଜୁଳି କନ୍ୟାର ସତର୍କ ବାଣୀ ଓ ପୁତନା ରାକ୍ଷସୀକୁ ଗୋପପୁରକୁ ପ୍ରେରଣ କାର୍ଯ୍ୟକ୍ରମ ମାନ ଅନୁଷ୍ଠିତ ହୋଇଥିଲା। ଏହି ଉତ୍ସବରେ କଂସ ଦରବାରରେ ମୁଖ୍ୟଅତିଥି ଭାବେ ଅନୁଗୋଳ ଜିଲ୍ଲା ପରିଷଦ ଅଧ୍ୟକ୍ଷା ବବିତା ପ୍ରଧାନ, ରାଜଅତିଥି ଭାବେ କିଶୋରନଗର ପଞ୍ଚାୟତ ସମିତି ଉପାଧ୍ୟକ୍ଷ ଲବ ପ୍ରଧାନ, ଜଏରାଟ ସରପଞ୍ଚ ବିଜୟ କୁମାର ରଥ, କିଶୋରନଗର ସ୍ନାତକ ମହାବିଦ୍ୟାଳୟର ଅଧ୍ୟାପକ ଜୟକୃଷ୍ଣ ପ୍ରଧାନ ପ୍ରମୁଖ ଯୋଗଦେଇ ଥିଲେ। ସାଂପ୍ରତିକ ପରିସ୍ଥିତିରେ ବୃଦ୍ଧ ପିତା ମାତା ମାନଙ୍କ ପ୍ରତି ସନ୍ତାନ ମାନଙ୍କ ଚରମ ଅବହେଳାକୁ ନେଇ ମହାରାଜା କଂସ କ୍ଷୋଭପ୍ରକାଶ କରିଥିଲେ। ସୁତରାଂ ବୃଦ୍ଧ ପିତାମାତାଙ୍କ ସେବାଯତ୍ନ ସୂଚାରୁରୂପେ ସମ୍ପାଦନା କରିବାକୁ କଂସ ମହାରାଜ ପ୍ରଜାମାନଙ୍କୁ ନିର୍ଦ୍ଦେଶ ଦେଇଥିଲେ। ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାରପ୍ରାପ୍ତ ଶିକ୍ଷକ ତଥା ଶିଶୁ ସାହିତ୍ୟିକ ସଂଗ୍ରାମ କେଶରୀ ପୃଷ୍ଟି ବିଦୂଷକ ଭୂମିକାରେ ଅବତୀର୍ଣ୍ଣ ହୋଇ ମଞ୍ଚ ପରିଚାଳନା କରିଥିଲେ। ଗତବର୍ଷ ବରଗଡ଼ ଧନୁଯାତ୍ରାରେ କଂସ ଭୂମିକାରେ ଅଭିନୟ କରିଥିବା ଭୁବନେଶ୍ୱର ପ୍ରଧାନଙ୍କ ଚମତ୍କାର ଅଭିନୟ ଦେଖିବାପାଇଁ ଦର୍ଶକମାନଙ୍କ ଭିଡ଼ ଲାଗିରହିଛି। ଏହା ଆସନ୍ତା ୧୪ ତାରିଖ ପର୍ଯ୍ୟନ୍ତ ଚାଲିବ ବୋଲି ପୂଜା କମିଟି ତରଫରୁ ସୂଚନା ଦିଆଯାଇଛି।

## ବିଦ୍ୟାଳୟରେ ପୂଜାକାଳୀନ ସମ୍ମିଳନୀ



ଖଜୁରିଆକଟା,୮।୧୦(ସମିସ): ହିନ୍ଦୋଳ ଉପଖଣ୍ଡ ଖଜୁରିଆକଟା ସରକାରୀ ଉଚ୍ଚ ବିଦ୍ୟାଳୟ ପରିସରରେ ୧୯୮୧ମସିହା ଛାତ୍ରଛାତ୍ରୀଙ୍କୁ ନେଇ ପୂଜାକାଳୀନ ସମ୍ମିଳନ ଅନୁଷ୍ଠିତ ହୋଇଛି। କାର୍ଯ୍ୟକ୍ରମରେ ମଙ୍ଗରାଜ ପ୍ରଧାନ ପୌରହିତ୍ୟ କରି ହିନ୍ଦୋଳ ଉପଖଣ୍ଡରେ ସୁନାମ ରଖିଥିବା ଏହି ବିଦ୍ୟାଳୟର ଉନ୍ନତି କରିବା ସହିତ ପରସ୍ପର ମଧ୍ୟରେ ସମନ୍ୱୟ ରକ୍ଷାକରିବା ପାଇଁ ମତପୋଷଣ କରିଥିଲେ। ପ୍ରାରମ୍ଭରେ ପରିସରରେ ଥିବା ମହାପୁରୁଷଙ୍କ ମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ ପରେ ବିଦ୍ୟାଳୟରେ ବିଦ୍ୟାଦାନ କରି ପରଲୋକ ହୋଇଥିବା ପ୍ରଧାନଶିକ୍ଷକ ସ୍ୱର୍ଗତ ବିଦ୍ୟାଧର ମିଶ୍ର, ସହକାରୀ ଶିକ୍ଷକ ସର୍ବେଶ୍ୱର ମିଶ୍ର, ରାଧାନାଥ ଦାଶ, ଉଗ୍ରସେନ ଗଡନାୟକ, ଭାସ୍କର ଚନ୍ଦ୍ର ସାହୁ, ବିମ୍ବାଧର ପ୍ରଧାନ, କ୍ରୀଡ଼ା ଶିକ୍ଷକ କପିଳ ଚରଣ ସାହୁ, ମୁଖ୍ୟ କିରାଣୀ ସନାତନ ସାହୁ, କାର୍ଯ୍ୟାଳୟ ସହାୟକ ଇନ୍ଦ୍ରମଣି ସାହୁ, ଲୋଚନ ପ୍ରଧାନ ଓ ସହପାଠୀଙ୍କ ମଧ୍ୟରୁ ସ୍ୱର୍ଗତ ରଞ୍ଜିତ କୁମାର ସାହୁ, ନିର୍ମଳ ଚନ୍ଦ୍ର ସାହୁ, ବେଣୁଧର ନାଏକ, ସୁଶାନ୍ତ କୁମାର ପଟ୍ଟନାୟକ, ନଗେନ ପ୍ରଧାନ, ଅଭୟ କୁମାର ପରିଡ଼ା, ମୁରଲୀଧର ସାହୁ, ବାନାମ୍ବର ଦେହୁରୀ, ରେଣୁବାଳା ମାଝୀ, କଲ୍ୟାଣୀ ସାହୁ, ପ୍ରଫୁଲ୍ଲ କୁମାର ଦେହୁରୀ ଓ ଶରତ ଚନ୍ଦ୍ର ସାମଲଙ୍କ ବିୟୋଗରେ ଶ୍ରଦ୍ଧାଞ୍ଜଳି ଜଣାଇ ୨ ମିନିଟ ନିରବ ପ୍ରାର୍ଥନା କରାଯାଇଥିଲା। ପରିସରରେ ଉପାଦେୟ ଚାରାରୋପଣ କରି ବିଦ୍ୟାଳୟ ସୌନ୍ଦର୍ଯ୍ୟକୁ ବଢାଇବା ସହିତ ପ୍ରଧାନଶିକ୍ଷକଙ୍କୁ ଗଠନ ମୂଳକ କାର୍ଯ୍ୟରେ ସହଯୋଗ କରିବା ପାଇଁ ଅନୁରୋଧ କରାଯାଇଥିଲା। ଶେଷରେ ଶଶିଭୂଷଣ ବେହେରା ଧନ୍ୟବାଦ ଅର୍ପଣ କରିଥିଲେ।

## ପାଲଲହଡ଼ା କୃଷକ ଉତ୍ପାଦକ ସଂଗଠନର ବାର୍ଷିକ ବୈଠକ

ପାଲଲହଡ଼ା,୮ ।୧୦(ସମିସ)



ଅନୁଗୁଳ ଜିଲ୍ଲା ପାଲଲହଡ଼ା ବ୍ଲକରେ ନାବାର୍ଡ ସହାୟତା ଓ ସିବିବିଓ ସିନାର୍ଜୀ ଇନଷ୍ଟିଚ୍ୟୁଟ ଅଫ ଇଞ୍ଜିନିୟରିଂ ଆଣ୍ଡ ଟେକ୍ନୋଲୋଜି, ଢେଙ୍କାନାଳର ନିର୍ଦ୍ଦେଶନାରେ ଗଠିତ ପାଲଲହଡ଼ା କୃଷକ ଉତ୍ପାଦକ କମ୍ପାନୀ ଲିମିଟେଡ୍ ର ବାର୍ଷିକ ସାଧାରଣ ସଭା ସ୍ଥାନୀୟ ଝିମିରିପାଲି ଠାରେ ଅନୁଷ୍ଠିତ ହୋଇଯାଇଛି। ଏହି କୃଷକ ଉତ୍ପାଦକ ସଂଗଠନ ରେ ୭୫୦ ରୁ ଅଧିକ ଛୋଟ ଓ ନାମମାତ୍ର ଚାଷୀ ଜଡ଼ିତ ହୋଇ ଥିବାବେଳେ ଚାଷୀମାନଙ୍କ ଆୟ ବୃଦ୍ଧି, ବଜାର ଯୋଗାଯୋଗ ଓ ସଶକ୍ତିକରଣ ପାଇଁ ବିଭିନ୍ନ କୃଷି ଉଦ୍ୟୋଗ କାର୍ଯ୍ୟରତ ଅଛନ୍ତି। ଏହି ସଭାରେ ୩୦୦ ରୁ ଅଧିକ ଚାଷୀ ଉପସ୍ଥିତ ରହି ଗତ ବର୍ଷ ର ଲାଭ କ୍ଷତି,ବ୍ୟବସାୟ ଯୋଜନା, ନୂତନ ସଦସ୍ୟ ସଂଗ୍ରହ, ସାର ଓ ହହଲସେଲ ବ୍ୟବସାୟ ଓ ସରକାରୀ ଯୋଜନା ଉପରେ ଆଲୋଚନା କରାଯାଇଥିଲା। ଏହି ସଭାରେ ଧର୍ମେନ୍ଦ୍ର ମହନ୍ତ ଆଗାମୀ ବର୍ଷ ପାଇଁ ୩ କୋଟି ଟଙ୍କା ବ୍ୟବସାୟ ବୃଦ୍ଧି ଲକ୍ଷ୍ୟ ଘୋଷଣା କରିଥିଲେ। ସଭାରେ ଆଦିତ୍ୟ ନାରାୟଣ ପାତ୍ର ବରିଷ୍ଠ କୃଷିବିଦ୍, ଗୌରୀଶଙ୍କର ସାହୁ ଓ ମାନସ ରଞ୍ଜନ ଦାଶ କୃଷିବିଦ୍ ପ୍ରମୁଖ ଉପସ୍ଥିତ ରହି କୃଷି ଉପରେ ନୂତନ ଜ୍ଞାନ, ବିଜ୍ଞାନ ଆଧାରିତ ଚାଷ, ବଜାର ମୁଖୀ ଉଦ୍ୟମ ଓ କୃଷକ ଉତ୍ପାଦକ ସଂଗଠନର ଭୂମିକା ଉପରେ ଅବଗତ କରାଇଥିଲେ। ସିନାର୍ଜୀ ପକ୍ଷରୁ ଉପସ୍ଥିତ ସିବିବିଓ ଦଳ ଚାଷୀମାନଙ୍କୁ ଆଗାମୀ ଦିନ ରେ ଅଧିକ ସହଯୋଗ, ଶିକ୍ଷା ଓ ବଜାର ସଂଯୋଗ ସୁଯୋଗ ଦେବା ଆଶ୍ୱାସନ ଦେଇଥିଲେ। ଉକ୍ତ କାର୍ଯ୍ୟକ୍ରମ ରେ ପାଲଲହଡ଼ା କୃଷକ ଉତ୍ପାଦକ କମ୍ପାନୀ ର ସମସ୍ତ ବୋର୍ଡ ସଦସ୍ୟ ମାନେ ସକ୍ରିୟ ଅଂଶ ଗ୍ରହଣ କରିଥିଲେ।

# ଅଣ୍ଡା ଚୋରି ଘଟଣାରେ ଦୁଇ ଗିରଫ

ଛେଣ୍ଡିପଦା, ୮ ।୧୦(ସମିସ): ଅନୁଗୋଳ ଜିଲ୍ଲା ଜିଲ୍ଲା ଛେଣ୍ଡିପଦା ଥାନା ଅଞ୍ଚଳରୁ ଅଭିନବ ଉପାୟରେ ଲୁଟ ହୋଇଥିବା ଅଣ୍ଡା ଘଟଣାରେ ପୁଲିସ ପୂର୍ବରୁ ୨ଜଣଙ୍କୁ ଗିରଫ କରିଥିବାବେଳେ ବୁଧବାର ପୁଣି ଦୁଇ ଜଣଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି । ସୂଚନା ଯେ ଭୁବେନେଶ୍ୱର ଏୟାରଫିଲଡ ଥାନା ସୁନ୍ଦରପଦା ଆଜାଦନଗର ଅଞ୍ଚଳର ଅଣ୍ଡା ବ୍ୟବସାୟୀଙ୍କ ଏସ୍‌କେ ଇମ୍ରାନ ଏକ ଗାଡ଼ିରେ ୧ ଲକ୍ଷ୍ୟ ୫୧ ହଜାର ଟଙ୍କାର ୧୨୦ ପେଟି ଅଣ୍ଡା ଲୋଡ କରି ଅନୁଗୋଳ ପଠାଇଥିଲେ । ଗାଡ଼ିଟି ଅନୁଗୋଳ ଆସିବା ପରେ ଅଣ୍ଡା ପାଇଁ ଯୋଗାଯୋଗ କରିଥିବା ବ୍ୟକ୍ତି ଜଣଙ୍କ ଛେଣ୍ଡିପଦା ଥାନା ଦେବଗଡ଼ ଛକ ନିକଟକୁ ଡାକିଥିଲେ । ସେଠାରେ ଟାଟା ଏସିରୁ ଏକ ପିକଅପ ଭ୍ୟାନକୁ ଅଣ୍ଡା ଲୋଡ଼ କରାଯାଇଥିଲା । ଲୋଡ଼ ପରେ ଟାଟାଏସିଗାଡିର ଚାଳକ ଟଙ୍କା ମାଗିବାରୁ ସେ ବ୍ଲକ ଛକରେ ଦେବା ପାଇଁ କହି ଫେରାର ହୋଇ ଯାଇଥିଲେ । ଏନେଇ ଦୀର୍ଘ ସମୟ ଅପେକ୍ଷା କରିବା ପରେ ସେମାନେ ନ ଆସିବାରୁ ଛେଣ୍ଡିପଦା ଥାନାରେ ଲିଖିତ ଅଭିଯୋଗ କରିଥିଲେ । ଅଭିଯୋଗ ପରେ ଛେଣ୍ଡିପଦା ଥାନା ପୁଲିସ ମାମଲା ରୁଜୁ କରିବା ସହିତ ସହିତ ସିସିଟିଭି ଫୁଟେଜ ଯାଞ୍ଚ କରିବା ପରେ କୋଶଳା ଚନ୍ଦନନଗର ମା ତାରିଣୀ ସିମେଣ୍ଟ ଟାଇଲସ ପରିସରରେ ଥିବା ପିକଅପ ଭ୍ୟାନକୁ ଜବତ କରିବା ସହିତ ଗାଁର ଜିନିଅସ ଓ କମଳଲୋଚନଙ୍କୁ ପଚରାଉଚରା କରିବା ପରେ ଗିରଫ କରି କୋର୍ଟ ଚାଲାଣ କରିଥିବାବେଳେ ଏହି ଘଟଣାର ମାଷ୍ଟରମାଇଣ୍ଡ ଫେରାର ଥିଲା । ଏନେଇ ପୁଲିସ ବିଶ୍ୱସ୍ତ ସୂତ୍ରରୁ ଖବର ପାଇ ଏସଆଇ ରାଜେଶ ଶତପଥୀଙ୍କ ନେତୃତ୍ୱରେ ଚଢ଼ଉ କରି ଦେବଗଡ଼ ଜିଲ୍ଲା କୁଣ୍ଡେଗୋଳା ଥାନା ବୁଢାପାଳ ଗାଁର ଦିଲୀପ କୁମାର ନାୟକ ଓ ସମ୍ବଲପୁର ଜିଲ୍ଲା ନାକଟିଦେଉଳ ଥାନା ବସାଲଇ ଗାଁର ସତ୍ୟବ୍ରତ ବେହେରାଙ୍କୁ ପୁଲିସ କୋର୍ଟ ଚାଲାଣ କରିଛି ।

● ନିମ୍ନମାନର କାମଯୋଗୁଁ ପୂର୍ତ୍ତରାସ୍ତା ଶୋଚନୀୟ

# ଦୁଇମାସ ନ ଯାଉଣୁ ଦବିଲାଣି



କିଶୋରନଗର, ୮ ।୧୦(ସମିସ): ରାଜ୍ୟ ସରକାର ଗ୍ରାମାଞ୍ଚଳରେ ଲୋକଙ୍କ ଗମନାଗମନର ସୁବିଧା ପାଇଁ କୋଟି କୋଟି ଟଙ୍କା ବ୍ୟୟକରି ପିଚୁରାସ୍ତା ନିର୍ମାଣ କରୁଛନ୍ତି । ହେଲେ ବିଭାଗୀୟ ଯନ୍ତ୍ରୀ ଓ ଠିକାଦାରଙ୍କ ସଲାସୁତୁରା ଯୋଗୁଁ ନିର୍ମାଣ ହେଉଥିବା ଅନେକ ରାସ୍ତା ନିମ୍ନମାନର ଯୋଗୁଁ ଶୋଚନୀୟ ହୋଇପଡୁଥିବା ଦୃଶ୍ୟ ଦେଖିବାକୁ ମିଳୁଛି । ପ୍ରକାଶ ଯେ କିଶୋରନଗର ବ୍ଲକ ବଇଣ୍ଡା ଠାରୁ ଭାୟା ବଡ଼ହୁଲା ଦେଇ ପାର୍ବତୀପୁର ପର୍ଯ୍ୟନ୍ତ ୨୦୨୫-୨୬ ଆର୍ଥିକ ବର୍ଷରେ ପୂର୍ତ୍ତ ବିଭାଗ ଦ୍ୱାରା ୪. ୯ କିମି ରାସ୍ତା ନିର୍ମାଣ ପାଇଁ ୪ କୋଟି ୨୩ ଲକ୍ଷ ୬୦ ହଜାର ଟଙ୍କା ବ୍ୟୟ ବରାଦ ହୋଇଥିଲା । ଏହି ରାସ୍ତାଟି ଫେବୃଆରୀରେ ଆରମ୍ଭ ହୋଇ ସେପ୍ଟେମ୍ବର ମାସରେ ଶେଷ ହେବା କଥା । ହେଲେ ଠିକାଦାର ନିମ୍ନମାନର କାମକରି ବିଲ୍ ନେଇଯାଇଥିବା ଅଭିଯୋଗ ହୋଇଛି । କାମଟି ଏତେ ନିମ୍ନମାନର ହୋଇଛି ଯେ ରାସ୍ତା ଉପରୁ ପିଚୁ ଉଠିଯିବା ସହ ଅନେକ ସ୍ଥାନରେ ପିଚୁ ଦବିଯାଇଛି । ଏନେଇ ପାର୍ବତୀପୁର ଗ୍ରାମବାସୀ ସୋମବାର ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି । ଏହି ରାସ୍ତା ନିର୍ମାଣର ଭିଜିଲାନ୍ସ ତଦନ୍ତ କରି ସମ୍ପୃକ୍ତ ଠିକାଦାର ବ୍ଲାକ୍ ଲିଷ୍ଟ କରାଯିବା ସହ ସମ୍ପୃକ୍ତ ଯନ୍ତ୍ରୀଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ନେବାକୁ ବୁଦ୍ଧିଜୀବୀ ମହଲରେ ଦାବି ହେଉଛି ।

# ଡାକଘର ତରଫରୁ ଫିଲେଟାଲି ଡେ' ପାଳିତ



ଅନୁଗୋଳ, ୮ ।୧୦(ସମିସ): ଭାରତୀୟ ଡାକ ବିଭାଗ ତରଫରୁ ଜାତୀୟ ଡାକ ସପ୍ତାହ ପାଳିତ ହେଉଛି । ଅନୁଗୋଳ ପ୍ରଧାନ ଡାକଘର ତରଫରୁ ଆଜି ତୃତୀୟ ଦିବସରେ ଅନୁଗୋଳ ଉପଖଣ୍ଡ ରାଣୀଗୋଡା ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଫିଲେଟାଲି ଦିବସ ପାଳନ ହୋଇଛି । ଏଥିରେ ଡାକ ଟିକେଟ ସଂଗ୍ରାହକ ତ୍ରେତାନନ୍ଦ ସାମନ୍ତ ଭାଗ ନେଇଥିଲେ । ତାଙ୍କ ଦ୍ୱାରା ସଂଗ୍ରହ କରା ଯାଇଥିବା ବିଭିନ୍ନ ପ୍ରକାର ପୁରୁଣା ଡାକ ଟିକଟ ପ୍ରଦର୍ଶିତ କରା ଯାଇଥିଲା । ଡାକ ବିଭାଗର ବ୍ୟବସାୟିକ ଅଧିକାରୀ ସୁଜିତ କୁମାର ଦେହୁରୀ, ରାଣୀଗୋଡା ଶାଖା ଡାକଘରର ପୋଷ୍ଟମାଷ୍ଟର ଶୁଭଙ୍କର ପ୍ରଧାନ, ବିଦ୍ୟାଳୟ ପରିଚାଳନା କମିଟି ସଭାପତି ଅନୀଲ ବେହେରା, ପଞ୍ଚ ଶସଖା ଶିକ୍ଷା ସେତୁ ସଭାପତି ପୂର୍ଣ୍ଣଚନ୍ଦ୍ର ସିଂହ ସାମନ୍ତ, ବିଦ୍ୟାଳୟର ପ୍ରଧାନ ଶିକ୍ଷକ ନିରୋଦ କୁମାର ସେନାପତି, ଶିକ୍ଷୟିତ୍ରୀ ନିରୁପମା ସାହୁ, ବବିତା ସାହୁ, ବିନୋଦିନୀ ସାହୁ, ଡାକ ଟିକଟ ବିଷୟରେ ବିଦ୍ୟାଳୟର ଛାତ୍ରଛାତ୍ରୀମାନଙ୍କୁ ଅବଗତ କରିଥିଲେ ।

ବରିଷ୍ଠ ଓକିଲ ପୀତବାସ ପଣ୍ଡାଙ୍କୁ ହତ୍ୟା

# ଆଇନଜୀବୀଙ୍କ କଲମଛାଡ଼ ଆନ୍ଦୋଳନ





ଅନୁଗୋଳ, ୮ ।୧୦(ସମିସ)

ବ୍ରହ୍ମପୁରର ସମାଜସେବୀ ତଥା ବରିଷ୍ଠ ଆଇନଜୀବୀ ପୀତବାସ ପଣ୍ଡାଙ୍କୁ ଗୁଳିକରି ହତ୍ୟା ଘଟଣାର ପ୍ରତିବାଦରେ ଅନୁଗୋଳ ବାର୍ ଆସୋସିଏସ୍‌ନ କଲମ ଛାଡ଼ ଆନ୍ଦୋଳନ, ଶୋକସଭା ଓ କୋର୍ଟ ସମ୍ମୁଖ ମୁଖ୍ୟ ରାସ୍ତା ଅବରୋଧ କରିଛି । ଓଡ଼ିଶା ରାଜ୍ୟ ବାର୍ କାଉନସିଲର ଡାକରାକୁ ସମର୍ଥନ ଜଣାଇ ଏହି କାର୍ଯ୍ୟକ୍ରମ ଗ୍ରହଣ କରାଯାଇଛି । ସଂଘର ସଭାପତି ହିମାଂଶୁ ଭୂଷଣ ସାମଲଙ୍କ ନେତୃତ୍ୱରେ ସମ୍ପାଦକ ଧ୍ରୁବଚରଣ ସାହୁ, ଉପସଭାପତି ପ୍ରତାପ କୁମାର ନାଏକ, ସହ ସମ୍ପାଦକ ପୁରୁଷୋତ୍ତମ ନାୟକ, କୋଷାଧ୍ୟକ୍ଷ ପ୍ରଦୀପ କୁମାର ସେଠୀ, ବରିଷ୍ଠ ଆଇନଜୀବୀ ସୁବାସ ମିଶ୍ର, ମହେନ୍ଦ୍ର କୁମାର ବସ୍ତିଆ, ମାନସ ରଞ୍ଜନ ପ୍ରଧାନ, ଜିତେନ୍ଦ୍ର କୁମାର ସାହୁ, ଦିଲୀପ କୁମାର ଦାସ, ପାର୍ଥସାରଥୀ ପ୍ରଧାନ, ଗୋପାଳ ଚନ୍ଦ୍ର ନାଥ, ପ୍ରଭାକର ବିଷୋୟୀ ପ୍ରମୁଖ ସମେତ ଶତାଧିକ ଆଇନଜୀବୀ ଏହି ଆନ୍ଦୋଳନରେ ସାମିଲ ହୋଇଥିଲେ । ଆଇନଜୀବୀମାନେ ୪୮ ଘଣ୍ଟା ମଧ୍ୟରେ ଅଭିଯୁକ୍ତଙ୍କୁ ଗିରଫ ଏବଂ ମୃତ ଆଇନଜୀବୀଙ୍କ ପରିବାରକୁ ୧ କୋଟି ଟଙ୍କା କ୍ଷତିପୂରଣ ଦାବି କରିଛନ୍ତି ।

**ଛେଣ୍ଡିପଦା :** ଅନୁଗୋଳ ଜିଲ୍ଲା ଛେଣ୍ଡିପଦା ଓକିଲ ସଂଘ ପକ୍ଷରୁ ଆଇନୀଜୀବୀଙ୍କୁ ଗୁଳିକାରୀ ହତ୍ୟା କରାଯାଇଥିବା ପ୍ରତିବାଦରେ କଲମଛାଡ଼ ଆନ୍ଦୋଳନକୁ ଓହ୍ଲାଇଛି ଛେଣ୍ଡିପଦା ଓକିଲ ସଂଘ । ସୂଚନାଯୋଗ୍ୟ ଗଞ୍ଜାମ ଜିଲ୍ଲାର ଆଇନଜୀବୀ ପୀତବାସ ପଣ୍ଡାଙ୍କୁ ଅତି ନିର୍ମମ ଭାବରେ ଗୁଳିକରି ହତ୍ୟା କରାଯାଇଛି । ଏନେଇ ଛେଣ୍ଡିପଦା ଓକିଲ ସଂଘର ସଭାପତି ଦୁର୍ଯ୍ୟୋଧନ ମାଝୀଙ୍କ ନେତୃତ୍ୱରେ ଓକିଲ ସଂଘ ପକ୍ଷରୁ ଏକ ଜରୁରୀକାଳୀନ ବୈଠକ ଅନୁଷ୍ଠିତ ହୋଇଥିଲା । ଏହି ବୈଠକରେ ସମସ୍ତ ଓକିଲମାନେ କଲମ ଛାଡ଼ ଆନ୍ଦୋଳନ କରିବା ପାଇଁ ନିଷ୍ପତ୍ତି ନେଇଥିଲେ । ଏଥିସହ ମୃତକ ଓକିଲଙ୍କ ପରିବାରକୁ ଅନୁକମ୍ପାମୂଳକ ସହାୟତା ପ୍ରଦନ ଓ ହତ୍ୟାକାରୀକୁ ଧରିବା ପାଇଁ ବୈଠକରେ ଦାବି କରିଥିଲେ । ଏହାଉପରେ ଉପଯୁକ୍ତ ତଦନ୍ତ, କାର୍ଯ୍ୟାନୁଷ୍ଠାନ ଗ୍ରହଣ ନକଲେ ଆଗକୁ ଆନ୍ଦୋଳନ ତିବ୍ରତର ହେବ ବୋଲି ଓକିଲ ସଂଘ ପକ୍ଷରୁ ଚେତାବନୀ ଦେଇଛନ୍ତି । ଏହି ଆନ୍ଦୋଳନରେ ସମ୍ପାଦକ ଅଶୋକ କୁମାର ଦ୍ୱିବେଦୀ, ଯତୀନ୍ଦ୍ର କୁମାର କର, ବିଦ୍ୟାଧର ବେହେରା, ବିଜୟ କୁମାର ବେହେରା, ଲକ୍ଷ୍ମୀଧର ଗଡ଼ନାୟକ, ଉତ୍କଳ ପ୍ରଧାନ, ବସନ୍ତ କୁମାର ପ୍ରଧାନ, ଅକ୍ରୁର ଦେହୁରୀ, ସୁଶିଲ କୁମାର ପ୍ରଧାନ, ବାଦଲ୍ କୁମାର ସାହୁଙ୍କ ସମେତ ସଙ୍ଘର ସମସ୍ତ ଓକିଲ ସାମିଲ ହୋଇଥିଲେ ।

**କାମାକ୍ଷାନଗର :** ଗଞ୍ଜାମ ଜିଲ୍ଲାର ଆଇନଜୀବୀ ପୀତବାସ ପଣ୍ଡାଙ୍କୁ ଗୁଳିକରି ହତ୍ୟା କରାଯାଇଛି । ଯାହାକୁ ନେଇ ସାରା ରାଜ୍ୟରେ ଆନ୍ଦୋଳନର ଦାନା ବାନ୍ଧିଲାଣି । ଏହାକୁ ନେଇ କାମାକ୍ଷାନଗର ଓକିଲମାନେ କହିଛନ୍ତି ଏହା ଉପରେ ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ ନକଲେ ଆଗକୁ ଆନ୍ଦୋଳନ ତୀବ୍ରତର ହେବ । ଏହି ଆନ୍ଦୋଳନରେ ସଭାପତି ରଞ୍ଜନ କୁମାର ରାଉତ, ଶେଷ ରଞ୍ଜନ ଦାଶ, ସଞ୍ଜୀବ ସାହୁ, ଅଜିତ ତ୍ରିପାଠୀ, ସଞ୍ଜୟ ମିଶ୍ର, ଜମାଲ ହୋସେନ ଖାଁ, ଅଯୋଧ୍ୟା ଶତପଥୀ, ଅଜିତ ଦାସ, ଅଭୟ ମହାପାତ୍ର, ଅନ୍ତର୍ଯ୍ୟାମୀ ରାଉତ, ରମାକାନ୍ତ ରାଉତ, ସୁଧାଂଶୁ ରଞ୍ଜନ ବରାଳ, ପ୍ରବୋଧ ସାମଲ, ଆଶୁତୋଷ ସାହୁଙ୍କ ସମେତ ଅନ୍ୟମାନେ କରିଥିଲେ ଆନ୍ଦୋଳନ ।

**ଆଠମଲ୍ଲିକ :** ରାଜ୍ୟ ଆଇନଜୀବୀ ପରିଷଦ ସଭ୍ୟ ତଥା ବ୍ରହ୍ମପୁର ଗଞ୍ଜାମ ଓକିଲସଂଘର ବରିଷ୍ଠ ଆଇନଜୀବୀ ପୀତବାସ ପଣ୍ଡା ଙ୍କୁ ହତ୍ୟା କରାଯିବା ଘଟଣାକୁ ନେଇ ବୁଧବାର ଆଠମଲ୍ଲିକ ଓକିଲସଂଘ ପକ୍ଷରୁ ଏକ ଜରୁରୀ ବୈଠକ ଅନୁଷ୍ଠିତ ହୋଇଯାଇଛି । ସଭାପତି ସୁଶାନ୍ତ କୁମାର ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ସ୍ୱର୍ଗତ ଆଇନଜୀବୀ ଶ୍ରୀ ପଣ୍ଡା ଙ୍କ ହତ୍ୟା ଘଟଣା କୁ ସର୍ବସମ୍ମତି ଭାବେ ଦୃଢ ନିନ୍ଦା କରାଯାଇଥିଲା । ସଭାପତି ଶ୍ରୀ ମହାପାତ୍ର ଏକ ଶୋକସଭା ପାଇଁ ପ୍ରସ୍ତାବ ଆଗତ କରିଥିଲେ । ସମ୍ପାଦକ ଅର୍ଜୁନ ରାଉଳ ପ୍ରସ୍ତାବକୁ ସମର୍ଥନ ଜଣାଇଥିଲେ । ଆଇନଜୀବୀମାନଙ୍କ ବୃତ୍ତିକୁ ନେଇ ଘଟୁଥିବା ଏଭଳି ଘଟଣା ଉପରେ ଓକିଲସଂଘର ବରିଷ୍ଠ ଆଇନଜୀବୀ ତଥା ଅତିରିକ୍ତ ପବ୍ଲିକ ପ୍ରସିକ୍ୟୁଟର ଅସିତ ରଞ୍ଜନ ଦେଓ, ବରିଷ୍ଠ ଆଇନଜୀବୀ ଜିତେନ୍ କୁମାର ମିଶ୍ର, ବାମନ କୁମାର ମିଶ୍ର ବିଜୟ କୁମାର ମହାକୁଡ଼ ଓ ଭବାନୀ ପ୍ରସାଦ ଜ୍ୟୋତିଷରାୟ ଏହି ହତ୍ୟାକାଣ୍ଡ ଘଟଣାକୁ ନିନ୍ଦା କରିଥିଲେ । ଓକିଲ ସଂଘ ଉପସଭାପତି ବିଦ୍ୟୁତ କୁମାର ପାଣିଗ୍ରାହୀ, ସ୍ୱତନ୍ତ୍ର ସରକାରୀ ଓକିଲ ଅନ୍ତର୍ଯ୍ୟାମୀ ରାଉଳ, ସରକାରୀ ଓକିଲ ବିଜୟ କୁମାର ଦନ୍ତା, ସରକାରୀ ଓକିଲ ଅବନୀ କୁମାର ଆଚାର୍ଯ୍ୟ, ସୁଧାଂଶୁ କୁମାର ଶତପଥୀ, ଅଲେଖଚନ୍ଦ୍ର କର୍ମୀ, ସୁନୀଲ କୁମାର ଶାସନି, ରାଜେଶ କୁମାର ମିଶ୍ର, ଗଣେଶ ଚନ୍ଦ୍ର କର୍ମୀ, ସନ୍ତୋଷ କୁମାର ତ୍ରିପାଠୀ, ଜିତେନ୍ଦ୍ର କୁମାର ମୁଖି, ରାମଚନ୍ଦ୍ର କର୍ଣ୍ଣ, ମାଧବ ଚନ୍ଦ୍ର ସାହୁ, ଉଗ୍ରସେନ ସେଠୀ, ଲଲାଟେନ୍ଦୁ ଦାଶ, ପୀତବାସ ସାହୁ, ପ୍ରଭାକର କହଁର, ସୁନୀଲ କୁମାର ପ୍ରଧାନ, ସମୀର କୁମାର ପ୍ରଧାନ ପ୍ରମୁଖ ଉପସ୍ଥିତ ଥିଲେ । ଆଠମଲ୍ଲିକ ଓକିଲ ସଂଘର ସମସ୍ତ ଆଇନଜୀବୀ 'ପେନ ଡାଉନ' କରି ସମସ୍ତ କୋର୍ଟ କାର୍ଯ୍ୟରୁ ନିବୃତ୍ତ ରହିଥିଲେ ।





● ଉଦ୍ଧାର ଟଙ୍କାକୁ କେନ୍ଦ୍ରକରି ଛୁରା ମାଡ଼

# ୩ ଗୁରୁତର, ଜଣେ ଗିରଫ



ଛେଣ୍ଡିପଦା, ୮ ।୧୦ ସମିସ): ଅନୁଗୋଳ ଜିଲ୍ଲା ବାଗଡ଼ିଆ ଥାନା ଚାଉଁରିଆପାଳ ଗାଁରେ ଉଦ୍ଧାର ଟଙ୍କାକୁ କେନ୍ଦ୍ରକରି ସାଙ୍ଗର ଛୁରା ମାଡ଼ରେ ୩ ସାଙ୍ଗ ଗୁରୁତର ଘଟଣାରେ ପୁଲିସ ଛୁରା ମାଡ଼ କରିଥିବା ଯୁବକଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି । ଗିରଫ ଯୁବକ ଜଣଙ୍କ ହେଲେ ଚାଉଁରିଆପାଳ ଗାଁର ଲମ୍ବୋଦର ସାହୁ (୩୧) । ପୁଲିସ ସୂତ୍ରରୁ ପ୍ରକାଶ ଖାମର ଗାଁର ପିନୁ ନାୟକ, ସୁକାନ୍ତ ମାଝୀ, କୁକୁରପେଟା ଗାଁ ବିଷ୍ଣୁ ପ୍ରଧାନ ଓ ଚାଉଁରିଆପାଳ ଗାଁର ଲମ୍ବୋଦର ସାହୁ (ବବୁଲ )ଟ୍ରକ ଚାଳକ ଭାବେ କାର୍ଯ୍ୟ କରନ୍ତି । ଦଶହରା ପାଇଁ ଘରକୁ ଆସିଥିବା ବେଳେ ଶନିବାର ସନ୍ଧ୍ୟାରେ ବାଗଡ଼ିଆରେ ମଦ୍ୟପାନ କରିଥିଲେ । ସେଠାରେ ବିଷ୍ଣୁଙ୍କ ଠାରୁ ବୁଲୁ ନେଇଥିବା ୧୫ଶହ ଉଦ୍ଧାର ଟଙ୍କାକୁ କେନ୍ଦ୍ରକରି ଝଗଡ଼ା ହୋଇଥିଲା ଏବଂ କିଛି ସମୟ ପରେ ଉଭୟଙ୍କ ମଧ୍ୟରେ ଝଗଡ଼ାର ଆପୋଷ ସମାଧାନ ହୋଇଥିଲା । ସମାଧାନ ପାରେ ପିନୁ, ସୁକାନ୍ତ ଓ ବିଷ୍ଣୁ ଏକ ଏକ ମୋଟର ସାଇକେଲରେ ଚାଉଁରିଆପାଳ ଗାଁକୁ ଯାଇଥିଲେ । ଲମ୍ବୋଦର ସେମାନଙ୍କୁ ଗାଁରେ ଦେଖି ପୁଣି ଆକ୍ରମଣ କରିବାକୁ ଆସିଥିବା ଭାବି ହାତରେ ଏକ ଛୁରୀ ଧରି ୩ ଜଣଙ୍କୁ ଅତର୍କିତ ଭାବେ ଆକ୍ରମଣ କରି ସେଠାରୁ ଫେରାର ହୋଇଯାଇଥିଲା । ଏହି ଛୁରା ମାଡ଼ରେ ପିନୁ ନାୟକଙ୍କ ମୁହଁ, ହାତ, ନାକ, ଛାତିରେ ଗଭୀର କ୍ଷତ ହୋଇଥିବା ବେଳେ ସୁକାନ୍ତର ପିଠିରେ ଛୁରୀ ବାଜି ଗଭୀର ଆଘାତ ଲାଗିଛି । ସେହିପରି ବିଷ୍ଣୁ ପ୍ରଧାନଙ୍କ ହାତରେ ଛୁରି ବାଜି ଗୁରୁତର ଆହତ ହୋଇ ଘଟଣା ସ୍ଥଳରେ ପଡ଼ିରହିଥିଲେ । ପୁଲିସ ବିଳମ୍ବିତ ରାତିରେ ଘଟଣାସ୍ଥଳରେ ପହଞ୍ଚି ଗୁରୁତରଙ୍କୁ ଉଦ୍ଧାର କରି ଛେଣ୍ଡିପଦା ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରିଥିଲେ । ଅବସ୍ଥା ଗୁରୁତର ଥିବାରୁ ଡାକ୍ତର ତାଙ୍କୁ ଅନୁଗୋଳ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତର କରିଥିଲେ । ଏ ନେଇ ପିନୁ ନାୟକଙ୍କ ବାପା ପ୍ରମୋଦ ନାୟକ ବାଗଡ଼ିଆ ଥାନାରେ ଲିଖିତ ଅଭିଯୋଗ କରିଥିଲେ । ଅଭିଯୋଗକୁ ଭିତ୍ତିକରି ବାଗଡ଼ିଆ ଥାନାରେ ଏକ ମାମଲା ରୁଜୁ କରିବା ସହିତ ବିଶ୍ୱସ୍ତ ସୂତ୍ରରୁ ଖବର ପାଇ ପୁଲିସ ଚଢ଼ଉ କରି ଲମ୍ବୋଦର ସାହୁଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି ।

# ବିଦ୍ୟୁତ୍ ଆଘାତରେ ମହିଳା ମୃତ

କାମାକ୍ଷାନଗର, ୮ ।୧୦(ସମିସ): ଢେଙ୍କାନାଳ ଜିଲ୍ଲା କାମାକ୍ଷାନଗର ଥାନା ବାଲିପଡ଼ା ଗ୍ରାମର ପୁଷ୍ପଲତା ବେହେରା (୪୮) ଙ୍କ ବୁଧବାର ସକାଳେ ବିଦ୍ୟୁତ ଆଘାତରେ ମୃତ୍ୟୁ ଘଟିଛି । ତାଙ୍କର ଘରର ଗ୍ରୀଲରେ ଏକ ତାର ଲାଗି ଗ୍ରୀଲଟି ବିଦ୍ୟୁତ ଚାର୍ଜ ହୋଇଥିଲା । ସେ ଗ୍ରୀଲଟିକୁ ଖୋଲୁଥିବା ସମୟରେ ବିଦ୍ୟୁତ ସଂସ୍ପର୍ଶରେ ଆସିଥିଲେ । ଖବରପାଇ କାମାକ୍ଷାନଗର ପୁଲିସ ମାମଲା ରୁଜୁକରି ତଦନ୍ତ ଆରମ୍ଭ କରିଛି ।

# ବଜ୍ରପାତରେ ଚାଷୀ ମୃତ

କିଶୋରନଗର, ୮ ।୧୦(ସମିସ): ଅନୁଗୋଳ ଜିଲ୍ଲା ଆଠମଲ୍ଲିକ ବ୍ଲକରେ ବୁଧବାର ଅପରାହ୍ନରେ ଘଡ଼ଘଡ଼ି ସହ ବର୍ଷା ହୋଇଥିବା ଦେଖିବାକୁ ମିଳିଛି । ମାଳିପଦର ଗ୍ରାମର ରଞ୍ଜନ ଖମାରୀ (୪୨) ନିକଟସ୍ଥ ଧାନ କ୍ଷେତକୁ ଘାସବାଛି ଯାଇଥିବା ବେଳେ ପ୍ରାୟ ଦିନ ୩ ଟା ସମୟରେ ପ୍ରବଳ ଘଡ଼ଘଡି ସହିତ ବର୍ଷା ହୋଇଥିଲା । ଏହି ସମୟରେ ରଞ୍ଜନ ଖମାରୀ ଧାନ ବିଲରେ ଘାସ ବାଛୁ ଥିବାବେଳେ ପ୍ରଚଣ୍ଡ ବଜ୍ରପାତ ଯୋଗୁଁ ସଞ୍ଜ୍ଞାହୀନ ହୋଇପଡ଼ିଥିଲା । ତାଙ୍କୁ ଗ୍ରାମବାସୀ ସଙ୍ଗେସଙ୍ଗେ ଆଠମଲ୍ଲିକ ଡାକ୍ତରଖାନାକୁ ଆଣିଥିଲେ । ଡାକ୍ତର ସେଠାରେ ତାଙ୍କୁ ମୃତ ଘୋଷଣା କରିଥିଲେ ।


SBI
ଷ୍ଟେଟ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ
କେନ୍ଦ୍ରୀୟ ନିଯୁକ୍ତି ଏବଂ ପଦୋନ୍ନତି ବିଭାଗ,
କର୍ପୋରେଟ୍ କେନ୍ଦ୍ର, ମୁମ୍ବାଇ
ଫୋନ୍: 022-22820427

ଆବେଦନ କରିବା ପାଇଁ QR ସ୍କାନ୍ କରନ୍ତୁ

**ବିଶେଷଜ୍ଞ କ୍ୟାଡର୍ ଅଧିକାରୀମାନଙ୍କର ନିଯୁକ୍ତି ନିୟମିତ ଆଧାରରେ**

ନିମ୍ନଲିଖିତ ପୋଷ୍ଟଗୁଡିକ ପାଇଁ ନିୟମିତ ଆଧାରରେ ଭାରତୀୟ ନାଗରିକମାନଙ୍କ ଠାରୁ ଆବେଦନ ଗୁଡିକ ଗ୍ରହଣ କରାଯାଉଛି:

**ବିଜ୍ଞାପନ ସଂ. CRPD/SCO/2025-26/12 (ନିୟମିତ ପଦବୀ)**

| କ୍ର. ସଂ. | ପୋଷ୍ଟର ନାମ | ଖାଲି ପଦବୀ | ଗ୍ରେଡ୍ | ସର୍ବାଧିକ ବୟସ (01.08.2025 କଟ୍ ଅଫ୍) |
|---|---|---|---|---|
| 1 | ଡେପୁଟି ମ୍ୟାନେଜର (ଅର୍ଥନୀତିଜ୍ଞ) | 03 | ଏମଏମଜିଏସ୍-II | 30 |

**ବିଜ୍ଞାପନ ସଂ. CRPD/SCO/2025-26/14 (ନିୟମିତ ପଦବୀ)**

| କ୍ର. ସଂ. | ପୋଷ୍ଟର ନାମ | ଖାଲି ପଦବୀ | ଗ୍ରେଡ୍ | ସର୍ବାଧିକ ବୟସ (01.10.2025 କଟ୍ ଅଫ୍) |
|---|---|---|---|---|
| 1 | ସହାୟକ ମହାପ୍ରବନ୍ଧକ - (ଉତ୍ପାଦ ଏବଂ ଗବେଷଣା-ଫୋରେକ୍ସ ଏବଂ ରୁପି ଡେରିଭେଟିଭ୍ସ) | 01 | ଏସ୍‌ଏମଜିଏସ୍-V | 45 |
| 2 | ପରିଚାଳକ - (ଉତ୍ପାଦ ଏବଂ ଗବେଷଣା-ଫୋରେକ୍ସ ଏବଂ ରୁପି ଡେରିଭେଟିଭ୍ସ) | 02 | ଏମଏମଜିଏସ୍-III | 36 |
| 3 | ପରିଚାଳକ - (ଗବେଷଣା ବିଶ୍ଳେଷକ) | 04 | ଏମଏମଜିଏସ୍-III | 36 |

ଯୋଗ୍ୟତା ମାନଦଣ୍ଡ (ବୟସ, ଅଭିଜ୍ଞତା, ଜବ୍ ପ୍ରୋଫାଇଲ ଇତ୍ୟାଦି), ଖାଲି ବିବରଣୀ, ଆବଶ୍ୟକ ଫିସ୍ ଏବଂ ଅନ୍ୟାନ୍ୟ ବିବରଣୀ ପାଇଁ ବ୍ୟାଙ୍କର ୱେବସାଇଟ୍ **https://sbi.bank.in/web/careers/current-openings** ଅନଲାଇନ୍ ଆପ୍ଲିକେସନ୍ ଫି ଜମା ଏବଂ ଅନଲାଇନ୍ ଦେୟ ଲିଙ୍କ୍ ସହିତ ଲଗ ଇନ୍ କରନ୍ତୁ । ଆବେଦନ ଏବଂ ଫି ପଠାଇବା ପୂର୍ବରୁ ଯୋଗ୍ୟତା ଏବଂ ଅନ୍ୟାନ୍ୟ ବିବରଣୀ ବିଷୟରେ ସୁନିଶ୍ଚିତ ହେବା ପାଇଁ ବିସ୍ତୃତ ବିଜ୍ଞାପନକୁ ଅନୁସରଣ କରନ୍ତୁ । ଯେକୌଣସି ପ୍ରଶ୍ନ ପାଇଁ ଦୟାକରି ଏହି ଲିଙ୍କ୍ ମାଧ୍ୟମରେ ଆମକୁ ଲେଖନ୍ତୁ: **"CONTACT US" —> "Post Your Query"** ଯାହା ବ୍ୟାଙ୍କର ୱେବସାଇଟ **(https://sbi.bank.in/web/careers/post-your-query)** ରେ ଉପଲବ୍ଧ ।

- **ଅନଲାଇନ୍ ଆବେଦନ ଏବଂ ଫିସ୍ ଦେୟ ପାଇଁ ତାରିଖ: 08.10.2025 ରୁ 28.10.2025 ପର୍ଯ୍ୟନ୍ତ ।**

**ସ୍ଥାନ:** ମୁମ୍ବାଇ
**ତାରିଖ:** 08.10.2025

**ମହା ପ୍ରବନ୍ଧକ (ଆରପି ଆଣ୍ଡ ପିଏମ୍)**


**ରାଜ୍ୟସ୍ତରୀୟ ବନ୍ୟପ୍ରାଣୀ ସପ୍ତାହ**

# ବନ୍ୟପ୍ରାଣୀଙ୍କ ସୁରକ୍ଷାରେ ବନ ସୁରକ୍ଷା ସମିତିର ଭୂମିକା ଗୁରୁତ୍ୱପୂର୍ଣ୍ଣ

ଛେଣ୍ଡିପଦା, ୮ ।୧୦(ସମିସ)



ଅନୁଗୋଳ ବନଖଣ୍ଡ ତଥା ଜରପଡ଼ା ଫରେଷ୍ଟ ରେଞ୍ଜ ଅଧୀନ ଜେରେଙ୍ଗ ବୁଢ଼ୀ ପାହାଡ଼ ବନସୁରକ୍ଷା ସମିତି କାର୍ଯ୍ୟାଳୟ ପରିସରରେ ବୁଧବାର ରାଜ୍ୟ ସ୍ତରୀୟ ବନ୍ୟପ୍ରାଣୀ ସପ୍ତାହ ସମାରୋହ ଅନୁଷ୍ଠିତ ହୋଇଯାଇଛି । ଜେରେଙ୍ଗ ବୁଢ଼ୀ ପାହାଡ ବନ ସୁରକ୍ଷା ସମିତି ସଭାପତି ବୃଷ ବାହନ ଗଡ଼ନାୟକଙ୍କ ସଭାପତିତ୍ୱରେ ଆୟୋଜିତ ଏହି ସଚେତନତା କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଜରପଡ଼ା ଫରେଷ୍ଟ ରେଞ୍ଜ ଅଫିସର ମାଧବ ଚନ୍ଦ୍ର ନାଏକ ଯୋଗ ଦେଇଥିଲେ । ଏହି ଅବସରରେ ବନ୍ୟପ୍ରାଣୀ ସପ୍ତାହ ପାଳନ କରାଯିବାର ଲକ୍ଷ୍ୟ ଉଦ୍ଦେଶ୍ୟ ତଥା ଆବଶ୍ୟକତା ସମ୍ପର୍କରେ ସବିଶେଷ ଭାବେ ଆଲୋଚନା କରିଥିଲେ । ସେହିପରି ଜଙ୍ଗଲ ପରିବେଶ ସାଙ୍ଗକୁ ବନ୍ୟପ୍ରାଣୀ ସୁରକ୍ଷା କ୍ଷେତ୍ରରେ ବନ ସୁରକ୍ଷା ସମିତି ଗୁଡ଼ିକର ଭୂମିକା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ଏବଂ ଜନ ସହଭାଗୀତା ଭିତ୍ତିରେ ବିଭିନ୍ନ ସରକାରୀ କାର୍ଯ୍ୟକ୍ରମ ଓ ଯୋଜନା ରୂପାୟନ କରାଯାଉଛି ବୋଲି ମତ ପ୍ରକାଶ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ପରିବେଶବିତ୍ ତଥା ଦୁର୍ଗାପୁର ବନ ସୁରକ୍ଷା ସମିତି ସଭାପତି ଲମ୍ବୋଦର ସାହୁ ଯୋଗ ଦେଇ ପ୍ରକୃତି ଭାରସାମ୍ୟ ସନ୍ତୁଳନ ରକ୍ଷା ସକାଶେ ବନ୍ୟପ୍ରାଣୀଙ୍କ ସୁରକ୍ଷା ଏକାନ୍ତ ଆବଶ୍ୟକ ବୋଲି କହିଥିଲେ । ଜରପଡ଼ା ଫରେଷ୍ଟର ବସନ୍ତ କୁମାର ଗଡ଼ନାୟକ, ଅନ୍ତୁଳିଆ ସେକ୍ସନ ଫରେଷ୍ଟର ଟିକେଶ୍ୱର୍ ଗଡ଼ନାୟକ, ଭଗୀରଥୀପୁର ବନ ସୁରକ୍ଷା ସମିତି ସଭାପତି ଆର୍ତ୍ତତ୍ରାଣ ସାହୁ, ଯେରେଙ୍ଗ ବନ ସୁରକ୍ଷା ସମିତି ସଭାପତି ବିଜୟ ବେହେରା, ସମ୍ପାଦକ ଜନକ ସାହୁଙ୍କ ସମେତ ସମସ୍ତ ବିଭାଗୀୟ କର୍ମଚାରୀ, ବନସୁରକ୍ଷା ସମିତି ସଦସ୍ୟା ସଦସ୍ୟ କର୍ମକର୍ତ୍ତାମାନେ ଅଂଶଗ୍ରହଣ କରିଥିଲେ । ଏହି ଅବସରରେ ଜଙ୍ଗଲ ବିଭାଗ ଏବଂ ବନ ସୁରକ୍ଷା ସମିତି ମିଳିତ ଉଦ୍ୟମ କ୍ରମେ ଏକ ସଚେତନତା ରାଲୀ ଗ୍ରାମ ପରିକ୍ରମା କରିବା ସହିତ ଗ୍ରାମବାସୀଙ୍କୁ ସଚେତନତା କରିଥିଲେ । ବିଶିଷ୍ଟ ପରିବେଶବିତ୍ ତଥା ବରିଷ୍ଠ ବନ୍ୟପ୍ରାଣୀ ବିତ୍ ବାଙ୍କନିଧି ଦାସ ଯୋଗ ଦେଇ ସଭା ମଞ୍ଚ ପରିଚାଳନା କରିବା ସହ ସ୍ୱାଗତ ଭାଷଣ, ଅତିଥି ପରିଚୟ ପ୍ରଦାନ ସହ ଶେଷରେ ସମସ୍ତଙ୍କୁ ଧନ୍ୟବାଦ୍ ଦେଇଥିଲେ । ଏହି ଅବସରରେ ସ୍ଥାନୀୟ ସମିତି ପକ୍ଷରୁ ଜଙ୍ଗଲ ପରିବେଶ ଓ ବନ୍ୟପ୍ରାଣୀ ସୁରକ୍ଷା ଦିଗରେ ଉଲ୍ଲେଖନୀୟ କାର୍ଯ୍ୟ ତୁଲାଇ ଆସୁଥିବା ଯୋଗୁଁ ଦୁର୍ଗାପୁର ବନସୁରକ୍ଷା ସମିତି ସଭାପତି ଲମ୍ବୋଦର ସାହୁଙ୍କୁ ସମ୍ମାନିତ କରାଯାଇଥିଲା । ଏଥିସହିତ ଆମ ଜଙ୍ଗଲ ଯୋଜନା ଡେଭଲପମେଣ୍ଟ ଅଫିସର ମାନସ ରଞ୍ଜନ ପ୍ରଧାନଙ୍କୁ ମଧ୍ୟ ସମ୍ମାନିତ କରାଯାଇଥିଲା ।

ସକାଳ
THE SAKALA

# ସମ୍ପାଦକୀୟ



ଭୋଟ ଏକ ବନ୍ଧୁକ ପରି। ଏହାର ଉପଯୋଗିତା ବ୍ୟବହାରକାରୀର ଚରିତ୍ର ଉପରେ ନିର୍ଭର କରେ।

-ଟି. ରୁଜଭେଲ୍ଟ

## ଆସ୍ଥାର ସ୍ଖଳନ

ସର୍ବୋଚ୍ଚ ନ୍ୟାୟାଳୟରେ ଶୁଣାଣି ଚାଲିଥିବା ବେଳେ ପ୍ରଧାନ ବିଚାରପତି ଭୂଷଣ ରାମକୃଷ୍ଣ ଗଭାଇଙ୍କ ଉପରକୁ ଜନୈକ ଆଇନଜୀବୀଙ୍କ ଜୋତା ଫିଙ୍ଗିବା ଭଳି ହୀନ ଉଦ୍ୟମ ସମଗ୍ର ଦେଶକୁ ସ୍ତବ୍ଧ ଓ ଚକିତ କରିଛି। ନ୍ୟାୟର ମନ୍ଦିର ରୂପେ ସ୍ୱୀକୃତ ନ୍ୟାୟାଳୟରେ ନ୍ୟାୟମୂର୍ତ୍ତିଙ୍କ ପ୍ରତି ଏଭଳି ଅଭାବନୀୟ ଓ ଆକସ୍ମିକ ଘଟଣା ଏକପକ୍ଷରେ ନ୍ୟାୟ ବ୍ୟବସ୍ଥା ପ୍ରତି ଆସ୍ଥା ଓ ଧୈର୍ଯ୍ୟର ସ୍ଖଳନର ପ୍ରତିଫଳନକୁ ସୂଚିତ କରୁଥିବା ବେଳେ ଅପରପକ୍ଷରେ ଘଟଣାକୁ ଜାତିବାଦ ଓ ଧର୍ମ ସହିତ ଯୋଡ଼ିବାର ଉପକ୍ରମ ମଧ୍ୟ ଆରମ୍ଭ ହୋଇସାରିଛି। ଦଳମତ ନିର୍ବିଶେଷରେ ତୁଙ୍ଗ ନେତୃବୃନ୍ଦ ଏହି ଘଟଣାକୁ ନିନ୍ଦା କରିବା ପରେ ଆପାତତଃ ଘଟଣାର ରାଜନୀତିକରଣ ଆଶଙ୍କା ଦୂର ହୋଇଛି।

ରାକେଶ କିଶୋର ନାମକ ସମ୍ପୃକ୍ତ ଆଇନଜୀବୀଙ୍କ ଏତାଦୃଶ ଅଶୋଭନୀୟ ଆଚରଣକୁ ଯେ ତାଙ୍କର ଧର୍ମୀୟ ଭାବନା ଓ ଅସହିଷ୍ଣୁତା ପ୍ରରୋଚିତ କରିଛି ତାହା ଖୋଦ୍ ତାଙ୍କ ଉଚ୍ଚାରଣରୁ ପ୍ରମାଣିତ ହୋଇଛି। ଘଟଣାର ପୃଷ୍ଠଭୂମି ମଧ୍ୟପ୍ରଦେଶର ଖଜୁରାହୋ ବିଷ୍ଣୁମୂର୍ତ୍ତି ପୁନରୁଦ୍ଧାର ସମ୍ପର୍କିତ ଏକ ଜନସ୍ୱାର୍ଥ ମାମଲା ସହିତ ଜଡ଼ିତ। ଗତ ମାସରେ ମାମଲାର ଶୁଣାଣି ସମୟରେ ପ୍ରଧାନବିଚାରପତି ଏହାକୁ 'ପ୍ରଚାର ସର୍ବସ୍ୱ ମାମଲା' ଭାବେ ଅଭିହିତ କରି ଘଟଣାର ସମାଧାନ ପାଇଁ ବିଷ୍ଣୁ ଭଗବାନ୍‌ଙ୍କୁ ଫେରାଦ ହେବାକୁ ମାମଲା ଦାୟର କରିଥିବା ଆଇନଜୀବୀ ରାକେଶ କିଶୋରଙ୍କୁ କହିଥିଲେ। ଏହାର ପ୍ରତିକ୍ରିୟା ସ୍ୱରୂପ କିଛି ସପ୍ତାହ ପରେ ରାକେଶ ଏଭଳି କାଣ୍ଡ ଭିଆଇଥିଲେ ବୋଲି କୁହାଯାଉଛି। ଏତାଦୃଶ କାର୍ଯ୍ୟକଳାପ ପରେ ପ୍ରଧାନ ବିଚାରପତିଙ୍କ ଉଦ୍ଦେଶ୍ୟରେ ରାକେଶଙ୍କ ମନ୍ତବ୍ୟ ଥିଲା - 'ସନାତନ ଧର୍ମର ଅପମାନକୁ ଭାରତ ବରଦାସ୍ତ କରିବ ନାହିଁ।' ତେଣୁ ସ୍ୱାଭାବିକ ଭାବରେ ଘଟଣାକୁ ଜାତିବାଦର ରଙ୍ଗ ଦେବାକୁ ଉଦ୍ୟମ ହେଉଛି ଏବଂ ଏକଲବ୍ୟଙ୍କଠାରୁ ଆରମ୍ଭ କରି ଆମ୍ବେଦକର ଓ ଗଭାଇଙ୍କୁ ନେଇ ସମାଜତନ୍ତ୍ରର ଏକ ସଂଯୋଗସୂତ୍ରୀ ପରିକଳ୍ପନା ମଧ୍ୟ ଆରମ୍ଭ ହୋଇଛି।

ଘଟଣା ପରେ ପ୍ରଧାନ ନ୍ୟାୟମୂର୍ତ୍ତି ବି ଆର ଗଭାଇ ଦଣ୍ଡିବା ଶକ୍ତି ଥାଇ ମଧ୍ୟ କ୍ଷମା ଆଚରଣ କରି ରାକେଶଙ୍କ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ ନ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଏହା ଭିତରେ କିନ୍ତୁ ଯେଉଁ ପ୍ରଶ୍ନ ଚିହ୍ନଟିଏ ସୃଷ୍ଟି ହୋଇସାରିଛି ତାହା ଅତି ସମ୍ବେଦନଶୀଳ ଓ ଚିନ୍ତା ଉଦ୍ରେକକାରୀ। ଏତାଦୃଶ ଆଚରଣ ବ୍ୟବସ୍ଥା ପ୍ରତି ଆସ୍ଥାର ସ୍ଖଳନକୁ ସୂଚିତ କରୁଛି, ଯାହାର ସୁଦୂରପ୍ରସାରୀ କୁପ୍ରଭାବ ଅରାଜକତାକୁ ଜନ୍ମ ଦେବା ଅସମ୍ଭବ ନୁହେଁ। ତେଣୁ ଏହି ଅବାଞ୍ଛିତ ଅଧ୍ୟାୟର ପୁନରାବୃତ୍ତି ଯେପରି ନ ଘଟେ ସେଥିପ୍ରତି ଗଣତନ୍ତ୍ରର ସମସ୍ତ ସ୍ତମ୍ଭ ଯତ୍ନବାନ ହେବା ବିଧେୟ। ଆଇନଜୀବୀଙ୍କ ଆଚରଣ ନିନ୍ଦନୀୟ, ଏହା ଅନସ୍ୱୀକାର୍ଯ୍ୟ। କିନ୍ତୁ ସର୍ବୋପରି ସମ୍ବିଧାନ ସ୍ୱୀକୃତ ଗୁରୁତ୍ୱପୂର୍ଣ୍ଣ ପଦପଦବୀରେ ଆସୀନ ବିଶିଷ୍ଟ ଓ ଅତିବିଶିଷ୍ଟ ବ୍ୟକ୍ତିତ୍ୱମାନେ ମନ୍ତବ୍ୟ/ରାୟ ଦେବା ବେଳେ ନିଜ ପଦମର୍ଯ୍ୟାଦା, ଅନୁଷ୍ଠାନର ଗରିମା, ସାମ୍ବିଧାନିକ ମୂଲ୍ୟବୋଧ ଯେପରି କ୍ଷୁଣ୍ଣ ନହୁଏ ସେଥିପ୍ରତି ସର୍ବାଦୌ ଯତ୍ନଶୀଳ ହେବା ଆବଶ୍ୟକ। ବିଶେଷକରି ଜାତି-ଧର୍ମ-ସମ୍ପ୍ରଦାୟ ସହିତ ଜଡ଼ିତ ସମ୍ବେଦନଶୀଳ ପ୍ରସଙ୍ଗଗୁଡ଼ିକ ବ୍ୟକ୍ତିଗତ ଭାବନା, ଭାବନା ଓ ଆଦର୍ଶରୁ ଊର୍ଦ୍ଧ୍ୱରେ ରହିଲେ ସମ୍ବିଧାନ ଓ ଆଇନର ଶାସନ ସୁସଂହତ ହେବ। ●

## ଐତିହ୍ୟର ଘରୋଇକରଣ!

ରୁଗ୍ଣ ରାଷ୍ଟ୍ରାୟତ୍ତ ସଂସ୍ଥାର ଘରୋଇକରଣ ଅନୁକ୍ରମରେ ଦେଶର ଐତିହ୍ୟ ଓ ସ୍ମାରକୀଗୁଡ଼ିକର ରକ୍ଷଣାବେକ୍ଷଣ ଦାୟିତ୍ୱ ଘରୋଇ ସଂସ୍ଥା ହାତକୁ ଟେକି ଦେବା ପାଇଁ ବିଚାରବିମର୍ଶ ହେଉଥିବା ସୂଚନା ମିଳିଛି। ଯଦି ଏହା ବାସ୍ତବ ରୂପ ନିଏ ତେବେ ଭାରତୀୟ ଅନନ୍ୟ ସଂସ୍କୃତି ଓ ଗୌରବାବହ ପରମ୍ପରାର ସାକ୍ଷର ବହନ କରୁଥିବା ପ୍ରାଚୀନ କୀର୍ତ୍ତିରାଜିଗୁଡ଼ିକ ବଜାର ଅର୍ଥନୀତିର ଏକ ଅଂଶ ହୋଇଯିବାର ଆଶଙ୍କାକୁ ଏଡ଼ାଇ ଦିଆଯାଇ ନ ପାରେ ବୋଲି ବିଶେଷଜ୍ଞମାନେ ଉଦ୍‌ବେଗ ପ୍ରକାଶ କରିଛନ୍ତି। ଦେଶର ଐତିହ୍ୟ ଓ କୀର୍ତ୍ତିରାଜିର ସୁରକ୍ଷା ପ୍ରତି ରାଷ୍ଟ୍ରର ଏକ ଅଲିଖିତ ଓ ଅପରିହାର୍ଯ୍ୟ ଦାୟିତ୍ୱବୋଧ ରହିଛି। ଅଥଚ ଅର୍ଥ ଓ ମାନବ ସମ୍ବଳ ଅଭାବ ଆଳରେ ସରକାରଙ୍କ ଦାୟିତ୍ୱମୁକ୍ତ ଉଦ୍ୟମ ଅବାଞ୍ଛନୀୟ।

ସମ୍ପ୍ରତି ଦେଶର ପ୍ରାୟ ୩, ୭୦୦ ପ୍ରାଚୀନ କୀର୍ତ୍ତିରାଜି, ସ୍ମାରକୀ ଓ ଐତିହ୍ୟର ରକ୍ଷଣାବେକ୍ଷଣ, ମରାମତି ଓ ପରିଚାଳନା ଦାୟିତ୍ୱ ଭାରତୀୟ ପ୍ରତ୍ନତତ୍ତ୍ୱ ସର୍ବେକ୍ଷଣ ସଂସ୍ଥା(ଏଏସ୍‌ଆଇ) ହାତରେ ନ୍ୟସ୍ତ ଅଛି। ଅପରପକ୍ଷରେ ଏଏସ୍‌ଆଇ ବଜେଟ୍ ବରାଦ ଅର୍ଥ ଖର୍ଚ୍ଚ କରିପାରୁ ନାହିଁ। ଦାୟିତ୍ୱହୀନତା କାରଣରୁ ଦିନକୁ ଦିନ ନିରୁଦ୍ଦିଷ୍ଟ ଐତିହ୍ୟରାଜିର ତାଲିକା ବଢ଼ିବାରେ ଲାଗିଛି। ଏହି ପୃଷ୍ଠଭୂମିରେ ଏଏସ୍‌ଆଇର ପରିଚାଳନାଗତ ଦକ୍ଷତା ବୃଦ୍ଧି ଦିଗରେ ଦୃଷ୍ଟି ନ ଦେଇ ଐତିହ୍ୟସମୂହର ଘରୋଇକରଣ ଯୋଜନା କେତେ ଠିକ୍ ତାହା ବିଚାରଯୋଗ୍ୟ। ପ୍ରସ୍ତାବିତ ଯୋଜନା ଅନୁଯାୟୀ କେତେକ ବଛା ବଛା ସ୍ଥପତିଙ୍କୁ ନେଇ ଏକ କମିଟି ଗଠନ କରାଯିବ। ତା'ସହିତ ବଦାନ୍ୟ ବ୍ୟକ୍ତି ଓ ସଂସ୍ଥାଙ୍କୁ ମଧ୍ୟ ନିବେଶ ପାଇଁ ଅନୁରୋଧ କରାଯିବ। କେଉଁ ଐତିହ୍ୟର ରକ୍ଷଣାବେକ୍ଷଣ ଦାୟିତ୍ୱ କେଉଁ ଘରୋଇ ସଂସ୍ଥାଙ୍କୁ ଦିଆଯିବ ଏବଂ ସମ୍ପୃକ୍ତ ଘରୋଇ ସଂସ୍ଥାଙ୍କୁ କେଉଁ ବଦାନ୍ୟ ବ୍ୟକ୍ତି/ସଂସ୍ଥା ପାଣ୍ଠି ଯୋଗାଇ ଦେବେ ତାହା ଉକ୍ତ ସ୍ଥପତି କମିଟି ସୁପାରିସ କରିବ ଏବଂ ବିହିତ ପରାମର୍ଶ ଦେବ। ଟେଣ୍ଡର ଜରିଆରେ ଘରୋଇ ସଂସ୍ଥାଙ୍କୁ ମନୋନୀତ କରାଯିବ। ଯେଉଁ ସଂସ୍ଥାମାନେ ଟେଣ୍ଡର ପ୍ରକ୍ରିୟାରେ ଯୋଗ୍ୟ ବିବେଚିତ ହେବେ ସେମାନେ ସିଧାସଳଖ ସେମାନଙ୍କ ପସନ୍ଦ ମୁତାବକ ରକ୍ଷଣାବେକ୍ଷଣ ବିଶେଷଜ୍ଞ ଚୟନ କରିପାରିବେ ଏବଂ ସେଠାରେ ସେମାନେ ନିଜକୁ ବିଜ୍ଞାପିତ କରିପାରିବେ। ଐତିହ୍ୟର ରକ୍ଷଣାବେକ୍ଷଣ/ମରାମତିରେ ଖର୍ଚ୍ଚ ରାଶିକୁ ଶତପ୍ରତିଶତ ଟିକସ ରିହାତି ମିଳିବ ଏବଂ ଏବାବଦ ଖର୍ଚ୍ଚ ସେମାନଙ୍କ ସିଏସ୍‌ଆର(କର୍ପୋରେଟ୍ ସୋସିଆଲ୍ ରେସ୍‌ପନ୍ସିବିଲିଟି) ଅଧୀନକୁ ଆସିଯିବ।

ଅତୀତରେ ଦିଲ୍ଲୀର ଐତିହାସିକ ଲାଲ କିଲ୍ଲା ସମେତ କେତେକ ଐତିହ୍ୟର ରକ୍ଷଣାବେକ୍ଷଣ ଦାୟିତ୍ୱ ଘରୋଇ ସଂସ୍ଥାଙ୍କୁ ଦିଆଯିବା ପରେ ବିବାଦ ଉଠିଥିଲା ଏବଂ ଉକ୍ତ ପ୍ରୟାସ ତା'ର ମହତ୍ ଲକ୍ଷ୍ୟ ହରାଇଥିବା ଅଭିଯୋଗ ହୋଇଥିଲା। ବୋଧହୁଏ ସରକାର ଅଭିଜ୍ଞତାରୁ କିଛି ଶିଖିଲେ ନାହିଁ। ଦେଶର ଐତିହ୍ୟ ଓ କୀର୍ତ୍ତିରାଜିର ସୁରକ୍ଷାରେ ଶିଳ୍ପ ସଂସ୍ଥାଙ୍କୁ ଅଂଶୀଦାର କରିବାର ପ୍ରୟାସ ସ୍ୱାଗତଯୋଗ୍ୟ; କିନ୍ତୁ ଏହାର ଫଳଫଳ ଯେ ଐତିହ୍ୟର ବ୍ୟବସାୟୀକରଣ ଓ ବାହ୍ୟ ଶକ୍ତିର ଶ୍ୟେନ ଦୃଷ୍ଟିର ଶିକାରରେ ଅନ୍ତ ନ ହେବ ସେହି ନିଶ୍ଚିତତା କିଏ କରିବ? ●

# ବିକଶିତ ଗ୍ରାମପଞ୍ଚାୟତରେ ମହିଳାଙ୍କ ଭାଗିଦାରୀ

**ଦୋଳଗୋବିନ୍ଦ ପଣ୍ଡା**

ଗୋଟିଏ ବିକଶିତ ରାଜ୍ୟ କହିଲେ ଆମେ ଉତ୍ତମ ପ୍ରାକୃତିକ ଓ ସାମାଜିକ ପରିବେଶ, ଶାନ୍ତି, ମୈତ୍ରୀ ଓ ପ୍ରଗତି ସ୍ୱରୂପ ସମସ୍ତଙ୍କ ପାଇଁ ଶିକ୍ଷା, ସ୍ୱାସ୍ଥ୍ୟ ଓ ରୋଜଗାର ବିଷୟରେ ପରିକଳ୍ପନା କରିଥାଉ। ଜାତିସଂଘ ଦ୍ୱାରା ସ୍ଥିରୀକୃତ ନିରନ୍ତର ବିକାଶ ଲକ୍ଷ୍ୟକୁ ୨୦୩୦ ମସିହା ସୁଦ୍ଧା ହାସଲ କରିବାକୁ ବିଶ୍ୱର ରାଷ୍ଟ୍ରଗୁଡ଼ିକ ସଂକଳ୍ପ ନେଇଛନ୍ତି। ଆମ ରାଜ୍ୟ ମଧ୍ୟ ନିରନ୍ତର ବିକାଶ ହାସଲ କରିବା ନିମନ୍ତେ ସଫଳ ପ୍ରୟାସର ସୂଚନା ଦେଇ ଆସିଛି। ନିତି ଆୟୋଗଙ୍କ ୨୦୨୩ ରିପୋର୍ଟ ଅନୁସାରେ ବହୁମୁଖୀ ଦାରିଦ୍ର୍ୟ ଦୂର କରିବାରେ ଦୃଷ୍ଟାନ୍ତମୂଳକ ସଫଳତା ପାଇଛି। କିନ୍ତୁ ନିରନ୍ତର ବିକାଶ ଲକ୍ଷ୍ୟ କେବଳ ଦାରିଦ୍ର୍ୟ ଦୂର କରିବାରେ ସୀମିତ ନୁହେଁ। ତେଣୁ ନିରନ୍ତର ବିକାଶ ଲକ୍ଷ୍ୟକୁ ବିକେନ୍ଦ୍ରୀକରଣ କରି ଆଞ୍ଚଳିକ ସ୍ତରରେ ଏହାକୁ ହାସଲ କରିବା ପାଇଁ ଭାରତ ସରକାର ୧୭ ଟି ଦୀର୍ଘସ୍ଥାୟୀ ବିକାଶ ଲକ୍ଷ୍ୟକୁ ୯ ଟି ବର୍ଗର ଶ୍ରେଣୀଭୁକ୍ତ କରିଛନ୍ତି। ଏହି ବର୍ଗଗୁଡ଼ିକ ହେଲା ଉନ୍ନତ ଜୀବିକା ଓ ଦାରିଦ୍ର୍ୟ ମୁକ୍ତ ଗ୍ରାମ, ଶିଶୁପ୍ରିୟ ଗ୍ରାମ ପଞ୍ଚାୟତ, ଜଳସମୃଦ୍ଧ ଗ୍ରାମ ପଞ୍ଚାୟତ, ସ୍ୱଚ୍ଛ ଓ ସବୁଜ ଗ୍ରାମ ପଞ୍ଚାୟତ, ସାମାଜିକ ରୂପେ ସୁରକ୍ଷିତ ଗ୍ରାମ, ଭିତ୍ତିଭୂମି ଆତ୍ମନିର୍ଭରଶୀଳ ଗ୍ରାମ, ସୁଶାସନ ଗ୍ରାମ, ଲିଙ୍ଗଗତ ସମାନତା ଭିତ୍ତିକ ବିକାଶ କରୁଥିବା ବା ମହିଳା ହିତୈଷୀ ଗ୍ରାମ ପଞ୍ଚାୟତ।

ମହିଳାମାନଙ୍କର ଆବଶ୍ୟକୀୟ ପ୍ରଗତି ନିମନ୍ତେ ସାମ୍ବିଧାନିକ ବ୍ୟବସ୍ଥା ତଥା ସ୍ୱତନ୍ତ୍ର ଯୋଜନା ମାଧ୍ୟମରେ ପଦକ୍ଷେପ ନିଆଯାଇଛି। ଆମ ରାଜ୍ୟରେ ଗ୍ରାମପଞ୍ଚାୟତ ସ୍ତରରେ ମହିଳାଙ୍କ ପାଇଁ ୫୦ ପ୍ରତିଶତ ଆସନ ସଂରକ୍ଷିତ ରହିଛି। ମହିଳାମାନେ ଅସଂରକ୍ଷିତ ଆସନରେ ମଧ୍ୟ ପ୍ରତିଦ୍ୱନ୍ଦ୍ୱିତା କରିପାରିବେ। ଓଡ଼ିଶା ଗ୍ରାମପଞ୍ଚାୟତ ଆଇନ ଅନୁସାରେ ଯେଉଁଠି ସରପଞ୍ଚ ପଦବୀ ମହିଳାଙ୍କ ପାଇଁ ସଂରକ୍ଷିତ ନୁହେଁ ବା ମହିଳା ସରପଞ୍ଚ ଭାବେ ନିର୍ବାଚିତ ହୋଇନାହାନ୍ତି; ସେଇ ପଞ୍ଚାୟତରେ ନାଏବ୍ ସରପଞ୍ଚ ପଦବୀ ମହିଳାଙ୍କ ପାଇଁ ଉଦ୍ଦିଷ୍ଟ। ତଫସିଲଭୁକ୍ତ ଜାତି, ଜନଜାତି ଓ ପଛୁଆ ବର୍ଗ ପାଇଁ ସଂରକ୍ଷିତ ଆସନଗୁଡ଼ିକ ମଧ୍ୟରୁ ୫୦ ପ୍ରତିଶତ ଆସନ ସେଇ ବର୍ଗର ମହିଳାଙ୍କ ପାଇଁ ଉଦ୍ଦିଷ୍ଟ। ଫଳସ୍ୱରୂପ ବର୍ତ୍ତମାନ ଆମ ଓଡ଼ିଶାରେ ଜିଲ୍ଲା ପରିଷଦରେ ୭୦ ପ୍ରତିଶତ ମହିଳା ଅଧ୍ୟକ୍ଷା ଥିବା ବେଳେ ପଞ୍ଚାୟତ ସମିତିର ଅଧ୍ୟକ୍ଷା ପଦରେ ୬୭ ପ୍ରତିଶତ ଏବଂ ସରପଞ୍ଚ ପଦବୀରେ ୫୬ ପ୍ରତିଶତ ମହିଳା ଅଛନ୍ତି।

ସମାଜରେ ଲିଙ୍ଗଗତ ଭେଦଭାବକୁ ହ୍ରାସ କରିବା ଏବଂ ମହିଳାମାନଙ୍କର ସାମାଜିକ, ରାଜନୈତିକ ଓ ଅର୍ଥନୈତିକ କ୍ଷେତ୍ରରେ ଯୋଗଦାନକୁ ବ୍ୟାପକ କରିବା ନିମନ୍ତେ ପଞ୍ଚାୟତ ସ୍ତରରେ ମହିଳା ସଭା ଆୟୋଜନ ପାଇଁ ଆଇନ ପ୍ରଣୟନ କରାଯାଇଛି। ଗ୍ରାମ ପଞ୍ଚାୟତରେ ଥିବା ୧୮ ବର୍ଷରୁ ଊର୍ଦ୍ଧ୍ୱ ମହିଳା ଭୋଟରଙ୍କୁ ନେଇ ମହିଳା ସଭା ଆୟୋଜନ କରାଯାଏ। ମହିଳା ସଭା ବୈଠକରେ ୨୦ ପ୍ରତିଶତ ଅଧିକ ମହିଳା ଭୋଟର ଅଂଶଗ୍ରହଣ କରିବା ବାଞ୍ଛନୀୟ। ମହିଳା ସଭାରେ ମହିଳାମାନଙ୍କ ପ୍ରଗତି ନିମନ୍ତେ କାର୍ଯ୍ୟ କରୁଥିବା ମହିଳା ଓ ଶିଶୁ ବିକାଶ, ମିଶନ ଶକ୍ତି, ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗର ପ୍ରତିନିଧିତ୍ୱ ଅଛି। ଗୋଟିଏ ଆର୍ଥିକ ବର୍ଷରେ ୪ଟି ମହିଳା ସଭା ଆୟୋଜନର ବ୍ୟବସ୍ଥା ଅଛି। ପ୍ରଥମ ମହିଳା ସଭାର ବିଷୟବସ୍ତୁ ହେଉଛି ସ୍ୱାସ୍ଥ୍ୟ, ପୋଷଣ ଓ ସ୍ୱଚ୍ଛତା। ଦ୍ୱିତୀୟ ମହିଳା ସଭାର ବିଷୟ ହେଉଛି ଶିକ୍ଷା ଓ ଜୀବିକାର ବିକାଶ। ତୃତୀୟ ମହିଳା ସଭାର ବିଷୟ ହେଉଛି ମହିଳାମାନଙ୍କର ସ୍ଥାନୀୟ ସରକାରରେ ଅଂଶଗ୍ରହଣ ଓ ଲିଙ୍ଗଗତ ସମାନତା। ଚତୁର୍ଥ ମହିଳା ସଭାର ବିଷୟ ହେଉଛି ମହିଳାମାନଙ୍କର ବିକାଶ କ୍ଷେତ୍ରରେ ବାଧା ସୃଷ୍ଟି କରୁଥିବା ସାମାଜିକ ଓ ଅନ୍ୟାନ୍ୟ ବ୍ୟବସ୍ଥା ଏବଂ ମହିଳାମାନଙ୍କ ଜୀବନ ଦକ୍ଷତା, ଯାହା ବ୍ୟକ୍ତିଗତ ବିକାଶ, ଶିକ୍ଷା, କର୍ମକ୍ଷେତ୍ରରେ ପ୍ରଗତି ଇତ୍ୟାଦି ଉପରେ ଆଧାରିତ।

ମହିଳା ହିତାଧିକାରୀମାନଙ୍କ ପାଇଁ ମହିଳା ଓ ଶିଶୁ ବିକାଶ ବିଭାଗ ବିଭାଗ ତରଫରୁ ଆଉ ଦୁଇଟି ପ୍ରମୁଖ ଯୋଜନା ଆମର ରାଜ୍ୟରେ କାର୍ଯ୍ୟକାରୀ ହେଉଛି। ସୁଭଦ୍ରା ଯୋଜନାରେ ୧ କୋଟିରୁ ଊର୍ଦ୍ଧ୍ୱ ମହିଳା ସାମିଲ ହୋଇପାରିଛନ୍ତି। ପ୍ରତି ହିତାଧିକାରୀଙ୍କୁ ବର୍ଷକୁ ୧୦,୦୦୦ ଟଙ୍କା ହିସାବରେ ୫ ବର୍ଷରେ ୫୦,୦୦୦ ଟଙ୍କା ହେବାର ବ୍ୟବସ୍ଥା ଅଛି। ସୁଭଦ୍ରା ଯୋଜନାର ମୁଖ୍ୟ ଲକ୍ଷ୍ୟ ହେଉଛି ଆର୍ଥିକ ସହାୟତା ପ୍ରଦାନ କରି ମହିଳାମାନଙ୍କର ଅଧିକାର ବିଷୟରେ ସଚେତନତା ସୃଷ୍ଟି କରିବା, ସ୍ୱାସ୍ଥ୍ୟ ଓ ଶିକ୍ଷାଗତ ସ୍ଥିତିରେ ଉନ୍ନତି ଆଣିବା, ଆର୍ଥିକ ସ୍ୱାଧୀନତା, ଉଦ୍ୟମିତା, ଡିଜିଟାଲ ଆର୍ଥିକ ସାକ୍ଷରତାକୁ ଉତ୍ସାହିତ କରିବା ଏବଂ ବ୍ୟକ୍ତିଗତ ତଥା ବୃତ୍ତିଗତ ଅଭିବୃଦ୍ଧିରେ ସେମାନଙ୍କୁ ସଶକ୍ତ କରିବା। ସେହିପରି ମିଶନ ଶକ୍ତି ବିଭାଗରୁ ମହିଳାମାନଙ୍କ ଜୀବିକା ସାଧନକୁ ପ୍ରୋତ୍ସାହନ ନିମନ୍ତେ ଲକ୍ଷପତି ଦିଦି ସହାୟିକା ଯୋଜନା କାର୍ଯ୍ୟକାରୀ କରାଯାଉଛି। ଏହି ଯୋଜନାରେ ସ୍ୱୟଂ ସହାୟତା ଦଳରେ ସାମିଲ ଥିବା ମହିଳାମାନଙ୍କୁ କୃଷି, ଅଣକୃଷି ଇତ୍ୟାଦି କାର୍ଯ୍ୟକ୍ରମ ମାଧ୍ୟମରେ ବାର୍ଷିକ ୧ଲକ୍ଷ ଟଙ୍କାରୁ ଊର୍ଦ୍ଧ୍ୱ ଆୟ କରିବା ନିମନ୍ତେ ପ୍ରଶିକ୍ଷଣ, ବୈଷୟିକ ସହାୟତା ଓ ବ୍ୟାଙ୍କ ମାଧ୍ୟମରେ ଋଣ ସହାୟତା ପ୍ରଦାନ କରାଯାଉଛି। ଚଳିତ ବର୍ଷ ଜୁନ ୧୮ ତାରିଖ ସୁଦ୍ଧା ୧୬.୬ ଲକ୍ଷ ଲକ୍ଷପତି ଦିଦିଙ୍କୁ ଚିହ୍ନଟ କରାଯାଇଛି। ପ୍ରତ୍ୟେକ ପଞ୍ଚାୟତରେ ଲକ୍ଷପତି ଦିଦିଙ୍କ ମଧ୍ୟରୁ ଅନେକ ସୁଭଦ୍ରା ହିତାଧିକାରୀ ହୋଇଥିବାରୁ ସେମାନଙ୍କୁ ଜୀବିକା ସାଧନ, ସୂକ୍ଷ୍ମ ଉଦ୍ୟୋଗ ସ୍ଥାପନ ଇତ୍ୟାଦି କାମରେ ସହାୟତା କରାଯାଇପାରିବ। ଏତଦ୍‌ବ୍ୟତୀତ ଗ୍ରାମ ପଞ୍ଚାୟତରୁ କାର୍ଯ୍ୟକାରୀ ହେଉଥିବା ମହାତ୍ମା ଗାନ୍ଧୀ ନିଶ୍ଚିତ ଗ୍ରାମୀଣ ରୋଜଗାର ଯୋଜନାରେ ଉଭୟ ସୁଭଦ୍ରା ହିତାଧିକାରୀ ଏବଂ ଲକ୍ଷପତି ଦିଦିଙ୍କ ପାଇଁ ପ୍ରାକୃତିକ ସମ୍ବଳ ଆଧାରିତ କ୍ଷେତ ପୋଖରୀ, ଫଳଦାୟକ ବୃକ୍ଷ ରୋପଣ, ଛେଳି ଘର ଏବଂ ଗାଈ ଗୁହାଳ ଇତ୍ୟାଦି କାର୍ଯ୍ୟକ୍ରମ ହାତକୁ ନିଆଯାଇପାରିବ। ଯେହେତୁ ମହିଳାମାନେ ସଂଗଠିତ ଅଛନ୍ତି ଏବଂ ସେମାନଙ୍କ ଗୋଷ୍ଠୀ ପାଖରେ ପୁଞ୍ଜି ବ୍ୟବସ୍ଥା ଅଛି କୃଷି, ମତ୍ସ୍ୟ, ପଶୁପାଳନ, ଲଘୁ ଉଦ୍ୟୋଗ ଇତ୍ୟାଦି ବିଭାଗ ଗ୍ରାମ ପଞ୍ଚାୟତ ସହିତ ମିଶି ବ୍ୟକ୍ତି ଓ ଗୋଷ୍ଠୀଗତ ଯୋଜନା କଲେ ମହିଳାମାନଙ୍କୁ ଯୋଜନାର ସଫଳତା ଅଧିକ ମିଳିବ।

ଆମ ରାଜ୍ୟରେ ୬୭୯୪ ଟି ଗ୍ରାମ ପଞ୍ଚାୟତସ୍ତରୀୟ ସ୍ୱୟଂ ସହାୟତା ସଂଘ ଅଛି। ଗ୍ରାମ ପଞ୍ଚାୟତ ଓ ପଞ୍ଚାୟତ ସ୍ତରୀୟ ସଂଘର ସମନ୍ୱୟ ପୂର୍ବକ ପଞ୍ଚାୟତରେ ଯୋଜନା ପ୍ରସ୍ତୁତି ଏବଂ କାର୍ଯ୍ୟକାରୀ କରିବାର ପ୍ରକ୍ରିୟାକୁ ସୁଦୃଢ଼ କରାଯାଇପାରିବ। ଗ୍ରାମ ପଞ୍ଚାୟତ ବିକାଶ ଯୋଜନାରେ ଗୋଟିଏ ପଞ୍ଚାୟତ ନିମନ୍ତେ ଗୋଟିଏ ଯୋଜନା ବିଷୟରେ କୁହାଯାଇଛି। ସ୍ୱାସ୍ଥ୍ୟ, ଜଳ ଓ ପରିମଳ, ଜଳସେଚନ ଓ କୃଷି ଇତ୍ୟାଦି ଉପଯୋଜନାଗୁଡ଼ିକୁ ଗ୍ରାମସଭାରେ ଅନୁମୋଦନ ପାଇଁ ପ୍ରସ୍ତାବ ଦିଆଯାଇପାରିବ। ଗ୍ରାମ ପଞ୍ଚାୟତରେ ଥିବା ଲୋକଙ୍କ ପାଇଁ ସ୍ଥାନୀୟ ସରକାର ହେଉଛନ୍ତି ତାଙ୍କ ପଞ୍ଚାୟତ। ଯୋଜନା ପ୍ରସ୍ତୁତି, ତର୍ଜମା ଓ ଅନୁମୋଦନ ପାଇଁ ଗ୍ରାମସଭା ଗଠନର ସାମ୍ବିଧାନିକ ବ୍ୟବସ୍ଥା ଅଛି। ସରକାରଙ୍କ ବିଭିନ୍ନ ବିଭାଗରୁ ସ୍ଥାୟୀ ଓ ଅନୁବନ୍ଧିତ କର୍ମଚାରୀମାନେ ପଞ୍ଚାୟତରେ କାମ କରୁଛନ୍ତି। ଗୋଟିଏ ପଞ୍ଚାୟତରେ ପଞ୍ଚାୟତ ନିର୍ବାହୀ ଅଧିକାରୀ, କନିଷ୍ଠ ଯନ୍ତ୍ରୀ, ଡାଟା ଅପେରେଟର, ଗ୍ରାମ ରୋଜଗାର ସାଥୀ, ମାଷ୍ଟର ବୁକ କିପର, ୪ ରୁ ୫ ଜଣ କମ୍ୟୁନିଟି ମୋବିଲାଇଜର, ପ୍ରାଣୀମିତ୍ର, କୃଷିମିତ୍ର, ଗ୍ରାମସେବକ, ଯୋଗାଣ ସହାୟକ, ୪-୫ ଜଣ ଅଙ୍ଗନବାଡ଼ି କର୍ମୀ ଏବଂ ଆଶାକର୍ମୀ ପ୍ରମୁଖ କାମ କରୁଛନ୍ତି।

ନିରନ୍ତର ବିକାଶ ଲକ୍ଷ୍ୟକୁ ୨୦୩୦ ସୁଦ୍ଧା ଏବଂ ବିକଶିତ ଓଡ଼ିଶାର ଲକ୍ଷ୍ୟକୁ ୨୦୩୬ ସୁଦ୍ଧା ହାସଲ କରିବାକୁ ହେଲେ ଗ୍ରାମ ପଞ୍ଚାୟତ, ଗ୍ରାମ ପଞ୍ଚାୟତସ୍ତରୀୟ ସଂଘ ଏବଂ ଗ୍ରାମ ପଞ୍ଚାୟତରେ କାମ କରୁଥିବା ସରକାରୀ ବିଭାଗୀୟ ଅଧିକାରୀମାନଙ୍କ ମଧ୍ୟରେ ସମନ୍ୱୟ ଏବଂ ମିଳିମିଶି କାମ କରିବାର ଆବଶ୍ୟକତା ଅଛି। ଉଦାହରଣ ସ୍ୱରୂପ ଗୋଟିଏ ଗ୍ରାମରେ ସୁସ୍ଥ ଗ୍ରାମ ଲକ୍ଷ୍ୟ ରଖା ଯାଇଛି ଏବଂ ସେହି ଗ୍ରାମରେ ନିୟମିତ ଟିକାକରଣ, ମହିଳା ଓ ଶିଶୁମାନଙ୍କର ସ୍ୱାସ୍ଥ୍ୟ ପରୀକ୍ଷା ତଥା ପୋଷଣ କାର୍ଯ୍ୟକ୍ରମ ହାତକୁ ନିଆଯାଇଅଛି। ଯଦି ସେହି ଗ୍ରାମରେ ଅନ୍ୟ କୌଣସି ଯୋଜନା ମାଧ୍ୟମରେ ରାସାୟନିକ କୃଷି ପଦ୍ଧତି ମାଧ୍ୟମରେ ଚାଷ କରାଯାଇ କର୍କଟ ସୃଷ୍ଟିକାରକ କୀଟନାଶକ ଫସଲରେ ପ୍ରୟୋଗ କରାଯାଏ ତେବେ ଗାଁର ମାଟି, ପାଣି, ଫସଲରେ ବିଷ ଅଂଶ ରହିଯିବାର ଆଶଙ୍କା ଅଛି, ଯାହାକି ଶିଶୁ, ମହିଳା ଓ ସମସ୍ତଙ୍କ ସ୍ୱାସ୍ଥ୍ୟ ନିମନ୍ତେ ହାନିକାରକ ହେବ। ଏଣୁ ସମୟ ଆସିଛି ସମଗ୍ର ରାଜ୍ୟ ପାଇଁ ମିଳିମିଶି କାମ କରିବା ପାଇଁ ମାର୍ଗଦର୍ଶିକା ଓ ଖସଡ଼ା ପ୍ରସ୍ତୁତି କରିବା। ଏକ ଆହ୍ୱାନପୂର୍ଣ୍ଣ ଲକ୍ଷ୍ୟ ହାସଲ କରିବାକୁ ହେଲେ ଆମକୁ ଅଭିନବ ପନ୍ଥା ଅବଲମ୍ବନ କରିବାକୁ ହେବ। ●

ଭୁବନେଶ୍ୱର, ମୋ: ୮୬୫୮୯୮୬୭୭୭

# ଭୟହୀନ ଅପରାଧ ବନାମ ଭୟଭୀତ ସମାଜ

**ଡକ୍ଟର ବିଶ୍ୱରଂଜନ ଦାସ**

ଏଥର ପାର୍ବଣ ଋତୁ ସମଗ୍ର ଉପକୂଳ ଓଡ଼ିଶାରେ ପାଳୁଛି ସନ୍ତାପର ମହୋତ୍ସବ। ପାଳିତ ଦୁର୍ଗାପୂଜା, କୁମାରୋତ୍ସବ, ଗଜଲକ୍ଷ୍ମୀ ପୂଜା ଇତ୍ୟାଦିର ସାଜସଜ୍ଜାରେ ଉପକୂଳ ଓଡ଼ିଶା ଯେତେବେଳେ ଜାଗଯମଗ କରିବାର ଥିଲା, ସେତିକିବେଳେ ଅଶାନ୍ତି ଅଗ୍ନିର ଆଭା ଏବଂ ଖବରର ଶିରୋନାମାରେ କେବଳ ଗୋଟେ ପରେ ଗୋଟେ ଅପରାଧ ଘଟଣା ଦେଖାଯାଇଥିଲା। ପାର୍ବଣ ଆରମ୍ଭର ପ୍ରଥମ ଦୁଃସମ୍ବାଦ ଭାବେ ନୀତି ଓ ଆଦର୍ଶର ଅସ୍ଥିପଞ୍ଜରାକୁ ଅଧୋନୀତ କରିଦେଲା ପୁଲିସ ଏସ.ଆଇ. ପରୀକ୍ଷା ପ୍ରଶ୍ନପତ୍ର ପ୍ରଘଟ ଘଟଣା। ଆମ ଆଇନ ବ୍ୟବସ୍ଥାର ଗୋଟେ ଗଭୀର ଅସୁସ୍ଥତାର ପରିଚୟ ଦେଲା ଚୌଦ୍ୱାର ଜେଲରୁ ଦୁର୍ଦ୍ଦାନ୍ତ ଅପରାଧୀଙ୍କ ଫେରାର ଖବର। ଅପରାଧୀଠୁ ବଳି ଅପରାଧ ଓ ମାନବିକତା ପ୍ରତି ଆକ୍ରମଣ ହେଲା ଭଦ୍ରକରେ ରାସ୍ତା କଡ଼ରୁ ମାନସିକ ଅସୁସ୍ଥ ମହିଳାଙ୍କୁ ଉଠେଇ ଦୁଷ୍କର୍ମ। କଟକରେ ଜାତିଆଣ ଦଙ୍ଗା, ବାଲେଶ୍ୱରରେ ରାଜରାସ୍ତାରେ ମହିଳାଙ୍କୁ ମାଡ଼ ଓ କର୍ଫ୍ୟୁ, ବ୍ରହ୍ମପୁରରେ ରାଜନେତା ତଥା ଆଇନଜୀବୀଙ୍କୁ ହତ୍ୟା, ପିପିଲିରେ ଚଳନ୍ତା ବସରେ ପଶି ଦୁର୍ବୃତ୍ତର ଆକ୍ରମଣ ପ୍ରଭୃତି ଘଟଣା ମିଶି ଚଳିତ ପାର୍ବଣରେ ମଣିଷ ତିଆରି କରୁଛି ଗୋଟେ ଭୟ ଓ ସନ୍ତାପର ନୂତନ ମହୋତ୍ସବ। ଯେଉଁଠି ମଣିଷ ମଣିଷକୁ ଭୟ କରେ, ଯେଉଁଠି ମାତାପିତା ତାଙ୍କ ସନ୍ତାନକୁ ବାହାରକୁ ପଠାଇବା ପୂର୍ବରୁ ତିନିଥର ଚିନ୍ତା କରନ୍ତି, ସେଇଠି ଆଶା ଓ ଭରସାର ଅସ୍ପଷ୍ଟ ଛାୟା ନିଶ୍ଚୟ ମାଡ଼ି ଯାଇଛି ବୋଲି କହିବାକୁ ହେବ।

ସମ୍ପ୍ରତି ସମାଜର ମନୋବିଜ୍ଞାନ ବିଶ୍ଳେଷଣ କରିବା ନା ନିରାପତ୍ତା ଅଭାବର ଶିକାର ପାଇଁ ସମାଧାନର ପନ୍ଥା ଖୋଜିବା? ଅପରାଧୀ ଭୟଭୀତ ନୁହେଁ, ନିର୍ଦ୍ଦୋଷ ମଣିଷ ଆଜି ଭୟଭୀତ। ଏହି ସମୟରେ ବ୍ୟବସ୍ଥା ପ୍ରତି ଅଙ୍ଗୁଳି ନିର୍ଦ୍ଦେଶ ହେବା ସ୍ୱାଭାବିକ। ପବିତ୍ର ଉତ୍କଳ ଭୂମି ଆଜି ଜନମନର ଗଭୀର ପୀଡ଼ାର ଅସହାୟ ଅଭିବ୍ୟକ୍ତି ପ୍ରକାଶ କରୁଛି। ଅପରାଧୀ ଲୁଚୁଛି ଲାଭର ଖୁଆଡ଼ରେ, ଅର୍ଥ-ପ୍ରତିପତ୍ତି ଓ କ୍ଷମତାର ଉହାଡ଼ରେ। କେବଳ ରାତି ଅନ୍ଧକାରରେ ନୁହେଁ, ଦିନର ଆଲୋକରେ ବି ଅପରାଧ। ପୁଲିସ ଅଧିକାରୀ ବେଶରେ ଅପରାଧ, ନେତାର ହସରେ ଅପରାଧ, ପଦର ଔଦ୍ଧତ୍ୟରେ ବି ଅପରାଧ।

ତେବେ ପ୍ରଶ୍ନ ଉଠେ- ଦୋଷ କ'ଣ ସରକାରର? ନା, ଏହା ସମ୍ପୂର୍ଣ୍ଣ ଭାବେ ନୁହେଁ। ଯଦି ଆମେ ଅନ୍ୟାୟ ଦେଖି ଚୁପ ରହିଲୁ, ଯଦି ଘଟଣାକୁ ଭିଡିଓ କରି ପୋଷ୍ଟ କଲୁ, ଅଥଚ ସାହାଯ୍ୟ କଲୁ ନାହିଁ, ଆମେ ଚାକିରି ପାଇଁ ପ୍ରଘଟ ପ୍ରଶ୍ନପତ୍ର ଉପରେ ଆଶା ରଖିଲୁ, ତେବେ ଦୋଷ କେବଳ ଶାସକର ନୁହେଁ, ନାଗରିକର ମଧ୍ୟ। ସରକାର ଦୋଷୀ ସେତେବେଳେ, ଯଦି ସେ ନୀତି ରକ୍ଷାରେ ଅସଫଳ। କିନ୍ତୁ ଆମେ ଦୋଷୀ ସେତେବେଳେ ଯଦି ସଚେତନତାରେ ଅସଫଳ। ହୁଏତ ବ୍ୟବସ୍ଥାରେ ଅପରାଧୀ ଲୁଚି ଯାଇପାରେ, କିନ୍ତୁ ଲୋକସମାଜ ଯଦି ସତର୍କ ହୁଏ ତା'ର ଆଉ ରକ୍ଷାରକ୍ଷଣ ନଥାଏ। ଏଣୁ ଇଂରାଜୀରେ ଗୋଟେ କଥା ଅଛି- ଦ ୱାର୍ଲ୍ଡ ସଫରସ୍ ନଟ୍ ବିକଜ୍ ଅଫ୍ ଦ ଭାଓଲେନ୍ସ ଅଫ୍ ବ୍ୟାଡ୍ ପିପୁଲ, ବଟ୍ ବିକଜ୍ ଅଫ୍ ଦ ସାଇଲେନ୍ସ ଅଫ୍ ଗୁଡ୍ ପିପୁଲ୍(ଖରାପ ଲୋକଙ୍କ ହିଂସାତ୍ମକ କାର୍ଯ୍ୟକଳାପ ପାଇଁ ନୁହେଁ, ବରଂ ଭଲ ଲୋକଙ୍କ ନିରବତା ପାଇଁ ବିଶ୍ୱ ପୀଡ଼ିତ)। ଅପରାଧୀ ଜଣେ କିମ୍ବା ଦୁଇଜଣ ହୋଇପାରନ୍ତି, କିନ୍ତୁ ତାଙ୍କୁ ଶକ୍ତି ଦିଏ ହଜାର ହଜାର ମଣିଷଙ୍କ ମୌନତା। ଯେତେବେଳେ ଜଣେ ଅପରାଧୀ ଜାଣିପାରେ ଯେ ତା' କାର୍ଯ୍ୟରେ କେହି ମୁହଁ ଖୋଲିବେ ନାହିଁ, ସେ ଭୟହୀନ ହୋଇଯାଏ। ନିରବ ଶାନ୍ତିକାମୀ ଲୋକେ କେବେକେବେ ଭୟରେ ଚୁପ ରହନ୍ତି ତ କେବେକେବେ ସୁବିଧାରେ ଏବଂ ଆଉ କେବେକେବେ 'ଏହା ମୋର ଦାୟିତ୍ୱ ନୁହେଁ' ବୋଲି କହି ଖସିଯା'ନ୍ତି। କିନ୍ତୁ ଏକ ଆପ୍ତବାକ୍ୟ ରହିଛି- 'ମୌନଂ ସମ୍ମତି ଲକ୍ଷଣମ୍' ଅର୍ଥାତ୍ ମୌନତା କେବେ ଶାନ୍ତି ନୁହେଁ, ଏହା ସମ୍ମତିର ଆବରଣ। ଅନ୍ୟାୟ, ଦୁରାଚାର ଓ ଅନୀତି ବରାବର ଚାଲୁଥାଏ। ଯଦି ତାହା ଆମେ ଦେଖିଶୁଣି ଚୁପ୍ ରହୁ, ତେବେ ବୁଝିବାକୁ ହେବ ଆମେ ସେଇ ଅପରାଧର ସାଥୀ।

ଆମ ସମାଜରେ କୌଣସି କଥାରେ ମୁଣ୍ଡ ପୂରାଉ ନଥିବା ଲୋକକୁ ଅନେକ 'ଶାନ୍ତିପ୍ରିୟ' ଆଖ୍ୟା ଦେଇଥା'ନ୍ତି। କିନ୍ତୁ ଶାନ୍ତିକାମୀ ସେ ନୁହେଁ, ଯେ ଚୁପ୍ ରହି ଶାନ୍ତି ରକ୍ଷାକରେ। ଶାନ୍ତିକାମୀ ସିଏ, ଯିଏ ନ୍ୟାୟ ପାଇଁ ସ୍ୱର ଉତ୍ତୋଳନ କରେ। କାରଣ ଯେଉଁ ଶାନ୍ତି ନ୍ୟାୟବିହୀନ, ସେ କେବଳ ଭୟର ନିରବତା। ଅପରାଧ ବଢ଼େ ଯେତେବେଳେ ଶାନ୍ତି ଭୟରେ ଭରିଯାଏ ଏବଂ ନିରବତା ନୀତିରେ ପରିଣତ ହୁଏ। ସମାଜ ଯେଉଁଦିନ ମୁଖା ଖୋଲିବ, ସେହିଦିନ ଗଣ୍ଡଗୋଳକାରୀ ନିଜେ ଚୁପ୍ ହୋଇଯିବ। ପୁରାତନ ନୈତିକତା ଓ ନୂତନ-ନୂତନ ନୀତିର କଥା ଢେର ହେଲାଣି। କିନ୍ତୁ ଆଜିର ପରିପ୍ରେକ୍ଷୀରେ ସମଗ୍ର ଓଡ଼ିଶାରେ ଆବଶ୍ୟକତା ଅଛି ଏକ ନୂତନ ଜାଗରଣର।

ମୋତେ ଲାଗିଲା, ଏଥର ପାର୍ବଣରେ ଦେବୀ ଦୁର୍ଗାଙ୍କର ନୁହେଁ, ମହିଷର ବିଜୟୋତ୍ସବ ଚାଲିଛି। ଯେଉଁଠି ଦେବୀ ଦୁର୍ଗାଙ୍କ ବିଜୟୋତ୍ସବ ପାଳିତ ହେଉଥିଲା, ମହିଷାସୁରର ପରାଜୟରେ ମାନବତାର ଜୟଧ୍ୱନି ଶୁଭୁଥିଲା, ସେହି ଋତୁରେ ଏବେ ଦେଖାଯାଉଛି ଏକ ଅନ୍ୟ ଭୂମି, ଅନ୍ୟ ଦୃଶ୍ୟ। ସେଠାରେ ମହିଷାସୁର ହେଉଛି ବିଜେତା, ଦେବୀ ନିରବଦ୍ରଷ୍ଟା। ଦେବୀଙ୍କ ନ୍ୟାୟର ଅସ୍ତ୍ର ଯେମିତି ନିଷ୍ପ୍ରଭ। ଏଠି ରାବଣପୋଡ଼ି ହେଉନି ତ ମଣିଷର ହୃଦୟ ଜଳିପୋଡ଼ି ଯାଉଛି। ଉତ୍ସବର ଉଜ୍ଜ୍ୱଳ ଆଲୋକ ତଳେ ଯେଉଁ ଛାୟା ବଢ଼ୁଛି, ତାକୁ ଦେଖିବାର ସାହସ କାହାରି ନାହିଁ। ମଣିଷ ହୋଇ ଅପରାଧକୁ ଦେଖି ମୁହଁ ଘୁଞ୍ଚାଉଛୁ ଏବଂ ସତ୍ୟକୁ ଯେତିକି ପରିମାଣରେ 'ଲାଇକ୍'(ପସନ୍ଦ) କରୁଛୁ, ସେତିକି ମାତ୍ରାରେ ସମର୍ଥନ କରୁନାହୁଁ। ଆମେ ସଭ୍ୟ, ଅଥଚ ସହିଷ୍ଣୁ ନୁହେଁ, ଭୀତ। ସେଥିପାଇଁ ଏଥର ଦେବୀମୂର୍ତ୍ତି ଅଳଙ୍କାରରେ ଶୋଭିତ ହେଲେ ମଧ୍ୟ ତାଙ୍କ ମୁଖରେ ଯେମିତି ହସ ନିର୍ବାପିତ।

ଆଗକୁ ଆସୁଛି ଦୀପାବଳୀ। ଯେତେବେଳେ ଆମେ ଦୀପାବଳୀର ଦୀପ ଜଳାଉ, ତାହା ଜଳେନି କେବଳ ଅନ୍ଧକାର ହଟାଇବା ପାଇଁ। ତାହା ଜଳେ ଆମ ଅନ୍ତଃକରଣର ଆଲୋକକୁ ତିଆରି କରିବା ପାଇଁ। ଏଣୁ ଏ 'ସନ୍ତାପମହୋତ୍ସବ' ଏଣିକି 'ସଚେତନତାମହୋତ୍ସବ'ରେ ପରିଣତ ହେଉ। ସରକାର ହୁଅନ୍ତୁ, ନାଗରିକ ହୁଅନ୍ତୁ କି ଜନମାଧ୍ୟମ, ସମସ୍ତଙ୍କୁ ଜାଗି ଉଠିବାକୁ ହେବ। ନଚେତ୍ ଓଡ଼ିଶା ତା'ର ଅନ୍ଧକାରକୁ ଆଲୋକ ଭାବି ଗୋଟେ ଏକ ନୂତନ ଭୁଲ୍ ଇତିହାସ ଲେଖିଦେବ। ●

(ଅଧ୍ୟାପକ, ବିଭାଗମୁଖ୍ୟ, ବିଏନ୍‌ଏମ୍‌ଏ କଲେଜ)
ପାଳିଆବିନ୍ଧା(ଭଦ୍ରକ) ମୋ: ୬୩୭୧୪୩୦୫୬୩

# ରହସ୍ୟ-ଉନ୍ମୋଚକ: ମାନସହଂସ ବୈକୁଣ୍ଠନାଥ

**ପ୍ରଫେସର ମଣୀନ୍ଦ୍ର କୁମାର ମେହେର**

**ସାହିତ୍ୟ ସରିତ୍**

ସାହିତ୍ୟ-ତତ୍ତ୍ୱରେ ବର୍ଣ୍ଣିତ ଅଛି ରହସ୍ୟବାଦ। କବିଗୁରୁ ରବୀନ୍ଦ୍ରନାଥଙ୍କ 'ଗୀତାଞ୍ଜଳି'ଠାରୁ ଆରମ୍ଭ କରି ବୈକୁଣ୍ଠନାଥ ପଟ୍ଟନାୟକଙ୍କ 'ଉତ୍ତରାୟଣ' ପର୍ଯ୍ୟନ୍ତ କେତେ ଯେ କବିତାକୁ ତତ୍ତ୍ୱଜ୍ଞ ସୁଧୀ-ସମାଲୋଚକବୃନ୍ଦ ରହସ୍ୟବାଦୀ କବିତା ବୋଲି ଅଭିହିତ କରିଛନ୍ତି, ତାହା ଚେତନାଦୀପ୍ତ ପାଠକମାନେ ଜାଣିଛନ୍ତି ନିଶ୍ଚୟ। ତେବେ ମନରେ ଏକ ତାତ୍ପର୍ଯ୍ୟପୂର୍ଣ୍ଣ ପ୍ରଶ୍ନ ଉଠେ ଯେ, ଏହିସବୁ କବିତାରେ କେଉଁଠି ରହିଛି ରହସ୍ୟ? ବୈକୁଣ୍ଠନାଥ ସବୁଜଧାରାର ମାର୍ମିକ କବି। କେତେ ମଧୁରତା ଭରି ରହିଛି କବିତାରେ ତାଙ୍କରି! ପୃଥିବୀର କେଉଁ ଦୃଶ୍ୟ ଅବା ତାଙ୍କୁ ସ୍ୱପ୍ନାଚ୍ଛନ୍ନ କରି ନ ଦେଇଛି! କେଉଁ ମହାପୁରୁଷଙ୍କ ଚେତନାରେ ସେ ଉଦ୍‌ବୁଦ୍ଧ ହୋଇ ନାହାନ୍ତି! ଜୀବନର କେଉଁ କ୍ଷଣ ପୁଣି ସୃଜନାତ୍ମକ ନଥିଲା ତାଙ୍କ ପାଇଁ! ବର୍ଷାଧାରା ଦେଖି ବିଗଳିତ କଣ୍ଠରେ ଗାଇ ଉଠିଲେ ସେ -

'ଆକାଶ ପବନ ସମ ହେଲି ପୁଲକିତ, ମୁକ୍ତ ତୁମରି ଛନ୍ଦେ ଗାଇଲି ଗୀତ / ଛିନ୍ନ ହେଲା ମୋ ଶତ ଜଞ୍ଜାଳ, ଛିନ୍ନ ହେଲା ମୋ ବନ୍ଧନ ଜାଲ ଛିନ୍ନ ସକଳ ସୀମା ଶୃଙ୍ଖଳ / ମୁକ୍ତ ହେ ତୁମ ଆଗେ, ନବ ବରଷାର ଅନୁରାଗେ।'

'ଅରୁଣଶ୍ରୀ', 'କାବ୍ୟ ସଂଚୟନ', 'ଉପେକ୍ଷିତା', 'ମୁକ୍ତି ପଥେ', 'ମୋ ଜୀବନ କଥା' ଆଦିରେ ତାଙ୍କ ଜୀବନାନୁରାଗ ଓ ସୌନ୍ଦର୍ଯ୍ୟାନୁଭବର ବୈଚିତ୍ର୍ୟ ନାନବିଧ ରଙ୍ଗରେ ପାଠକ ଆତ୍ମାକୁ ପ୍ରଦାନ କରିଛି ମଧୁର ଆଶ୍ଳେଷ। ବୁଦ୍ଧ, ଗାନ୍ଧୀ, ଯୀଶୁ, ମୀରାବାଈ, ଗର୍କୀ, ରୋମାଁରୋଲାଁଙ୍କ ଠାରୁ ଆରମ୍ଭ କରି ଆଇଜାକ ସାନ୍ତ୍ରା, ରିକ୍ସାବାଲାଙ୍କ ପର୍ଯ୍ୟନ୍ତ କେତେ ଅସାମାନ୍ୟ ବ୍ୟକ୍ତିତ୍ୱକୁ ସେ ରୂପାୟିତ କରିଛନ୍ତି। ସାହିତ୍ୟ ସମୀକ୍ଷକମାନେ ସେଥିପାଇଁ ତାଙ୍କୁ 'ସବୁଜ ଯୁଗ'ର କବି ବୋଲି ପ୍ରତିପାଦନ କରିବା ସଂଗେସଂଗେ, ସେ ମଧ୍ୟ 'ପ୍ରଗତିବାଦୀ ଯୁଗ'ର କବି ବୋଲି ସ୍ୱୀକାର କରିଛନ୍ତି। ଭଗବତୀ ଚରଣ ପାଣିଗ୍ରାହୀଙ୍କ ବିଷୟରେ ଲେଖିବା ପାଇଁ ବି ଚଳଚଞ୍ଚଳ ହୋଇ ଉଠିଛି ତାଙ୍କ କଲମ। ଅଭିନବ ସାମ୍ୟବାଦକୁ ସେ ସ୍ୱାଗତ କରନ୍ତି।

ବୈକୁଣ୍ଠଙ୍କ କବିତା ଗ୍ରନ୍ଥ ଭିତରେ କି ଯାଦୁଅଛି! ଯେଉଁମାନେ ନୈରାଶ୍ୟ ନିପୀଡ଼ିତ, ଶୋକଜର୍ଜରିତ, ହତାଶାବୋଧରେ ଅବସନ୍ନ, ବ୍ୟର୍ଥତାର ବ୍ୟାଧିରେ ଯେଉଁମାନଙ୍କ ଜୀବନ ମନେହେଉଛି ବିଷାଦଗ୍ରସ୍ତ ଓ ବିଷାକ୍ତ, ସେମାନେ କେବଳ ପୃଷ୍ଠା ଓଲଟାଇ ଦେବା ମାତ୍ରକେ ଦେଖିବେ କେବଳ ଆଶା, ବିଶ୍ୱାସ, ଆସ୍ଥାଶୀଳତା, ଆତ୍ମୀୟତା ଆଉ ନବୀନ ଉଲ୍ଲାସର ଅଗଣିତ ଲହରୀମାଳା। କେବଳ ଦେଖିବେ ନାହିଁ। ସେମାନେ ଚାହାନ୍ତୁ କି ନ ଚାହାନ୍ତୁ, ଜୀବନ-ସାଗରର ଉତ୍ତାଳ ତରଙ୍ଗ ନିଶ୍ଚୟ ଦେବ ଗୋଟାପଣେ ଭିଜାଇ। ସେ କ'ଣ ଜାଣି ନଥିଲେ ଏ ପୃଥିବୀ ଓ ମଣିଷ ଜୀବନ ଦୁର୍ଭାଗ୍ୟ-କବଳିତ, ମରଣ-ଜର୍ଜରିତ, ସବୁକିଛି ଏଠି କ୍ଷଣିକରେ ହୋଇଯାଏ ଅନ୍ତର୍ହିତ ବୋଲି? ସବୁ ଜାଣି ସୁଦ୍ଧା କାହିଁକି ନିୟତିର କ୍ରୂର ପରିହାସ ସମ୍ମୁଖରେ ଗାଇଛନ୍ତି ଜୀବନର ଗୀତି? କବିତ୍ୱ ମୁକୁଳିତ ହୁଏ ସେଇଠାରେ, ଯେଉଁଠି ଅଛି ଜୀବନର ଉଚ୍ଛ୍ୱସିତ ଉଚ୍ଛ୍ୱାସ। ପରାଜୟ ନୁହେଁ ରହିଥାଏ ବିଜୟ-ସଂକେତ-ପୂର୍ଣ୍ଣ ପଦ ପରେ ପଦ।

ତାଙ୍କ ରଚିତ ଶ୍ରେଷ୍ଠ କବିତା 'ଯାତ୍ରା ସଂଗୀତ' ହେଉ ଅବା 'ଶେଷ ଗୀତି'-ସର୍ବତ୍ର ମୃତ୍ୟୁର କଳା ପରଦା ଅପସୃତ କରି ଦେଖାଇ ଦେଉଛନ୍ତି ସେ ଜୀବନର ଅମର ପ୍ରଦୀପ ପ୍ରଜ୍ୱଳିତ ଯେଉଁଠି। ସବୁ କିଛି ଚିରମଙ୍ଗଳମୟ - ଏହି ବିଶ୍ୱାସବୋଧ ସୃଷ୍ଟି କରିବା, ଜୀବନର ଦୀପଶିଖାକୁ ଉଜ୍ଜୀବିତ କରିବା ସକାଶେ ହିଁ କବିସତ୍ତା ବାରମ୍ବାର ଅବତରଣ କରେ ଏ ଧରିତ୍ରୀ ବକ୍ଷକୁ। ବୈକୁଣ୍ଠ ଗାଉଛନ୍ତି - 'ସେ ପୀରତି ତେଜେ ଯାଉ ମୋ ଜୀବନ ନିଭି ମୃତ୍ୟୁକୁ ମାରି ପଦେ ତା'ର ନିଭିଯିବି।' ଓଡ଼ିଶାର ଯେଉଁ ସଂଗୀତାନୁରାଗୀ ଶ୍ରୋତାବର୍ଗ କବିଙ୍କ ସୁକନ୍ୟା ମହାନ ସଂଗୀତ ସାଧିକା ସୁନନ୍ଦା ପଟ୍ଟନାୟକଙ୍କ କମ୍ପିତ କଣ୍ଠରୁ ଶୁଣିଛନ୍ତି 'ଯାତ୍ରା ସଂଗୀତ'ର ଅମର ପଦପଂକ୍ତି, ସେମାନେ ଜାଣନ୍ତି ଯେ, ସେଥିରେ ପରିପୂର୍ଣ୍ଣ ହୋଇ ରହିଛି ଜୀବନାମୃତର କି ଆସ୍ୱାଦନ-ଶକ୍ତି। 'ଜୀବନ ପାତ୍ର ମୋ ଭରିଛ କେତେ ମତେ ନ ଦେଲ ବୋଲି କିଛି କହିବି କି ହେ ଆଉ? ଜୀବନ ପ୍ରିୟତମ ହରିଛ ମୋ ଭରମ ତରଣୀ ମୋର ତ? ସାଗରେ ବହିଯାଉ।'

ସେ ତ ମାନସରୋବରର ଶୁଭ୍ର ହଂସ। କେତେ ପାରାବାର, ଅସଂଖ୍ୟ ହିମଗିରି ଲଂଘନ କରିଯିବେ ସେ। ଏହି ଅଭିବ୍ୟକ୍ତିରେ ତ ରହସ୍ୟ କିଛି ବି ନାହିଁ। ଜୀର୍ଣ୍ଣ ଜୀବନ-ତରୁ ଯେଉଁଠି ନିତ୍ୟ ପଲ୍ଲବିତ ସେଇଠି ତ ପରାଣ କୁଞ୍ଜରେ ଶ୍ରୂତ ହୁଏ ବଂଶୀ ଧ୍ୱନି। ଜୀବନ-ବୀଣାରେ ଭରିଯାଏ ନୂତନ ମୂର୍ଚ୍ଛନା। ଏହି ନିବିଡ଼ ସତ୍ୟକୁ ଢାଙ୍କି ରଖିଥିବା ପରଦା କାଢି ଦେଇ ଯିଏ ଆମକୁ ମୃତ୍ୟୁରୁ ଅମୃତକୁ ଘେନି ଯାଉଛନ୍ତି ସେ ଆଉ ରହସ୍ୟବାଦୀ ହୋଇ ବର୍ଣ୍ଣିତ ହେବେ ବା କାହିଁକି? ସେଇ ଜୀବନବାଦୀ, ସତ୍ୟବାଦୀ ଓ ସୌନ୍ଦର୍ଯ୍ୟବାଦୀଙ୍କୁ ସମ୍ପ୍ରତି ପୁନଃଉନ୍ମୋଚନ କରିବା ଯଥାର୍ଥ ହେବନାହିଁକି? ●

ଭୁବନେଶ୍ୱର, ମୋ: ୭୦୭୭୫୫୩୭୦୭

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

■ ରାୟଗଡ଼ା ପୌର ଉପାଧ୍ୟକ୍ଷାଙ୍କ ବିରୋଧରେ ଅନାସ୍ଥା ଭୋଟ ଆଜି

# ଅନାସ୍ଥା ବିପକ୍ଷରେ ଭୋଟ ଦେବାକୁ ହୁଇପ୍ ଜାରି କଲା ବିଜେଡି

ରାୟଗଡ଼ା,୮।୧୦(ସମିସ): ରାୟଗଡ଼ା ପୌର ଉପାଧ୍ୟକ୍ଷାଙ୍କ ବିରୋଧରେ ୧୯ଜଣ କାଉନସିଲର ସେପ୍ଟେମ୍ବର ୧୨ ତାରିଖରେ ଅନାସ୍ଥା ପ୍ରସ୍ତାବ ଆଣିଥିଲେ। ଏହି ମାମଲାରେ ବିଜେଡି ରାଜ୍ୟ ସଭାପତି ନବୀନ ପଟ୍ଟନାୟକ ସମସ୍ତ ୧୯ଜଣ କାଉନ୍ସିଲରଙ୍କୁ ହୁଇପ୍ ଜାରି କରିଛନ୍ତି। ଏଥିରେ ଅନାସ୍ଥା ପ୍ରସ୍ତାବ ପାଇଁ ଗୁରୁବାର ହେବାକୁ ଥିବା ଭୋଟିଂରେ ଉପସ୍ଥିତ ରହି ଅନାସ୍ଥା ବିରୋଧରେ ଭୋଟ ଦେବା ପାଇଁ କୁହାଯାଇଛି। ଯଦି କୌଣସି ଦଳୀୟ କାଉନ୍ସିଲର ଏହି ନିର୍ଦ୍ଦେଶ ବିରୋଧରେ ଯାଆନ୍ତି, ତେବେ ଓଡ଼ିଶା ମ୍ୟୁନିସିପାଲ ଆମେଣ୍ଡମେଣ୍ଟ ନିୟମାବଳୀ ୨୦୧୮ର ରୁଲ ୪୬(ଖ) ଅନୁଯାୟୀ ଦଳ ପଦକ୍ଷେପ ଗ୍ରହଣ କରିବ ବୋଲି ଉକ୍ତ ଚିଠିରେ ଉଲ୍ଲେଖ ରହିଛି। ଆସନ୍ତାକାଲି (ଗୁରୁବାର) ଭୋଟ ହେବାକୁ ଥିବା ବେଳେ ଆଜି ଜିଲ୍ଲା ବିଜେଡି ସଭାପତି ଜଗନ୍ନାଥ ସାରକା ଜିଲ୍ଲାପାଳଙ୍କୁ ଭେଟି ରାଜ୍ୟ ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକ ଜାରି କରିଥିବା ହୁଇପ୍ ଚିଠି ପ୍ରଦାନ କରିଥିଲେ। ଯଦି ନିର୍ବାଚିତ ବିଜେଡି କାଉନସିଲରମାନେ ନିର୍ଦ୍ଦେଶାବଳିକୁ ଉଲ୍ଲଂଘନ କରନ୍ତି, ତେବେ ଏହାକୁ ସେମାନଙ୍କ ପକ୍ଷରେ ଦଳୀୟ ହୁଇପ୍‌ର ଇଚ୍ଛାକୃତ ଉଲ୍ଲଂଘନ ବୋଲି ଧରି ନିଆଯିବ ଏବଂ କାର୍ଯ୍ୟାନୁଷ୍ଠାନ

### ନିର୍ଦ୍ଦେଶ ନ ମାନିଲେ କାର୍ଯ୍ୟାନୁଷ୍ଠାନ

ଗ୍ରହଣ କରାଯିବ ବୋଲି ଏଥିରେ ଉଲ୍ଲେଖ ରହିଛି। ଏଥିସହ ଜିଲ୍ଲା ବିଜେଡି ସଭାପତି ଶ୍ରୀ ସାରକାଙ୍କୁ ବିଜେଡି କାଉନସିଲରମାନଙ୍କୁ ହୁଇପ୍ ନୋଟିସ ପ୍ରଦାନ କରି ରିପୋର୍ଟ ପଠାଇବାକୁ ମଧ୍ୟ ନିର୍ଦ୍ଦେଶ ହୋଇଛି। ଏହାକୁ ନେଇ ରାୟଗଡ଼ା ରାଜନୀତି ସରଗରମ ହୋଇଥିବା ବେଳେ ଆସନ୍ତାକାଲି କାଉନ୍ସିଲରମାନେ ନେବାକୁ ଥିବା ପଦକ୍ଷେପ ଉପରେ ସମସ୍ତଙ୍କର ନଜର ରହିଛି।

ଉଲ୍ଲେଖଯୋଗ୍ୟ, ପୂର୍ବତନ ମନ୍ତ୍ରୀ ଜଗନ୍ନାଥ ସାରକା ଜିଲା ସଭାପତି ହେବା ପରେ ଦଳର ବରିଷ୍ଠ ନେତା ତଥା ରାଜ୍ୟସଭା ପୂର୍ବତନ ସଦସ୍ୟ ଏନ.ଭାସ୍କର ରାଓ ଓ ତାଙ୍କର କିଛି ସମର୍ଥକ ଦଳ ଛାଡିଥିଲେ। ଏହାପରେ ସେପ୍ଟେମ୍ବର ୧୨ତାରିଖରେ ରାୟଗଡ଼ା ପୌର ପରିଷଦର ୧୯ଜଣ କାଉନ୍ସିଲର ପୌର ଉପାଧ୍ୟକ୍ଷା ଶୁଭ୍ରା ପଣ୍ଡାଙ୍କ ବିରୋଧରେ ଅନାସ୍ଥା ପ୍ରସ୍ତାବ ଆଣିଥିଲେ। ଏନେଇ ସେମାନେ ଜିଲ୍ଲାପାଳ ଆଶୁତୋଷ କୁଲକର୍ଣ୍ଣୀଙ୍କୁ ଲିଖିତ ଜଣାଇଥିଲେ। ଏହାପରେ ଜିଲ୍ଲାପାଳଙ୍କ ନିର୍ଦ୍ଦେଶ ପ୍ରକାରେ ସେପ୍ଟେମ୍ବର ୨୦ ତାରିଖରେ ଉକ୍ତ ୧୯ଜଣ କାଉନସିଲରଙ୍କ ଦସ୍ତଖତ ଯାଞ୍ଚ କରି ଉପଜିଲାପାଳ ରମେଶ କୁମାର ଜେନା ଜିଲ୍ଲାପାଳ କୁଲକର୍ଣ୍ଣୀଙ୍କୁ ରିପୋର୍ଟ ଦାଖଲ କରିଥିଲେ। ଅକ୍ଟୋବର ୯ ତାରିଖରେ ଅନାସ୍ଥା ପ୍ରସ୍ତାବକୁ ନେଇ ପୌର ପାଳିକା ଗାଇଡ଼ଲାଇନ ଅନୁଯାୟୀ ଭୋଟିଂ କରିବାକୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଥିଲେ।

## ଅଗ୍ନିକାଣ୍ଡରେ ମହିଳାଙ୍କ ମୃତ୍ୟୁ

କୋରାପୁଟ,୮।୧୦(ସମିସ): ବୁଧବାର ସନ୍ଧ୍ୟାରେ କୋରାପୁଟ ଟାଉନ୍ ଥାନା ଅନ୍ତର୍ଗତ ଓଏମ୍‌ପି କଲୋନୀର ଏକ କ୍ୱାର୍ଟର୍ସରେ ଅଗ୍ନିକାଣ୍ଡ ଘଟି ଜଣେ ମହିଳାଙ୍କ ମୃତ୍ୟୁ ହୋଇଛି। ମୃତ ମହିଳା ଜଣକ ଆଇଆରବିରେ କାର୍ଯ୍ୟରତ ଶିବ ଶଙ୍କର ପାତ୍ରଙ୍କ ପତ୍ନୀ ପ୍ରିୟଙ୍କା ପଣ୍ଡା (୨୧) ବୋଲି ଜଣାପଡ଼ିଛି। ବୁଧବାର ରାତି ପ୍ରାୟ ସାଢେ ୮ଟା ବେଳକୁ ଓଏମପି ଲାଇନ୍‌ଇ ଟାଇପ୍ କ୍ୱାର୍ଟର ୧୧/୧ ଭିତରେ ନିଆଁ ଲାଗିଥିଲା। ପଡୋଶୀ ଜାଣିବା ପରେ ତୁରନ୍ତ କୋରାପୁଟ ଅଗ୍ନିଶମ ବିଭାଗକୁ ସୂଚନା ଦେଇଥିଲେ। ଅଗ୍ନିଶମ ଅଧିକାରୀ ବିଜୟ କିଶାନଙ୍କ ନେତୃତ୍ୱରେ ଅଗ୍ନିଶମ ଯବାନ ଘଟଣା ସ୍ଥଳରେ ପହଞ୍ଚି ନିଆଁକୁ ଆୟତ କରି ପ୍ରିୟଙ୍କାଙ୍କୁ ଉଦ୍ଧାର କରି କୋରାପୁଟ ସହିଦ ଲକ୍ଷ୍ମଣ ନାୟକ ମେଡ଼ିକାଲ କଲେଜ ଓ ହସପିଟାଲ ପଠାଇଥିଲେ। କିନ୍ତୁ ମେଡ଼ିକାଲରେ ପ୍ରିୟଙ୍କାଙ୍କୁ ଡାକ୍ତର ମୃତ ଘୋଷଣା କରିଥିଲେ। ଅଗ୍ନିକାଣ୍ଡର କାରଣ କିଛି ସ୍ପଷ୍ଟ ହୋଇ ନଥିବା ବେଳେ ସର୍ଟସର୍କିଟ ଯୋଗୁଁ ହୋଇଥିବା ସନ୍ଦେହ କରାଯାଉଛି। ଅନ୍ୟ ପକ୍ଷରେ ପୁଲିସ ଓ ଅଗ୍ନିଶମ ବିଭାଗ ଘଟଣାର ତଦନ୍ତ ଆରମ୍ଭ କରୁଛନ୍ତି।

## ବାପକୁ ହାଣି ପୋତିଦେଲା ପୁଅ

ଦେବଗଡ଼,୮।୧୦(ସମିସ): ଦେବଗଡ ଜିଲ୍ଲା ବାରକୋଟ ଥାନା ଔତଳ ଗାଁରେ ପୁଅର ଟାଙ୍ଗିଆ ଚୋଟରେ ଜଣେ ବୃଦ୍ଧ ବାପାର ମୃତ୍ୟୁ ଘଟିଥିବା ଜଣାପଡିଛି। ମୃତକ ବଳଭଦ୍ର ବେହେରା (୬୫)। ବାରକୋଟ ଥାନା ପୁଲିସ ଅଭିଯୁକ୍ତ ପୁଅ ହୃଦାନନ୍ଦ ବେହେରାକୁ ଅଟକରଖି ପଚରା ଉଚୁରା କରୁଛି। ମିଳିଥିବା ସୂଚନା ଅନୁଯାଇ ଔତଳ ଗାଁର ବଳଭଦ୍ର ନିଜ ଘରେ ମେଣ୍ଢା ପାଳିଥିଲେ। ଅଭିଯୁକ୍ତ ପୁଅ ହୃଦାନନ୍ଦ ଗତକାଲି ମେଣ୍ଢା ବିକ୍ରି ପାଇଁ ନେଇଯାଉଥିବା ବେଳେ ବାପା ବଳଭଦ୍ର ପ୍ରତିବାଦ କରିଥିଲେ। ଫଳରେ ଉଭୟ ବାପ ପୁଅ ମଧ୍ୟରେ ଯୁକ୍ତିତର୍କ ହୋଇଥିଲା। ଏଥିରେ ଉତକ୍ଷିପ୍ତ ହୋଇହୃଦାନନ୍ଦ ଟାଙ୍ଗିଆରେ ବାପା ବଳଭଦ୍ରଙ୍କୁ ଆକ୍ରମଣ କରିବାରୁ ଘଟଣାସ୍ଥଳରେ ବଳଭଦ୍ରଙ୍କ ମୃତ୍ୟୁ ଘଟିଥିଲା। ବାପା ବଳଭଦ୍ରଙ୍କ ମୃତ୍ୟୁହେବା ଜାଣି ଅଭିଯୁକ୍ତ ପୁଅ ଘର ନିକଟରେ ଗାତ ଖୋଳି ମୃତଦେହ ପୋତି ଦେଇଥିଲା। ଘଟଣା ଜାଣିପାରି ମୃତ ବଳଭଦ୍ରଙ୍କ ପୁତୁରା ଅଜିତ ବେହେରାଙ୍କ ଅଭିଯୋଗ ଆଧାରରେ ବାରକୋଟ ଥାନା ପୁଲି ହତ୍ୟା ମାମଲା ରୁଜୁ କରି ମାଜିଷ୍ଟ୍ରେଟଙ୍କ ଉପସ୍ଥିତିରେ ମାଟି ତଳୁ ମୃତଦେହକୁ ଉଦ୍ଧାର କରି ବ୍ୟବଚ୍ଛେଦ ଲାଗି ପାଲଲହଡା ଡାକ୍ତରଖାନାକୁ ପଠାଇଛି। ସାଇଣ୍ଟିଫିକ ଟିମ୍ ସହାୟତାରେ ପୁଲିସ ତଦନ୍ତକୁ ଜୋରଦାର କରିଛି

# ଭିଜିଲାନ୍ସ ଜାଲରେ ଓଏଏସ୍ ଅଧିକାରୀ

ବେଲଗୁଣ୍ଠା/ଭଞ୍ଜନଗର,୮।୧୦(ସମିସ): ବକେୟା ଦରମା ସହିତ ଏଲ୍‌ପିସି କରାଇଦେବାକୁ ନିଜ କାର୍ଯ୍ୟାଳୟର ପୂର୍ବତନ କର୍ମଚାରୀଙ୍କ ଠାରୁ ଲାଞ୍ଚ ନେଉଥିବାବେଳେ ଭିଜିଲାନ୍ସ ଜାଲରେ ପଡ଼ିଛନ୍ତି ବେଲଗୁଣ୍ଠା ଏନ୍‌ଏସିର କାର୍ଯ୍ୟନିର୍ବାହୀ ଅଧିକାରୀ ବନମାଳି ଶତପଥୀ।



### ବକେୟା ଦରମା କରାଇ ଦେବାକୁ ପୂର୍ବତନ କର୍ମଚାରୀଙ୍କ ଠାରୁ ନେଉଥିଲେ ୨୫ହଜାର

ସୂଚନା ପ୍ରକାରେ, ବେଲଗୁଣ୍ଠା ଏନ୍‌ଏସି କାର୍ଯ୍ୟାଳୟରେ ଏମ୍‌ଆଇଏସ୍ ରୂପେ କାର୍ଯ୍ୟ କରୁଥିବା ସରୋଜ ଜେନାଙ୍କର ୬ ମାସ ତଳେ ଅନ୍ୟତ୍ର ବଦଳି ହୋଇ ଯାଇଥିଲା। ତେବେ ବେଲଗୁଣ୍ଠାରେ ତାଙ୍କର ଶେଷ ଦୁଇ ମାସର ଦରମା ଏବଂ ଏଲ୍‌ପିସି ବକେୟା ଥିଲା। ଏନେଇ ସରୋଜ ବାରମ୍ବାର କାର୍ଯ୍ୟନିର୍ବାହୀ ଅଧିକାରୀ ଶ୍ରୀ ଶତପଥୀଙ୍କୁ ଅନୁରୋଧ କରିଥିଲେ ମଧ୍ୟ ସେ ୨୫ ହଜାର ଟଙ୍କାର ଲାଞ୍ଚ ନଦେଲେ ହେବନାହିଁ ବୋଲି କହିଥିଲେ।

ଏନେଇ ସରୋଜ ବ୍ରହ୍ମପୁର ଭିଜିଲାନ୍ସର ଦ୍ୱାରସ୍ଥ ହୋଇଥିଲେ। ସରୋଜଙ୍କ ଅଭିଯୋଗ କ୍ରମେ ବ୍ରହ୍ମପୁର ଭିଜିଲାନ୍ସ ଡ଼ିଏସ୍‌ପି ଶରତ ଚନ୍ଦ୍ର ସାହୁଙ୍କ ନେତୃତ୍ୱରେ ଏକ ଟିମ୍ ବେଲଗୁଣ୍ଠାରେ ଛକି ରହିଥିଲେ। କିନ୍ତୁ କାର୍ଯ୍ୟନିର୍ବାହୀ ଅଧିକାରୀ ଶ୍ରୀ ଶତପଥୀ ଚତୁରତାର ସହିତ ନିଜ କାର୍ଯ୍ୟାଳୟରେ ଟଙ୍କା ନେବା ବଦଳରେ ସରୋଜଙ୍କୁ ବାଲିପଦର ଡ଼କାଇଥିଲେ। ସରୋଜ ଏବଂ ପୂର୍ବରୁ ପ୍ରସ୍ତୁତ ହୋଇ ରହିଥିବା ଭିଜିଲାନ୍ସ ଟିମ୍ ବାଲିପଦରର ବସ୍‌ଷ୍ଟାଣ୍ଡରେ ସକାଳ ସାଢେ ୯ଟାରେ ଶ୍ରୀ ଶତପଥିଙ୍କୁ ଲାଞ୍ଚ ଦେଉଥିବା ବେଳେ ଭିଜିଲାନ୍ସ ଟିମ୍ ମାଡ଼ି ବସିବା ତାଙ୍କ ହାତରୁ ଲାଞ୍ଚ ଟଙ୍କା ଜବତ କରିଥିଲେ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### କାଠଗଡ଼ାରେ ଓପିଆର୍‌ବି...

ପରୀକ୍ଷା ତତ୍ତ୍ୱାବଧାନ ଦାୟିତ୍ୱରେ ଥିବା ଓପିଆର୍‌ବି ଅଧିକାରୀମାନେ ଏହି ଷଡ଼ଯନ୍ତ୍ର ସମ୍ପର୍କରେ ଅବଗତ ଥାଇ ସୁଦ୍ଧା ଆଖିମୁଦି ବସିବା ସାଧାରଣରେ ସନ୍ଦେହ ସୃଷ୍ଟି କରିଛି। ପୁଲିସ୍ ଏସ୍‌ଆଇ ପରୀକ୍ଷା ପାଇଁ ଓପିଆରବି ଦେଇଥିବା ଟେଣ୍ଡରର ସର୍ତ୍ତ ଅନୁସାରେ ଆଇଟିଆଇ ଲିମିଟେଡ୍ ପରୀକ୍ଷା ପରିଚାଳନା କରିବ। ମାତ୍ର କମ୍ପାନୀ ଏଥିପାଇଁ ଅନ୍ୟ କମ୍ପାନୀଠାରୁ ମାନବ ସମ୍ବଳ ସହଯୋଗ ନେଇପାରିବ। ଅର୍ଥାତ୍ କେବଳ ପରୀକ୍ଷା ସମୟରେ ନିରୀକ୍ଷକ ଭାବରେ ଅନ୍ୟ କମ୍ପାନୀ ବା ସଂସ୍ଥାର ଲୋକଙ୍କୁ ନିୟୋଜିତ କରିପାରିବ। ଯଦି ଅନ୍ୟ କୌଣସି କମ୍ପାନୀକୁ ଆଇଟିଆଇ ସବ୍-କଣ୍ଟ୍ରାକ୍ଟ ପ୍ରଦାନ କରେ, ତେବେ ସେ ସମ୍ପର୍କରେ ଓପିଆର୍‌ବିକୁ ଲିଖିତ ଭାବେ ଅବଗତ କରିବାକୁ ଏଥିରେ ସର୍ତ୍ତ ରହିଥିଲା। ତେଣୁ ସିଲିକନ୍ ପ୍ରାଇଭେଟ୍ ଲିମିଟେଡ୍ ଓ ପଞ୍ଚସଫ୍ଟ କମ୍ପାନୀକୁ ସବ୍ କଣ୍ଟ୍ରାକ୍ଟ ଦିଆଯିବା ସମ୍ପର୍କରେ ନିଶ୍ଚିତ ଆଇଟିଆଇ କର୍ତ୍ତୃପକ୍ଷ ଓପିଆର୍‌ବିକୁ ଅବଗତ କରିଥିବେ। ମାତ୍ର ନିୟମର ବିପରୀତ ଭାବରେ ପ୍ରଶ୍ନପତ୍ର ପ୍ରସ୍ତୁତି ପରି ଗୋପନୀୟ କାର୍ଯ୍ୟରେ ସିଲିକନ୍ ଓ ପଞ୍ଚସଫ୍ଟ ପରି କମ୍ପାନୀ କିପରି ସଂଶ୍ଳିଷ୍ଟ ହେଲେ ଏବଂ ଅଧିକାରୀମାନେ ଏହାକୁ କିପରି ପ୍ରଶ୍ରୟ ଦେଲେ ତାହା ବଡ଼ ପ୍ରଶ୍ନବାଚୀ ସୃଷ୍ଟି କରିଛି। ପ୍ରଶ୍ନପତ୍ର ପ୍ରସ୍ତୁତି ବା ଛାପିବା ଦାୟିତ୍ୱରେ ନ ଥିବା ପଞ୍ଚସଫ୍ଟ କମ୍ପାନୀର ନିର୍ଦ୍ଦେଶକ ଶଙ୍କର ପ୍ରଶ୍ନପତ୍ର କିପରି ପାଇଥିଲେ, ତାହା ସମଗ୍ର ନିଯୁକ୍ତି ବ୍ୟବସ୍ଥାରେ ସ୍ୱଚ୍ଛତାକୁ କାଠଗଡ଼ାରେ ଠିଆ କରାଇଛି। ପରୀକ୍ଷା ପୂର୍ବରୁ ପ୍ରଶ୍ନପତ୍ର ଦେଖି ପ୍ରସ୍ତୁତି କରିବାକୁ ଆନ୍ଧ୍ରପ୍ରଦେଶ ଯାଉଥିବା ବେଳେ ୧୧୪ ଜଣ ପରୀକ୍ଷାର୍ଥୀଙ୍କ ସମେତ ୩ ଜଣ ଦଲାଲ୍ ଗିରଫ ପରେ ଏହି ପ୍ରଶ୍ନପତ୍ର କିଣାବିକା ମାମଲାରେ ପଞ୍ଚସଫ୍ଟର ନିର୍ଦ୍ଦେଶକ ଶଙ୍କର ପୃଷ୍ଟି ହିଁ ମାଷ୍ଟରମାଇଣ୍ଡ ବୋଲି କ୍ରାଇମ୍‌ବ୍ରାଞ୍ଚ ପକ୍ଷରୁ କୁହାଯାଇଛି। ପରୀକ୍ଷା ପରିଚାଳନା କରୁଥିବା ଓପିଆର୍‌ବି ଏବଂ ଏହାର ଅଧିକାରୀମାନେ କିପରି ପର୍ଯ୍ୟବେକ୍ଷଣ କରୁଥିଲେ ଯେ ତାହା ଜାଣିପାରିଲେ ନାହିଁ, ନା ସବୁକିଛି ସଲାସୁତ୍ରରାରେ ଚାଲିଥିଲା ତାହାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। କିଛି ବରିଷ୍ଠ ପୁଲିସ୍ ଅଧିକାରୀଙ୍କ ପ୍ରତ୍ୟକ୍ଷ ସମ୍ପୃକ୍ତି ବିନା ଏହି ଚାକିରି ବିକ୍ରି ପ୍ରକରଣ ସମ୍ଭବ ନୁହେଁ ବୋଲି ଏକପ୍ରକାର ସ୍ପଷ୍ଟ ହୋଇଛି।

ଅପରପକ୍ଷରେ ଘଟଣାକୁ ୯ଦିନ ବିତିଥିଲେ ମଧ୍ୟ କ୍ରାଇମ୍‌ବ୍ରାଞ୍ଚ ଅନ୍ଧାରରେ ବାଡ଼ି ବୁଲାଉଛି। ଓପିଆର୍‌ବି ଏବଂ ପରୀକ୍ଷା ପରିଚାଳନା ପାଇଁ ଟେଣ୍ଡର ନେଇଥିବା ଆଇଟିଆଇ ଲିମିଟେଡ୍‌ର କୌଣସି ଅଧିକାରୀଙ୍କୁ ଗିରଫ ତ ଦୂରର କଥା, ତଦନ୍ତ ପରିସରଭୁକ୍ତ ମଧ୍ୟ କରିନାହିଁ। କେବଳ ସବ୍-କଣ୍ଟ୍ରାକ୍ଟ ନେଇଥିବା ସିଲିକନ୍ ଓ ପଞ୍ଚସଫ୍ଟ କମ୍ପାନୀ ମଧ୍ୟରେ ତଦନ୍ତ ସୀମିତ ରଖିଛି। ଏଯାଏଁ ଚାକିରି ବିକ୍ରିର ମାଷ୍ଟରମାଇଣ୍ଡକୁ ଗିରଫ କରିବାରେ ବିଫଳ ହୋଇଥିବା ବେଳେ ସିଣ୍ଡିକେଟ୍‌ର ମୂଳରେ କେବେ ଓ କିପରି ପହଞ୍ଚିବ ବୋଲି ପ୍ରଶ୍ନ ଉଠିଛି। ତେଣୁ ଚାକିରି ବିକ୍ରି ପାଇଁ ଖୋଦ୍ ପୁଲିସ୍ ଅଧିକାରୀମାନେ ହିଁ ଗଳାବାଟ ପ୍ରସ୍ତୁତ କରିଥିବା ଧାରଣା ଦୃଢ଼ୀଭୂତ ହୋଇଛି। ପରୀକ୍ଷା ସମ୍ପର୍କିତ ସମସ୍ତ ଗୋପନୀୟ କାର୍ଯ୍ୟ କରିବା ପାଇଁ ଆଇଟିଆଇ ଲିମିଟେଡ୍‌କୁ ଅଖଣ୍ଡ କ୍ଷମତା ଦେଇଛନ୍ତି। ପ୍ରଶ୍ନପତ୍ର ପ୍ରସ୍ତୁତି ଓ ଛପାଇବା ଠାରୁ ଆରମ୍ଭ କରି ଓପିଆର୍‌ବି ମୁଖ୍ୟାଳୟରେ ପହଞ୍ଚାଇବା, ପରୀକ୍ଷା କେନ୍ଦ୍ର ଚୟନ, ସୁରକ୍ଷା ପାଇଁ ସିସିଟିଭି, ସିସିଟିଭି ପରିଚାଳନା ଆଦି ସମସ୍ତ କାର୍ଯ୍ୟ କରିବାକୁ ଟେଣ୍ଡର ଦେଇଛନ୍ତି। ପରୀକ୍ଷାରେ ଗଫଲତି ପାଇଁ ଅଧିକାରୀମାନେ ଯେପରି ଉତ୍ତରଦାୟୀ ନ ହେବେ, ସେଥିପାଇଁ ଟେଣ୍ଡର ନେଇଥିବା କମ୍ପାନୀ ହିଁ ଦାୟୀ ରହିବ ବୋଲି ଧାଡ଼ିକିଆ ନିର୍ଦ୍ଦେଶନାମା ଲେଖିଦେଇ ନିଜର ଦାୟିତ୍ୱ ସାରି ଦେଇଛନ୍ତି। ପ୍ରିଲିମିନାରୀ ପରୀକ୍ଷା ପାଇଁ ସମସ୍ତ କାର୍ଯ୍ୟ ଆଇଟିଆଇ ଲିମିଟେଡ୍‌କୁ ଦେବା ପରେ କେବଳ ଓପିଆର୍‌ବି ଅଧିକାରୀମାନେ ପର୍ଯ୍ୟବେକ୍ଷଣ କରିବେ ବୋଲି କୁହାଗଲା। ହେଲେ କେଉଁ କାର୍ଯ୍ୟକୁ କିଏ ଓ କେମିତି ପର୍ଯ୍ୟବେକ୍ଷଣ କରିବେ ସେ ନେଇ କିଛି ଉଲ୍ଲେଖ କରାଗଲା ନାହିଁ। ଫଳରେ କୌଣସି ଗଫଲତି ଧରା ପଡ଼ିଲେ ମଧ୍ୟ ଅଧିକାରୀଙ୍କ ଉପରକୁ ଆଞ୍ଚ ଆସିବ ନାହିଁ। ଏକାଧିକ ଗଳାବାଟ ଛାଡ଼ିଦେବା ଏବଂ ଉପଯୁକ୍ତ ପର୍ଯ୍ୟବେକ୍ଷଣ ନ କରବାରୁ ପରୀକ୍ଷାର ସମ୍ପୂର୍ଣ୍ଣ ନିୟନ୍ତ୍ରଣ ସବ୍-କଣ୍ଟ୍ରାକ୍ଟ ପାଇଥିବା କମ୍ପାନୀଙ୍କ ହାତକୁ ଚାଲିଗଲା। ଏସବୁ ଗଳାବାଟ ଛାଡ଼ିବା ପଛରେ ଚାକିରି ବିକ୍ରି ହିଁ ଏକମାତ୍ର ଉଦ୍ଦେଶ୍ୟ ବୋଲି ଅଭିଯୋଗ ହୋଇଛି। ତଦନ୍ତକୁ ବ୍ୟାପକ କଲେ ବହୁ ବରିଷ୍ଠ ଅଧିକାରୀ ଧରା ପଡ଼ିବା ନିଶ୍ଚିତ ହୋଇଥିବାରୁ ସେହି ପୁଲିସ୍ ବିଭାଗ ହିଁ ଘଟଣା ଚାପିବାକୁ ଆପ୍ରାଣ ଉଦ୍ୟମ କରୁଥିବା ଆଇନଜ୍ଞମାନେ ଅଭିଯୋଗ କରିଛନ୍ତି। ଯଦି ପରୀକ୍ଷାର୍ଥୀଙ୍କୁ ପ୍ରଶ୍ନପତ୍ର ପ୍ରସ୍ତୁତି କରାଇବାକୁ ନେବା ସମୟରେ ପରୀକ୍ଷାର୍ଥୀ ଓ ଦଲାଲ୍ ଗିରଫ ହେଲେ, ତାହାଲେ ଦଲାଲ୍‌ଙ୍କୁ ପ୍ରଶ୍ନପତ୍ର ଯୋଗାଉଥିବା ବ୍ୟକ୍ତିଙ୍କ ପାଖରେ କିପରି କ୍ରାଇମ୍‌ବ୍ରାଞ୍ଚ ପହଞ୍ଚିପାରୁ ନାହିଁ ବୋଲି ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

### ଗିରଫ ୧୧୯ ଜଣଙ୍କ...

ଏହି କର୍ମଚାରୀମାନେ ବସ୍ ଭଡ଼ା ବାବଦକୁ କାହାଠାରୁ ନିର୍ଦ୍ଦେଶ ପାଇଥିଲେ। ସେମାନେ କେଉଁ ସ୍ଥାନରୁ ପରୀକ୍ଷାର୍ଥୀ ଓ ଦଲାଲଙ୍କୁ ବସ୍‌କୁ ଉଠାଇଥିଲେ ଓ କେଉଁ ସ୍ଥାନକୁ ନେଉଥିଲେ ସେ ସମ୍ପର୍କିତ ତଥ୍ୟ ହାସଲ ସହ ସେମାନଙ୍କ ବୟାନ ରେକର୍ଡ କରାଯାଇଥିବା ସୂଚନା ମିଳିଛି। ପ୍ରକାଶଥାଉକି, ଚଳିତମାସ ୫ ଓ ୬ତାରିଖରେ ରାଜ୍ୟ ପୁଲିସ ଏସ୍‌ଆଇ ପରୀକ୍ଷା ଅନୁଷ୍ଠିତ ହେବାର ଥିଲା। ତେବେ ପରୀକ୍ଷା ପୂର୍ବରୁ ପ୍ରଶ୍ନପତ୍ର ଓ ଉତ୍ତର ପାଇବା ଉଦ୍ଦେଶ୍ୟରେ ୧୧୪ଜଣ ପରୀକ୍ଷାର୍ଥୀ ଓ ୩ଜଣ ଦଲାଲ ୨୯ ତାରିଖରେ ୩ଟି ବସ୍‌ରେ ଆନ୍ଧ୍ରପ୍ରଦେଶ ବିଜୟନଗରମ ଅଭିମୁଖେ ଯାତ୍ରା କରୁଥିବା ବେଳେ ପୁଲିସ ସେମାନଙ୍କୁ କାବୁ କରିଥିଲା। ୬ ଜଣ ବସ୍ କର୍ମଚାରୀଙ୍କ ସମେତ ୧୧୪ଜଣ ପରୀକ୍ଷାର୍ଥୀ ଓ ୩ଜଣ ଦଲାଲଙ୍କୁ କାବୁ କରି ବ୍ରହ୍ମପୁର ଅଣାଯାଇଥିଲା। ପରେ ପୁଲିସ ବସ୍ କର୍ମଚାରୀଙ୍କୁ ବାଦ ଦେଇ ମୋଟ ୧୧୭ ଜଣଙ୍କୁ ଗିରଫ କରି ବ୍ରହ୍ମପୁର ମଣ୍ଡଳ କାରାଗାରକୁ ପଠାଇଥିଲା। ଘଟଣାର ତଦନ୍ତଭାର କ୍ରାଇମବ୍ରାଞ୍ଚ ନେବା ପରେ କଟକ ଓ ବାଲେଶ୍ୱରର ଏକାଧିକ ଦଲାଲଙ୍କୁ ଗିରଫ କରି ବ୍ରହ୍ମପୁର ମଣ୍ଡଳ କାରାଗାରକୁ ପଠାଯାଇଛି। ଘଟଣାର ତଦନ୍ତ ଜାରି ରହିଥିବା ବେଳେ ଗିରଫ ସଂଖ୍ୟା ଆହୁରି ବୃଦ୍ଧି ପାଇବାର ଆଶଙ୍କା ରହିଛି। ସେପଟେ ପରୀକ୍ଷା ଜାଲିଆତି ଘଟଣାର କିଙ୍ଗପିନ୍ ବା ମାଷ୍ଟର ମାଇଣ୍ଡ କୁହାଯାଉଥିବା ଶଙ୍କର ପୃଷ୍ଟି ଓ ତାର ମୁଖ୍ୟ ସହଯୋଗୀ ମୁନା ମହାନ୍ତିଙ୍କ ଟେର ପାଉନି କ୍ରାଇମବ୍ରାଞ୍ଚ।

### ସରକାରଙ୍କୁ ଆଇନଶୃଙ୍ଖଳା...

ସେହିପରି ବ୍ରହ୍ମପୁରର ଆଇନଜୀବୀ ତଥା ସମାଜସେବୀ ପୀତବାସ ପଣ୍ଡା ହତ୍ୟାକାଣ୍ଡରେ ସମ୍ପୃକ୍ତ ଅପରାଧୀମାନଙ୍କୁ ତୁରନ୍ତ ଖୋଜି ବାହାର କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଅପରାଧୀମାନେ ଯେପରି ଆଇନର ସମ୍ମୁଖୀନ ହେବେ ଓ ଦୃଷ୍ଟାନ୍ତମୂଳକ ଦଣ୍ଡ ପାଇବେ, ସେଥିପ୍ରତି ପଦକ୍ଷେପ ନେବାକୁ ମୁଖ୍ୟମନ୍ତ୍ରୀ ପରାମର୍ଶ ଦେଇଥିଲେ। ବୈଠକରେ ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟର ଉପଦେଷ୍ଟା ପ୍ରକାଶ ମିଶ୍ର, ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, ଗୃହ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ସତ୍ୟବ୍ରତ ସାହୁ, ପୁଲିସ ମହାନିର୍ଦ୍ଦେଶକ ୱାଇ. ବି. ଖୁରାନିଆ, ମୁଖ୍ୟମନ୍ତ୍ରୀଙ୍କ ପ୍ରମୁଖ ଶାସନ ସଚିବ ଶାଶ୍ୱତ ମିଶ୍ର ଏବଂ ବରିଷ୍ଠ ପୁଲିସ ଅଧିକାରୀମାନେ ଉପସ୍ଥିତ ଥିଲେ।

### କମୁଛି ଏନ୍‌ଆର୍‌ଆଇ...

ହୋଇପଡ଼ିଛନ୍ତି। ଯାହାଫଳରେ ବର୍ତ୍ତମାନ ସେମାନେ ଝିଅ ପାଇଁ ଏନ୍‌ଆର୍‌ଆଇ ବର ଖୋଜିବା ଉପରେ ପୁନର୍ବିଚାର କରୁଛନ୍ତି। ସମ୍ପ୍ରତି ଆମେରିକା ।।ରେ ପ୍ରାୟ ୨୧ ଲକ୍ଷ ପ୍ରବାସୀ ଭାରତୀୟ ରହୁଛନ୍ତି। ଏହାକୁ ଭାରତରେ ଆଦର୍ଶ ବିବାହ ସମ୍ଭାବନା ଭାବରେ ବିବେଚନା କରାଯାଏ। କିନ୍ତୁ ଡୋନାଲ୍ଡ ଟ୍ରମ୍ପ୍ କ୍ଷମତାକୁ ଫେରିବା ଏବଂ ହଜାର ହଜାର କୁଶଳୀ ଭାରତୀୟଙ୍କୁ ନିଯୁକ୍ତି ଦେଉଥିବା ଏଚ୍‌୧-ବି ଭିସା ଉପରେ କଟକଣା ସେହି ଆକର୍ଷଣକୁ ଏବେ ଶୀତଳ କରିଦେଇଛି। ଅନେକ ପରିବାର ଏବେ ବିବାହକୁ ବିଳମ୍ବିତ କରୁଛନ୍ତି। ଏଚ୍‌୧-ବି ଭିସା ହେଉଛି ଆମେରିକାର ଏକ ଅଣ-ଆବାସିକ ଭିସା ଯାହା କମ୍ପାନୀଗୁଡ଼ିକୁ ପ୍ରଯୁକ୍ତିବିଦ୍ୟା, ଇଞ୍ଜିନିୟରିଂ, ଡାକ୍ତରୀ, ଅର୍ଥନୀତି ଏବଂ ଶିକ୍ଷା ଭଳି ନିର୍ଦ୍ଦିଷ୍ଟ କ୍ଷେତ୍ରରେ ବିଦେଶୀ କର୍ମଚାରୀଙ୍କୁ ନିଯୁକ୍ତି ଦେବାକୁ ଅନୁମତି ଦିଏ। ଟ୍ରମ୍ପଙ୍କ ଭିସା ବୋମା ଭାରତକୁ ଗଭୀର ଆଘାତ ଦେଇଛି। ରିପୋର୍ଟ ଅନୁସାରେ ୨୦୨୪ ଆର୍ଥିକବର୍ଷରେ ମୋଟ ଅନୁମୋଦିତ ଏଚ୍‌୧-ବି ଭିସା ହିତାଧିକାରୀଙ୍କ ମଧ୍ୟରୁ ୭୧% ହେଉଛନ୍ତି ଭାରତୀୟ। ଯାହା ଫଳରେ ଭାରତରେ ଯେଉଁମାନେ ସେମାନଙ୍କ ପିଲାମାନଙ୍କୁ ଏନ୍‌ଆର୍‌ଆଇମାନଙ୍କ ସହିତ ବିବାହ କରାଇବାକୁ ଯୋଜନା କରୁଥିଲେ ସେମାନଙ୍କ ମଧ୍ୟରେ ଅନିଶ୍ଚିତତା ବଢ଼ିବାରେ ଲାଗିଛି।

ବରିଷ୍ଠ ଆଇନଜୀବୀ ବିଜୟକୃଷ୍ଣ ମହାନ୍ତିଙ୍କ ପୁସ୍ତକ ଉନ୍ମୋଚିତ

# ନୀତି, ନିଷ୍ଠା ଓ କନିଷ୍ଠଙ୍କ ପ୍ରତି ସହାନୁଭୂତି ସଫଳତାର ମୂଳମନ୍ତ୍ର: ମୁଖ୍ୟ ବିଚାରପତି

କଟକ, ୮। ୧୦(ସମିସ): ବରିଷ୍ଠ ଆଇନଜୀବୀ ତଥା ପ୍ରାକ୍ତନ ଆଡଭୋକେଟ ଜେନେରାଲ ବିଜୟକୃଷ୍ଣ ମହାନ୍ତିଙ୍କ ଦ୍ୱାରା ରଚିତ ପୁସ୍ତକ 'ଦି କଲଟ୍ ଆଣ୍ଡ କନଷ୍ଟିଚ୍ୟୁସନ'କୁ ଓଡିଶା ହାଇକୋର୍ଟର ମୁଖ୍ୟ ବିଚାରପତି ଜଷ୍ଟିସ ହରିଶ ଟଣ୍ଡନ ଉନ୍ମୋଚନ କରିଛନ୍ତି।

ଏହି ଉପଲକ୍ଷେ ବୁଧବାର ସଂଧ୍ୟାରେ ରେଭେନ୍ସା ବିଶ୍ୱବିଦ୍ୟାଳୟର ସେଭେନ ପିଲାର ଅଫ ଉଇସଡମ ପ୍ରେକ୍ଷାଳୟରେ ଆୟୋଜିତ ଉତ୍ସବରେ ଯୋଗଦେଇ ଜଷ୍ଟିସ ଟଣ୍ଡନ କହିଥିଲେ ଯେ ସାମ୍ବିଧାନିକ ସ୍ୱୀକୃତି ପାଇଥିବା ମାନବିକ ଅଧିକାରରେ ବିଶ୍ୱାସ କରିବା ସହ ଏହାକୁ ସଂରକ୍ଷିତ କରିବା ଉଚିତ। ଏହି ପୁସ୍ତକରେ ଲେଖକ ଏହାକୁ ଅତି ସୁନ୍ଦର ଭାବେ ବାଖ୍ୟା କରିଛନ୍ତି। ପୁସ୍ତକରେ ଉଲ୍ଲେଖ ରହିଥିବା ମୀମାଂସା ସୂତ୍ର ଓ ନ୍ୟାୟ ଶାସ୍ତ୍ର କିପରି ଆଧୁନିକ ନ୍ୟାୟିକ ବ୍ୟବସ୍ଥାରେ ଉପାଦେୟ ହୋଇପାରୁଛି ସେ ନେଇ ଜଷ୍ଟିସ ଟଣ୍ଡନ ଆଲୋକପାତ କରି ନୀତି, ନିଷ୍ଠା ଓ



କନିଷ୍ଠଙ୍କ ପ୍ରତି ସହାନୁଭୁତି ଭାବ ସଫଳତାର ମୂଳମନ୍ତ୍ର ବୋଲି କହିଥିଲେ। ଉତ୍ସବରେ ସମ୍ମାନିତ ଅତିଥି ଭାବେ ସୁପ୍ରିମକୋର୍ଟର ପ୍ରାକ୍ତନ ବିଚାରପତି ଜଷ୍ଟିସ ଅନଙ୍ଗ ପଟ୍ଟନାୟକ କହିଥିଲେ ଯେ ଶ୍ରୀ ମହାନ୍ତିଙ୍କ ଦ୍ୱାରା ରଚିତ ପୁସ୍ତକ ସମସ୍ତଙ୍କ ପାଇଁ ଉପାଦେୟ ହୋଇପାରିବ। ପ୍ରାକ୍ତନ ବିଚାରପତି ଜଷ୍ଟିସ ବିମଳ ପ୍ରସାଦ ଦାସ, ରାଜସ୍ଥାନର ପ୍ରାକ୍ତନ ମୁଖ୍ୟ ସଚିବ ଜଗଦୀଶ ମହାନ୍ତି ଓ ବରିଷ୍ଠ ଆଇନଜୀବୀ ଯଶୋବନ୍ତ ଦାସ ଶ୍ରୀ ମହାନ୍ତିଙ୍କ ରଚିତ ପୁସ୍ତକ ଓ ସେମାନଙ୍କ ଅନୁଭୂତି ସମ୍ପର୍କରେ ବକ୍ତବ୍ୟ ପ୍ରଦାନ କରିଥିଲେ। ପ୍ରାକ୍ତନ ଆଡଭୋକେଟ ଜେନେରାଲ ଅଶୋକ ପରିଜା ସ୍ୱାଗତଭାଷଣ ପ୍ରଦାନ କରିଥିଲେ। ପୁସ୍ତକ ସମ୍ପର୍କରେ ବରିଷ୍ଠ ଆଇନଜୀବୀ ବିବେକାନନ୍ଦ ମହାନ୍ତି ସୂଚନା ପ୍ରଦାନ କରିଥିଲେ। ଆଇନଜୀବୀ ଶ୍ରଦ୍ଧା ମହାନ୍ତି ଧନ୍ୟବାଦ ଦେଇଥିଲେ।

■ ହାତୀକୁ ହତ୍ୟାକରି ଦାନ୍ତ ଲୁଟ୍

## ବନବିଭାଗ ପାଖରେ ଖବର ନାହିଁ

ହିନ୍ଦୋଳ,୮।୧୦(ସମିସ): ହିନ୍ଦୋଳ ଫରେଷ୍ଟ ରେଞ୍ଜ ରାସୋଳ ସେକ୍ସନ ପଶାସିଂହ ବିଟ୍ ହାଉସ ନିକଟରେ ଏକ ଛୋଟ ହାତୀକୁ ଶିକାରୀ ଗୁଳିକରି ଦାନ୍ତ ଲୁଟ୍ କରିନେଇ ଥିବା ଅଭିଯୋଗ ସାମ୍ନାକୁ ଆସିଛି। ହାତୀ ଛୁଆର ମୃତ୍ୟୁ ପ୍ରାୟ ଗତ ୪/୫ ଦିନ ତଳୁ ହୋଇଥିବା ଅନୁମାନ କରାଯାଉଥିବା ବେଳେ ବନବିଭାଗ ବିଟ୍ ହାଉସ ନିକଟରୁ ମାତ୍ର ୧କିମି ଦୂରରେ ଏପରି ଘଟଣା ଘଟିଛି। ହେଲେ ବନ ବିଭାଗ ପାଖରେ ଖବର ନ ଥିବା ସମସ୍ତଙ୍କୁ ଚକିତ କରିଛି। ବୁଧବାର ଖବର ପାଇ ବନାଞ୍ଚଳ ଅଧିକାରୀ ଏବଂ କର୍ମଚାରୀମାନେ ପହଞ୍ଚି ଅନୁଧ୍ୟାନ କରିଥିବା ଦେଖିବାକୁ ମିଳିଛି। ହାତୀ ଦେହରେ ୨ଟି ଗୁଳି ବାଜିଥିବା ପ୍ରାଥମିକ ଭାବେ ଜଣାପଡୁଛି। ମାତ୍ର ଦାନ୍ତ ନ ଥିବାରୁ ଏହାର ସଠିକ ମୃତ୍ୟୁର କାରଣ ଜଣାପଡୁ ନାହିଁ। ଶବ ବ୍ୟବଚ୍ଛେଦ ପରେ ହାତୀ ମୃତ୍ୟୁର କାରଣ ସ୍ପଷ୍ଟ ହେବବୋଲି ବିଭାଗ ପକ୍ଷରୁ କୁହାଯାଉଛି।

## ଭାଲୁ ଆକ୍ରମଣରେ ମହିଳା ମୃତ

ନୀଳଗିରି, ୮।୧୦ (ସମିସ): ଭାଲୁ ଆକ୍ରମଣରେ ଜଣେ ମହିଳାଙ୍କ ମୃତ୍ୟୁ ଘଟିଛି। ମୃତ ମହିଳାଜଣକ ହେଲେ ବାଲେଶ୍ୱର ଜିଲ୍ଲା ନୀଳଗିରି ବ୍ଲକ ଅନ୍ତର୍ଗତ ସଜନାଗଡ ପଞ୍ଚାୟତ ଅଧିନସ୍ଥ ପାଣବନ୍ଧ ଗାଁର ଚନ୍ଦ୍ରମୋହନ ନାୟକଙ୍କ ସ୍ତ୍ରୀ ଶାନ୍ତିଲତା। ବୁଧବାର ଗାଁ ନିକଟସ୍ଥ ତିନିକୋଶିଆ ସଂରକ୍ଷିତ ଜଙ୍ଗଲକୁ ସ୍ୱାମୀ, ସ୍ତ୍ରୀ ଛତୁ ତୋଳିବାକୁ ଯାଇଥିବାବେଳେ ଜଙ୍ଗଲ ଭିତରେ ଅଚାନକ ଏକ ଭାଲୁ ଶାନ୍ତିଲତାଙ୍କୁ ଅତର୍କିତ ଆକ୍ରମଣ କରିଥିଲା।


**JEYPORE LAW COLLEGE, JEYPORE,**
**DIST. KORAPUT (ODISHA) Pin - 7640003**

Applications are invited for the following posts:-

**1. Principal**

**Terms and Conditions:**

- Qualification, Eligibility – As per the UGC Norms
- Salary – Negotiable.
- Interested candidates may apply by registered post along with relevant testimonials from HSC onwards and a bank draft of Rs. 1,500/- drawn in favour of Law College Trust, Jeypore payable at Jeypore so as to reach the undersigned within 21 days from the date of publication of this advertisement.
- Candidates applied earlier for the above mentioned post in response to our advertisement of July, 2025 need not apply again.

**Sd/-President,**
**Jeypore Law College Governing Body,**
**Jeypore, Pin - 764003**

Office of District Manager
Odisha State Civil Supplies Corporation Ltd. (OSCSC)
NABARNGPPUR
Phone: 9438200053
District Website : nabarangpurnic.in
CAD-1945

Tender No. 27,28,29,30,31,32,33,34,35 & 36 Dt. 06.10.2025

District Manager, Odisha State Civil Supplies Corporation Ltd, Nabarangpur invites tenders in Double Cover System through **ONLINE MODE ONLY** for the works below:

| | | |
|---|---|---|
| 1 | Name of the work | Selection and appointment of **(i) Paddy from Paddy Purchase Centres ( PPCs) / Mandis to Rice Mill point( Within or outside district ) & (II) Custom Milled Rice ( CMR) from Rice Mill Points to Rice Receiving Centres ( RRCs)/ Depots (Within or outside district)** |
| 2 | Availability of bid document in the portal | From 09.10.2025 |
| 3 | Last Date / Time for receipt of bids in the portal | Dt 27.10.2025 up to 5.00 P.M. |
| 4 | Date/Time of Opening of Technical Bid | Dt 28.10.2025. at 11.00 AM. |
| 5 | Name and address of the Officer Inviting Tender | District Manager, OSCSC Ltd, Nabarangpur |

Tender Documents & other details can be seen from the e-procurement portal www.oscsc.in, www.foododisha.in &www.tendersodisha.gov.in along with district website. Amendments /corrigendum /cancellation/ retenders etc. if anyshall be published only in above websites.

District Manager
OSCSC Ltd. Nabarangpur
OIPR-07045/11/0004/2526

PUJA OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112

**AFFIDAVIT**
I, Pranati Samantara, aged about 41 years, W/o- Dillip Baliarsingh, resident of At/Po-Sanapadar, PS- Begunia, Dist- Khordha, PIN-752064, Odisha declared by this affidavit No. 2025, dtd- 07/10/2025 that now onwards I shall be known as **PRANATI SAMANTARAY** for all future purposes.

**AFFIDAVIT**
By virtue of an affidavit (CF No.99) sworn before The Executive Magistrate, Bhubaneswar dated-09/06/2025. I, **Budhi Redi,** W/o Balaram Redi, Address: Plot No. 1584, Narayanibasti, Unit-8, Nayapalli, Bhubaneswar, Dist-Khurda, PIN- 751012, Odisha declare that I have changed my minor daughter's name from **Nandini Redi To S.Nandini Reddy.** Henceforth, she shall be known as **S.Nandini Reddy** (new name) for all purposes.
**Budhi Redi**

**AFFIDAVIT**
I, Shakuntala Behera, aged about 63 years, W/o-Ananta Kumar Behera, resident of At-Praharajapur, Muntunia, Dakshinpraharajpur, Raibania, Dist- Baleswar, PIN- 756033, Odisha declared by this affidavit No. 2024, dtd- 07/10/2025 that now onwards I shall be known as **SAKUNTALA BEHERA** for all future purposes.

Government of Odisha
Office of the Superintending Engineer
Rural Works Division-I, Nabarangpur.
e-mail-eerwngp@rediffmail.com
O-857

Letter No. 5271 Date 24.09.2025

e-Procurement Notice

Name of the work :- Road Works
Total No of works :- 38 (Thirty Eight) No's.
Approx. Estimated Cost :- Rs. 5.08 lakhs to Rs. 13.56 lakhs
Class of Contractor :- "C" & "D" Class Contractor
Period of completion :- 2 (Two) Calender Months

| Procurement officer | Bid Identification No: | No of works | Availability of tender online for bidding | | Date & Time of Opening of Tender | |
|---|---|---|---|---|---|---|
| | | | From | To | Technical | Financial |
| 1 | 2 | 3 | | 4 | 6 | |
| Rural Works Division-I, Nabarangpur | EERWNGP – Online -07/2025-26 | 38 (Thirty Eight) No's. | 10.10.2025 at 10.00 AM | 18.10.2025 up to 03.00 PM | 20.10.2025 at 11.00 AM | |

For Details can be seen from the Government website www.tendersorissa.gov.in

OIPR-25092/11/0022/2526
Executive Engineer
Rural Works Division-I, Nabarangpur

यूनियन बैंक ऑफ इंडिया Union Bank of India
भारत सरकार का उपक्रम A Government of India Undertaking
ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ
କ୍ଷେତ୍ରୀୟ କାର୍ଯ୍ୟାଳୟ: ଭୁବନେଶ୍ୱର
୩/୧ଏ, ସିଭିକ୍ ସେଣ୍ଟର, ଆଇଆର୍‌ସି ଭିଲେଜ,
ନୟାପଲ୍ଲୀ, ଭୁବନେଶ୍ୱର-୭୫୧୦୧୫
ଡିମାଣ୍ଡ ନୋଟିସ୍

ସିକ୍ୟୁରିଟି ଇଣ୍ଟରେଷ୍ଟର ଏନ୍‌ଫୋର୍ସମେଣ୍ଟ ନିମନ୍ତେ ସରଫେଶୀ ଆକ୍ଟ ୨୦୦୨ର ଧାରା ୧୩(୨) ଅନୁଯାୟୀ ନୋଟିସ୍

**ବିଷୟ: ସିକ୍ୟୁରିଟାଇଜେସନ୍ ଆଣ୍ଡ ରିକନ୍‌ଷ୍ଟ୍ରକସନ୍ ଅଫ୍ ଫାଇନାନ୍‌ସିଆଲ ଆସେଟ୍ସ ଆଣ୍ଡ ଏନ୍‌ଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ ଆକ୍ଟ, ୨୦୦୨ର ଧାରା ୧୩(୩) ସହିତ ଧାରା ୧୩(୨) ଅନୁଯାୟୀ ନୋଟିସ୍**

ଆମେ ନିମ୍ନଲିଖିତ ରଣଗ୍ରହୀତା/ବନ୍ଧକଦାତା/କୋ-ଓବ୍ଲିଗାଣ୍ଟ/ଗ୍ୟାରେଣ୍ଟିଦାତାଙ୍କୁ ଜଣାଇ ଦେଉଛୁ କି ସେମାନେ ଆମର **ବାଲୁଗାଁ ଶାଖାରୁ** ନିମ୍ନଲିଖିତ ରଣ ସୁବିଧା ଉପଲବ୍ଧ କରିଛନ୍ତି ଏବଂ ସେମାନେ ବକେୟା ଦେୟ / କିସ୍ତି / ସୁଧ ପରିଶୋଧ କରିନଥିବାରୁ ଭାରତୀୟ ରିଜର୍ଭ ବ୍ୟାଙ୍କର ନିର୍ଦ୍ଦେଶାବଳୀ ଅନୁସାରେ ସେମାନଙ୍କର ନିମ୍ନଲିଖିତ ଆକାଉଣ୍ଟ ଏନ୍‌ପିଏ ଶ୍ରେଣୀଭୁକ୍ତ ହୋଇଛି। କ୍ଷମତାପ୍ରାପ୍ତ ଅଧିକାରୀଙ୍କ ଦ୍ୱାରା ସରଫେଶୀ ଆକ୍ଟ, ୨୦୦୨ର ଧାରା ୧୩(୨) ଅନୁଯାୟୀ **ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ, ବାଲୁଗାଁ ଶାଖାର** ରଣଗ୍ରହୀତା/ବନ୍ଧକଦାତା/କୋ-ଓବ୍ଲିଗାଣ୍ଟ/ଗ୍ୟାରେଣ୍ଟିଦାତାଙ୍କୁ ବ୍ୟାଙ୍କ ଦେୟ ପଇଠ କରିବା ନିମନ୍ତେ ଡ଼ିମାଣ୍ଡ ନୋଟିସ୍ ଜାରି କରାଯାଇଥିଲା କିନ୍ତୁ ନିମ୍ନଦର୍ଶିତ ପକ୍ଷମାନଙ୍କୁ ତାହା ପ୍ରଦାନ କରାଯାଇପାରିନଥିଲା। ତେଣୁ ଏହି ପ୍ରକାଶନଟି ସମସ୍ତ ପକ୍ଷଙ୍କୁ ଏକ ବିକଳ୍ପ ସେବା ଅଟେ। ସେମାନଙ୍କର ଆକାଉଣ୍ଟର ମୋଟ ବକେୟା ପରିମାଣ ନିମ୍ନ ଦର୍ଶିତ ସ୍ତମ୍ଭରେ ଦର୍ଶାଯାଇଛି। ସବିଶେଷ ବିବରଣୀ ନିମ୍ନରେ ପ୍ରଦତ୍ତ:

| ଶାଖା / ରଣଗ୍ରହୀତା/ବନ୍ଧକଦାତା/ କୋ-ଓବ୍ଲିଗାଣ୍ଟ/ଗ୍ୟାରେଣ୍ଟିଦାତାଙ୍କ ନାମ ଓ ଠିକଣା | ରଣ ପ୍ରକାର | ଏନ୍‌ପିଏ ତାରିଖ /ଡିମାଣ୍ଡ ତାରିଖ / ମୋଟ ବକେୟା | ସମ୍ପତ୍ତିଗୁଡିକର ବିବରଣୀ |
|---|---|---|---|
| **ବାଲୁଗାଁ ଶାଖା /** **ରଣଗ୍ରହୀତା/ବନ୍ଧକଦାତା: ଶ୍ରୀ ବିଶ୍ୱମ୍ଭର ବିଶୋଇ,** ପିତା: ମୋହନ ବିଶୋଇ / **କୋ-ଓବ୍ଲିଗାଣ୍ଟ/ ଗ୍ୟାରେଣ୍ଟିଦାତା: ଶ୍ରୀ ଅରବିନ୍ଦ ପାଇକରାୟ,** ପିତା: ଭାଗିରଥି ପାଇକରାୟ, ଉଭୟଙ୍କ ଠିକଣା- ସା: ବ୍ରାହ୍ମଣଦେଇପୁର, ଆକୁଳା, ବାଲୁଗାଁ, ଖୋର୍ଦ୍ଧା-୭୫୨୦୩୦ | ମିଆଦୀ ରଣ | ୨୯.୦୮.୨୦୨୨ / ୦୬.୧୦.୨୦୨୫ / ୩୦.୦୯.୨୦୨୫ ସୁଦ୍ଧା ଟ.୯,୨୯,୨୯୫.୬୧ | ଶ୍ରୀ ବିଶ୍ୱମ୍ଭର ବିଶୋଇଙ୍କ ନାମରେ ଥିବା ଆଇନଗତ ବନ୍ଧକପ୍ରାପ୍ତ ଜମି ଯାହାର ପ୍ଲଟ୍ ନଂ.: ୮୦/୬୦୧, କ୍ଷେତ୍ର: ଏକର୦.୦୪୩ ଡିସିମିଲି, |

ପ୍ଲଟ୍ ନଂ.: ୭୬, କ୍ଷେତ୍ର: ଏକର୦.୦୧୫ ଡିସିମିଲି, ପ୍ଲଟ୍ ନଂ.: ୭୧, କ୍ଷେତ୍ର: ଏକର୦.୦୭୩ ଡିସିମିଲି, ପ୍ଲଟ୍ ନଂ.: ୭୦, କ୍ଷେତ୍ର: ଏକର୦.୦୪୨ ଡିସିମିଲି, ପ୍ଲଟ୍ ନଂ.: ୬୯/୭୦୦, କ୍ଷେତ୍ର: ଏକର୧.୨୪୪ ଡିସିମିଲି, ପ୍ଲଟ୍ ନଂ.: ୬୮, କ୍ଷେତ୍ର: ଏକର୦.୦୯୬ ଡିସିମିଲି, ଖାତା ନଂ.: ୨୪୦/୪୨ (ସମୁଦାୟ ୬ଟି ପ୍ଲଟ୍), **ସମୁଦାୟ କ୍ଷେତ୍ର: ଏକର୧.୫୧୩ ଡିସିମିଲି,** ମୌଜା: ବ୍ରାହ୍ମଣଦେଇପୁର, ତହସିଲ: ଚିଲିକା, ଜିଲ୍ଲା: ଖୋର୍ଦ୍ଧା

ସରଫେଶୀ ଆକ୍ଟ ୨୦୦୨ର ଧାରା ୧୩(୨) ଅନୁଯାୟୀ ଆପଣମାନଙ୍କୁ ଉପରଦର୍ଶିତ ସ୍ତମ୍ଭରେ ଲିଖିତ ମୋଟ ବକେୟା ପରିମାଣ ସହିତ ଚୁକ୍ତି ହାରରେ ପରବର୍ତ୍ତୀ ସୁଧ ଏବଂ ଦେୟ, ଆପଣମାନଙ୍କ ଦ୍ୱାରା ସମ୍ପାଦିତ ରଣ କାଗଜାତ୍‌ର ନିୟମ ଓ ସର୍ତ୍ତାବଳୀ ଅନୁଯାୟୀ ସମ୍ପୂର୍ଣ୍ଣ ବକେୟା ପରିମାଣ ଏହି ନୋଟିସ୍ ପାଇବାର **୬୦ ଦିନ** ମଧ୍ୟରେ ପୈଠ କରିବାକୁ ପଡ଼ିବ। ଅନ୍ୟଥା ଆମେ କଥିତ ବନ୍ଧକପ୍ରାପ୍ତ ସମ୍ପତ୍ତିକୁ କଥିତ ଆକ୍ଟରେ ଦିଆଯାଇଥିବା କୌଣସି କିମ୍ବା ସମସ୍ତ ଅଧିକାରର ପ୍ରୟୋଗ କରି ନିଜ ଦଖଲକୁ ନେବାକୁ ବାଧ୍ୟ ହେବୁ । ଆକ୍ଟର ଧାରା ୧୩(୧୩) ଅନୁଯାୟୀ ଆପଣମାନେ ଏହି ନୋଟିସ୍ ପାଇବା ପରେ ବ୍ୟାଙ୍କର ବିନା ଅନୁମତିରେ ଉପରବର୍ଣ୍ଣିତ ବନ୍ଧକ ସମ୍ପତ୍ତିକୁ ବିକ୍ରୟ କିମ୍ବା ସମ୍ପତ୍ତି ସହିତ କୌଣସି ପ୍ରକାର କାରବାର କରିପାରିବେ ନାହିଁ। ଏତଦ୍‌ଦ୍ୱାରା ଆପଣମାନଙ୍କ ଦୃଷ୍ଟି ଆକର୍ଷଣ କରାଯାଉଅଛି କି କଥିତ ସରଫେଶୀ ଆକ୍ଟର ଧାରା ୧୩ ର ଉପଧାରା (୮) ଅନୁଯାୟୀ ସୁରକ୍ଷିତ ବନ୍ଧକ ସମ୍ପତ୍ତିଗୁଡିକୁ ସମୟ ଥିବା ପୂର୍ବରୁ ବନ୍ଧକମୁକ୍ତ କରିପାରିବେ।

ସ୍ଥାନ: ଭୁବନେଶ୍ୱର
ତାରିଖ: ୦୮.୧୦.୨୦୨୫
ସ୍ୱା/- କ୍ଷମତାପ୍ରାପ୍ତ ଅଧିକାରୀ
ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ

## ତୃତୀୟ ଦିନରେ ଗଜଲକ୍ଷ୍ମୀ ପୂଜା

# ଠୁଙ୍କାପୁରୀ, ଚୁସ୍କିର ମଜା; ରକିଂ ଦୋଳିରେ ଲାଗିଛି ଭିଡ଼






ଢେଙ୍କାନାଳ,୮ ।୧୦(ସମିସ) ଢେଙ୍କାନାଳ ପ୍ରସିଦ୍ଧ ଗଜଲକ୍ଷ୍ମୀ ପୂଜା ତୃତୀୟଦିନରେ ପହଞ୍ଚିଛି । ତୃତୀୟଦିନରେ ବଜାରରେ ଦର୍ଶକ ମାନେ ପୂଜାର ମଜା ଉଠାଉଥିବା ବେଳେ ଠୁଙ୍କାପୁରୀ, ଚୁସକିର ମଜା ସହିତ ବିଭିନ୍ନ ପ୍ରକାରର ଦୋଳି ସହିତ ରକିଂ ଦୋଳୀ ମଜା ନେଉଛନ୍ତି ।

ଢେଙ୍କାନାଳ ଜିଲ୍ଲାରେ ମୋଟ ୩୮ ଟି ମଣ୍ଡପରେ ପୂଜହେଉଛି । ସହରର ପ୍ରବେଶ ପଥ କୋରିଆଁ ଠାରୁ ଆରମ୍ଭ କରି ଦୀର୍ଘ ୭କିମି. କଲେଜ ବାଇପାସ ପର୍ଯ୍ୟନ୍ତ କେବଳ ଲାଇଟ୍‌ର ମାଳମାଳ ଆଲୋକ ସଜ୍ଜାରେ ଢେଙ୍କାନାଳ ସହର ରାସ୍ତା ଘାଟ ଝଲସୁଛି । ପୂଜାର ମଜା ପାଇଁ ଦର୍ଶକମାନେ ଅପରାହ୍ନ ୩ଟାରୁ ଭିଡ଼ ଲଗାଉଥିବା ବେଳେ ରାସ୍ତାର ଉଭୟ ପାଶ୍ୱର୍ର ବିଭିନ୍ନ ପ୍ରକାରର ଦୋକାନ ବଜାରଖୋଲିଛି । ରାଜ୍ୟ ତଥା ରାଜ୍ୟ ବାହାରୁ ବ୍ୟବସାୟୀ ମାନେ ସେମାନଙ୍କ ପସରା ଖୋଲିଛନ୍ତି । ରାସ୍ତାପାଶ୍ୱର୍ରେ ଭଳିକି ଭଳି ଖାଦ୍ୟ ସାମଗ୍ରୀ ସହିତ ଗୁପଚୁପ, ଚାଟ, ଠୁଙ୍କାପୁରୀ, ଭେଲପୁରୀ, ଦୋଷା, ଭଳିକି ଭଳି ଆଇସକ୍ରୀମ, ଚୁସକି, ଛୋଟ ପିଲାଙ୍କ ପାଇଁ ବେଲୁନ, ବିଭିନ୍ନ ପ୍ରକାରର ଖେଳନା ବେଶ ଆକୃଷ୍ଟ କରୁଛି । ବ୍ୟବସାୟୀମାନେ ଭଲ ରୋଜଗାର କରୁଥିବାର ଜଣାପଡ଼ିଛି । ସେହିପରି ବିଭିନ୍ନ ସ୍ଥାନରେଭେଜ, ନନ୍‌ଭେଜ ବିରୟାନୀ,ଚିକେଟ ପକୋଡା, ରୋଲ, ଚିକେନ କବାବ, ଚିକେନ ପକୋଡା ନିକଟରେ ବେଶ ଭିଡ ଜମୁଛି । ଦର୍ଶକମାନେ ପୂଜା ସହିତ ରଥଗଡା ଏବଂ ବିବି ହାଇସ୍କୁଲ ନିକଟରେ ଥିବା ମୀନାବଜାର ଏବଂ ବିଭିନ୍ନ ପ୍ରକାରରଦୋଳିର ମଜା ନେଉଛନ୍ତି । ଲାଇଟ୍ ଗେଟ୍ ସହିତ ନୂଆ ଡିଜାଇନର ମଣ୍ଡପଗୁଡ଼ିକ ସଜାଇହୋଇଥିବା ବେଳେ ଏହା ଦର୍ଶକଙ୍କୁ ଅଧିକ ଆକୃଷ୍ଟ କରିଛି । ଫଳରେ ପ୍ରଥମରୁ ଭିଡ଼ ପରିଲିଖିତ ହୋଇଛି । ପୂଜା ପାଇଁ ଆଜି ପ୍ରବଳ ଭିଡ଼ ହୋଇଥିବା ବେଳେ ମାଆଙ୍କୁ ଦର୍ଶନ କରୁଥିବାର ନିଆରା ଦୃଶ୍ୟ ଦେଖିବାକୁ ମିଳିଛି । ଏହା ସହିତ ମହିଷାପାଟଠାରେ ପଲ୍ଲିଶ୍ରୀ ମେଳାରେ ଦର୍ଶକ ଏବଂ ଗ୍ରାହକଙ୍କ ଭିଡ ଦେଖିବାକୁ ମିଳିଛି ।

### ମନମୋହୁଛି କଙ୍କଡ଼ାହାଡ଼ ପୂଜା

କଙ୍କଡ଼ାହାଡ଼,୮ ।୧୦(ସମିସ): ଭକ୍ତଙ୍କ ମନ ଲାଖି କୁମାର୍ ପୂର୍ଣ୍ଣିମା ଠାରୁ ପ୍ରତ୍ୟେକ ସନ୍ଧ୍ୟାରେ ମନମୋହୁଛି ଲକ୍ଷ୍ମୀପୂଜା, ମା ଖଣ୍ଡୁରୀ କଲଚୁରାଲ କ୍ଲବ୍ ଦ୍ଵାରା ଆୟୋଜିତ ପ୍ରାୟ ପଞ୍ଚସ୍ତରୀ ସଭ୍ୟଙ୍କ ପ୍ରଚେଷ୍ଟାରେ ଦୀର୍ଘବର୍ଷ ହେବ ଏହି ପୂଜା ହୋଇଆସୁଛି । ଛୋଟ ପିଲାମାନଙ୍କ ପାଇଁ ବିଭିନ୍ନ ପ୍ରକାର ଦୋଳି, ଖେଳ ସହ ବିଭିନ୍ନ ପ୍ରକାର ଖାଦ୍ୟ ମେଳ । ଏହି ମେଳାରେ, କ୍ଲବ୍ ସଭାପତି, ସମ୍ପାଦକ ଓ ସଭ୍ୟମାନେ ଶାନ୍ତି ଶୃଙ୍ଖଳା ସହ ସନ୍ଧ୍ୟାରେ ଦର୍ଶକ ଓ ଭକ୍ତଙ୍କୁ ନିୟନ୍ତ୍ରଣ କରିବା ପାଇଁ ଏକ ବିଶେଷ ପେଣ୍ଡାଲ ଉପରେ ବସି ନିୟନ୍ତ୍ରଣ କରିଥାନ୍ତି । ଏହି କ୍ଲବ୍‌ଦ୍ଵାରା ୧୧ ତାରିଖ ଠାରୁ ମନୋରଞ୍ଜନ ପାଇଁ ଅପେରା କାର୍ଯ୍ୟକ୍ରମ ର ବ୍ୟବସ୍ଥା କରାଯାଇଛି ବୋଲି ସୂଚନା ଦେଇଛନ୍ତି ।

### ଚଣ୍ଡୀକ ସାହିରେ ଲକ୍ଷ୍ମୀପୂଜା

ଭୁବନ,୮ ।୧୦(ସମିସ): ସ୍ଥାନୀୟ ଚଣ୍ଡୀକ ସାହିରେ ମହାଲକ୍ଷ୍ମୀ ପୂଜା କମିଟି ପକ୍ଷରୁ ପ୍ରଥମତମ ଗଜଲକ୍ଷ୍ମୀ ପୂଜାର ଯଥାବିଧି ଅନୁଷ୍ଠିତ ହୋଇଛି । କଳସ ଯାତ୍ରା ମଣ୍ଡପକୁ ଆସିବାପରେ ପୂଜକଙ୍କ ଉପସ୍ଥିତିରେ ପୂଜାକାର୍ଯ୍ୟ ଅନୁଷ୍ଠିତ ହୋଇଛି । ପୂଜା କମିଟି ପକ୍ଷରୁ ପ୍ରମୁଖ ପରିଚାଳନା କମିଟି ନାରାୟଣ ବାରିକ ଜିତେନ୍ଦ୍ର ସାହୁ, ଅନଆ ସାହୁ, ଦିଲ୍ଲୀପ ସେଠି, ସନାତନ ସାହୁ ଜିତେନ୍ଦ୍ର ବାରକ, ଦାୟିତ୍ୱରେ ଅଛନ୍ତି ।

### ବଣସିଂହରେ ୧୪ଟି ମଣ୍ଡପ

ଗଁଦିଆ,୮ ।୧୦(ସମିସ): ଢେଙ୍କାନାଳ ସଦର ବ୍ଲକ୍ ବଣସିଂହ ପଞ୍ଚାୟତ ଅଧୀନ ବିଭିନ୍ନ ଗ୍ରାମରେ ୧୪ ଟି ମଣ୍ଡପରେ ଗତକାଲିଠାରୁ ଗଜଲକ୍ଷ୍ମୀ ପୂଜା ଆରମ୍ଭ ହୋଇଛି । ନୂଆଗଡ଼, ବଣସିଂହ ଛକ, ଖଣ୍ଡାୟତ ସାହି, ବଢେଇ ସାହି, ତଳ ସାହି ଦଧିବାମନ ସାହି, ପ୍ରଧାନ ସାହି, ଉପର ସାହି, ଶଙ୍କରପୁର, ଭୂଇଁପୁର ଆଦି ଗ୍ରାମରେ ବିଭିନ୍ନ ମଣ୍ଡପରେ ମା ପୂଜା ପାଉଛନ୍ତି । ଆଲୋକ ମାଳା ସହିତ ସାଜ ସଜା, ତୋରଣ ମାଳା ଓ ଡାକ ବାଜି ଯନ୍ତ୍ର ଦ୍ଵାରା ମାଙ୍କ ଭଜନ କୀର୍ତ୍ତନ ଦ୍ଵାରା ଆଖପାଖ ଅଞ୍ଚଳ ପ୍ରକମ୍ପିତ ହେଉଛି । ଭଲପାଗ ସହ ବଜାରରେ ନାନା ପ୍ରକାର ଖେଳନା, ଖାଦ୍ୟ ପଦାର୍ଥ ପୂଜାର ମଜା କୁ ଦ୍ୱିଗୁଣିତ କରୁଛି ।

### ମା'ଙ୍କ ମସ୍ତକରେ ୮ କେଜିର ରୂପା ମୁକୁଟ

ଢେଙ୍କାନାଳ,୮ ।୧୦(ସମିସ): ଢେଙ୍କାନାଳ ସହରରେ ଚଳିତବର୍ଷ ୩୮ ଟି ପୂଜା ମଣ୍ଡପରେ ମା'ଲକ୍ଷ୍ମୀଙ୍କ ପୂଜାର୍ଚ୍ଚନା ଚାଲିଛି । ଏଥିମଧ୍ୟରୁ କୁଞ୍ଜକାନ୍ତ କ୍ରୀଷ୍ଟା ବଜାରର ମା'ଙ୍କ ମସ୍ତକରେ ୮କେଜି ଓଜନର ଭବ୍ୟ ରୂପା ମୁକୁଟ ଦର୍ଶକଙ୍କ ମନମୋହୁଛି । ଯେତେବେଳେ ସହରର ଅଧିକାଂଶ ମୁଖ୍ୟ ବଜାର ନିଜ ନିଜର ଆଲୋକ ସଜ୍ଜା ପାଇଁ ସହରର ମୁଖ୍ୟ ରାସ୍ତାଉପରେ ଆଖିବୁଜା ଗାତ ଖୋଳିଥିବାବେଳେ କୁଞ୍ଜକାନ୍ତ କ୍ରୀଷ୍ଟା ବଜାର ନିଜର ଆଲୋକ ତୋରଣ ପାଇଁ ରାସ୍ତାକୁ ଛାଡି ଏହାର ମାଟି ଅଂଶରେ ଗାତ ଖୋଳି ବାଉଁଶ ପୋତିଛି । ଏଥିପାଇଁ କୁଞ୍ଜକାନ୍ତ କ୍ରୀଷ୍ଟା ବଜାର କମିଟିର ସଭାପତି ଶିକ୍ଷକ ନେତା ହୃଦାନନ୍ଦ ଦ୍ୱିବେଦୀ ଏବଂ ସମ୍ପାଦକ ଦୀପକ କୁମାର ନାୟକ ଧନ୍ୟବାଦର ପାତ୍ର । ଜିଲ୍ଲା ସଡ଼କ ସୁରକ୍ଷା କମିଟି ଏଥିପାଇଁ କୁଞ୍ଜକାନ୍ତ କ୍ରୀଷ୍ଟା ବଜାରକୁ ସମ୍ମାନିତ କରିବାକୁ ସଡ଼କ ସୁରକ୍ଷା କମିଟିର ସଭ୍ୟ ପ୍ରଦ୍ୟୁମ୍ନ ରଥ ମତ ଦେଇଛନ୍ତି । କୁଞ୍ଜକାନ୍ତ କ୍ରୀଷ୍ଟା ବଜାର କମିଟି ପକ୍ଷରୁ ଏହାର ସଭାପତି ହୃଦାନନ୍ଦ ଦ୍ୱିବେଦୀ ଜିଲ୍ଲା ଶ୍ରୀଜଗନ୍ନାଥ ସେବା ପରିଷଦର ସଭାପତି ପ୍ରଦ୍ୟୁମ୍ନ ରଥଙ୍କୁ ସ୍ୱାଗତ ଜଣାଇଥିଲେ । ୧୯୫୮ ରୁ ଆରମ୍ଭ ହୋଇଥିବା ୬୭ ବର୍ଷର ପୁରୁଣା ଏହି ପୂଜା ମଣ୍ଡପରେ ମା'ଙ୍କ ପୃଷ୍ଠ ଦେଶରେ ସ୍ୱର୍ଣ୍ଣଜରିମେଢ ସାଙ୍ଗକୁ ଉଭୟ ପାଶ୍ୱର୍ରେ ମନୋରମ ପୁଚ୍ଛଧାରୀ ୨ଟି ମୟୁର ସହ ୨ ସଖୀ ମଧ୍ୟ ଉପବେଶନ କରିଛନ୍ତି ।

## ଭସାଣି ଉତ୍ସବ ନିମନ୍ତେ ପ୍ରସ୍ତୁତି



ଢେଙ୍କାନାଳ,୮ ।୧୦(ସମିସ): ସ୍ଥାନୀୟ ପୁରୁଣା ଜିଲ୍ଲା ପରିଷଦ ହଲ୍‌ଠାରେ ପ୍ରସିଦ୍ଧ ଲକ୍ଷ୍ମୀପୂଜା ଭସାଣି ଉତ୍ସବ ନିମନ୍ତେ ଜିଲ୍ଲାପାଳ ଆଶିଷ ଈଶ୍ୱର ପାଟିଲଙ୍କ ଅଧ୍ୟକ୍ଷତାରେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ଭସାଣି ଯାତ୍ରା ସମୟରେ ସମସ୍ତ ପୂଜା ପ୍ରତିଷ୍ଠାନର କର୍ମକର୍ତ୍ତାମାନେ ପୂର୍ଣ୍ଣ ସମୟ ଉପସ୍ଥିତ ରହି ସମୟାନୁବର୍ତ୍ତିତା ଅନୁପାଳନ କରି ଶାନ୍ତିଶୃଙ୍ଖଳାର ସହିତ ଭସାଣି ଯାତ୍ରା ସମାପନ କରିବାକୁ ପରାମର୍ଶ ଦେଇଛନ୍ତି । ଭସାଣି ଯାତ୍ରାରେ କେବଳ ଆଧାମ୍ୱିକ ଗୀତ ପରିବେଷଣ କରିବା ସହିତ ଭାଇବ୍ରେଟର ବ୍ୟବହାର ନ କରିବାକୁ ଜିଲ୍ଲାପାଳ ପରାମର୍ଶ ଦେଇଥିଲେ । ସମସ୍ତ ପୂଜା କମିଟିର କର୍ମକର୍ତ୍ତା ଏଥିରେ ସହମତି ପ୍ରଦାନ କରିଥିଲେ । ଜନସାଧାରଣଙ୍କ ହିତକୁ ଦୃଷ୍ଟିରେ ରଖି ସ୍ୱିକର ଶବ୍ଦ ମାତ୍ରାପ୍ରତି ଯତ୍ନବାନ ହେବାକୁ ଆରକ୍ଷୀ ଅଧିକ୍ଷକ ଅଭିନବ ସୋନକର ଗୁରୁତ୍ୱାରୋପ କରିଥିଲେ । ମେଢରେ ସର୍ବାଧିକ ୧୨ଟି ସ୍ୱିକର ବ୍ୟବହାର କରିବାକୁ ବୈଠକରେ ନିଷ୍ପତ୍ତି ହୋଇଥିଲା । ଟ୍ରାଫିକକୁ ଶୃଙ୍ଖଳିତ କରାଯିବ ଏବଂ ପୂଜା ପ୍ରତିଷ୍ଠାନ କୌଣସି ପ୍ରକାରର ବିଶୃଙ୍ଖଳା କଲେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ସେ ପ୍ରକାଶ କରିଥିଲେ । ରାତ୍ର ୧୧ ଘଟିକା ପର୍ଯ୍ୟନ୍ତ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ ଏବଂ ରାତ୍ର ୧୨ ଘଟିକା ପର୍ଯ୍ୟନ୍ତ ପୂଜା ମଣ୍ଡପ ଓ ଦୋକାନ ବଜାର ଖୋଲା ରହିବ ବୋଲି ନିଷ୍ପତ୍ତି ହୋଇଛି । ସମୟାନୁବର୍ତ୍ତିତା ପ୍ରତି ବିଶେଷ ଧ୍ୟାନ ଦିଆଯିବ ଏବଂ ଶାନ୍ତିଶୃଙ୍ଖଳାର ସହିତ ଭସାଣି ଯାତ୍ରା ସମ୍ପର୍ଣ୍ଣ କରାଯିବ ବୋଲି ମିଳିତ ବଜାର ଲକ୍ଷ୍ମୀପୂଜା କମିଟିର ସଭାପତି ଶ୍ରୀ ରୁଦ୍ର ନାରାୟଣ ତ୍ରିପାଠୀ ପ୍ରକାଶ କରି ସମସ୍ତ ପୂଜା ପ୍ରତିଷ୍ଠାନର କର୍ମକର୍ତ୍ତାଙ୍କ ସହଯୋଗ କାମନା କରିଥିଲେ । ଏହି ବୈଠକରେ ପୌର ଉପାଧ୍ୟକ୍ଷା ଜୟନ୍ତୀ ପାତ୍ର, ଆଇଏଏସ୍ ପ୍ରୋବେସନ ଭଗତ ସାମଲ କଲ୍ୟାଣ ରାଓ, ସମସ୍ତ ପୂଜା ପ୍ରତିଷ୍ଠାନର କର୍ମକର୍ତ୍ତାଗଣ, ପୁଲିସ, ସମ୍ପୃକ୍ତ ବିଭାଗୀୟ ଅଧିକାରୀ ଓ ଗଣମାଧ୍ୟମର ପ୍ରତିନିଧିମାନେ ଉପସ୍ଥିତ ଥିଲେ । ସଦର ଉପ ଜିଲ୍ଲାପାଳ ବିବୁଧ ଗଡ଼ନାୟକ ଧନ୍ୟବାଦ ଅର୍ପଣ କରିଥିଲେ ।

**ଆସନ୍ତା ୧୫ରେ ଭସାଣି, ଭାଇବ୍ରେଟର ବ୍ୟବହାର ନ କରିବାକୁ ପରାମର୍ଶ**

## ବିଭିନ୍ନ ଔଷଧ ଦୋକାନରେ ଚଢ଼ଉ




ହିନ୍ଦୋଳ,୮ ।୧୦(ସମିସ): ଢେଙ୍କାନାଳ ଜିଲ୍ଲାର ବିଭିନ୍ନ ଅଞ୍ଚଳରେ ବିଭିନ୍ନ ଔଷଧ ଦୋକାନରେ ଜିଲ୍ଲା ଡ୍ରଗସ୍ କଣ୍ଟ୍ରୋଲ ଅଧିକାରୀଙ୍କ ତତ୍ତ୍ୱାବଧାନରେ ଚଢ଼ଉ କରାଯାଇ ସଂଗ୍ରହ କରାଯାଇଥିବା ବିଭିନ୍ନ କମ୍ପାନୀର କଫ୍‌ସିରପର ମାନ ଜାଣିବାକୁ ଲ୍ୟାବକୁ ପଠାଇଦିଆଯାଇଥିବା ଜଣାପଡ଼ିଛି । ପ୍ରକାଶ ଥାଉକି ମଧ୍ୟପ୍ରଦେଶରେ କଫସିରପ ଖାଇ ଶିଶୁ ମୃତ୍ୟୁ ଘଟଣା ଆଲୋଡନ ସୃଷ୍ଟିକରିଥିବା ସମୟରେ ଓଡ଼ିଶା ସରକାରଙ୍କ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ ପକ୍ଷରୁ ତତ୍ପରତା ପ୍ରକାଶ ପାଇବା ସହ ଏନେଇ ସଚେତନା ସୃଷ୍ଟି ମଧ୍ୟ କରାଯାଉଛି । ଓଡ଼ିଶା ଭେଷଜ ନିୟନ୍ତ୍ରକଙ୍କ ନିର୍ଦ୍ଦେଶକ୍ରମେ ଢେଙ୍କାନାଳ ସହର ସହ ଜିଲ୍ଲାର ବିଭିନ୍ନ ସ୍ଥାନରେ ଚଢ଼ଉ କରାଯାଇଛି । ହିନ୍ଦୋଳ ଉପଖଣ୍ଡରେ ମଧ୍ୟ ଅନେକ ଔଷଧ ଦୋକାନରେ ଚଢ଼ଉ କରାଯାଇ କେତେକ କମ୍ପାନୀର କଫ୍ ସିରପ ସାମ୍ପୁଲରମାନ ପରିକ୍ଷା କରିବା ସିରପ୍ ସଂଗ୍ରହ କରାଯାଇ ସମ୍ପୃକ୍ତ ଦୋକାନର କର୍ମକର୍ତ୍ତାଙ୍କୁ ସଚେତନ କରାଯାଇ ୨ ବର୍ଷରୁ କମ୍ ଶିଶୁଙ୍କୁ ସିରପ ନ ଦେବାକୁ ଚେତାବନୀ ଦିଆଯାଇଛି । ଢେଙ୍କାନାଳ ଡ୍ରଗସ କଣ୍ଟ୍ରୋଲର ଙ୍କ ତତ୍ତ୍ୱାବଧାନରେ ଅତିରିକ୍ତ ଡ୍ରଗସ କଣ୍ଟ୍ରୋଲର ପ୍ରଣତିପ୍ରଭା ସାହୁ ଉଭୟ ଅନୁଗୁଳ ଓ ଢେଙ୍କାନାଳର ଅନେକ ଔଷଧ ଦୋକାନରେ ସୋମବାର ଓ ମଙ୍ଗଳବାର ୨ ଦିନ ଧରି ଚଢଢ଼ଉ କରିଥିବା ଜଣାପଡିଛି । ଉକ୍ତ ଚଢଢ଼ଉ ରେ ଢେଙ୍କାନାଳ ଡ୍ରଗସ୍ ଇନ୍ସପେକ୍ଟର ଦିଲୀପ କୁମାର ଜେନା, ଅନୁଗୁଳ ଜିଲ୍ଲାକ ଡ୍ରଗସ୍ ଇନ୍ସପେକ୍ଟର ମନସ୍ୱିନି ବିଶ୍ୱାଳ, ସୌରଭ ଗୌତ୍ତମ ସହଯୋଗ କରିଥିଲେ ।

## ଏୟାର ଫୋର୍ସ ଆସୋସିଏସନ୍‌ରେ ବାୟୁସେନା ଦିବସ



ଢେଙ୍କାନାଳ,୮ ।୧୦(ସମିସ): ଢେଙ୍କାନାଳ ଜିଲ୍ଲା ଏୟାର ଫୋର୍ସ ଆସୋସିଏସନ୍ ପକ୍ଷରୁ ବାୟୁସେନା ଅଧିକାରୀ ଉଇଙ୍ଗ କମାଣ୍ଡର ବିରଜା ଶଙ୍କର ସିଂହଦେଓଙ୍କ ଅଧ୍ୟକ୍ଷତାରେ ସ୍ଥାନୀୟ ସିନର୍ଜୀ ଇଂଜିନିୟରିଂ କଲେଜ ବାସଭବନରେ ପାଳିତ ହୋଇଯାଇଛି । ସଂଗଠନର ଜିଲ୍ଲା ସଭାପତି ଅବସରପ୍ରାପ୍ତ ବାୟୁସେନା ଅଧିକାରୀ ତପନ କୁମାର ପାଲଙ୍କ ପୌରୋହିତ୍ୟରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ସେଥିରେ ମୁଖ୍ୟ ଅତିଥି ଭାବେ ଜିଲ୍ଲା ଏନ୍‌ସିସି କମାଣ୍ଡାଣ୍ଟ କୋଲନେଲ ଆର୍‌କେ ବଲ୍ ଆସୋସିଏସନର ବିଭିନ୍ନ ଉନ୍ନତିମୂଳକ କାର୍ଯ୍ୟକୁ ଏବଂ ଅବସର କର୍ମଚାରୀମାନଙ୍କରଦେଶମାତୃକା ପାଇଁ ବଳିଦାନକୁ ସରାହାନା କରିଥିଲେ । ଭେଟେରାନଙ୍କ ପରିବାର ବର୍ଗ ଏହି କାର୍ଯ୍ୟକ୍ରମରେ ଯୋଗଦାନ କରିଥିଲେ । ଆସୋସିଏସନର ମହିଳା ଶାଖା ବାନ୍ଧବୀ, ପ୍ରତିଟି ଓଡ଼ିଆ ପର୍ବ ପର୍ବାଣୀ ଓ ରାଷ୍ଟ୍ରୀୟ ଦିବସ ଗୁଡିକୁ ଅତ୍ୟନ୍ତ ସମାରୋହରେ ପା।ନ କରୁଥିବାରୁ ସଂଗଠନର ଉପଦେଷ୍ଟା ଅବସରପ୍ରାପ୍ତ ଉଇଙ୍ଗ କମାଣ୍ଡର ବିଏସ୍ ସିଂହଦେଓ ପ୍ରଶଂସା କରିଥିଲେ । ଏନ୍‌ସିସି କମାଣ୍ଡର କର୍ଣ୍ଣଲ ଆରକେ ବଳ ଇଣ୍ଡିଆନ ଏୟାର୍ ଫୋର୍ସର ବୀରତ୍ୱ ଗାଥା ଏବଂ ବଳୀଦାନ ସମ୍ବନ୍ଧରେ ଆଲୋକପାତ କରିଥିଲେ । ଢେଙ୍କାନାଳ ଇସିଏଚଏଫର କମାଣ୍ଡିଂ ଅଫିସର ଇନ୍‌ଚାର୍ଜ ଲେଫନାଣ୍ଟ କର୍ଣ୍ଣଲ ଅମରଜ୍ୟୋତି ରଏ ବାୟୁସେନା ମେଡିକାଲର ସୁବିଧା ବିଷୟରେ ଆଲୋକପାତ କରିଥିଲେ । ଏହି ସଭାରେ ପ୍ରାୟ ୬୦ରୁ ଊର୍ଦ୍ଧ୍ୱ ବାୟୁସେନା ଅଧିକାରୀ ଏବଂ ସେମାନଙ୍କ ପରିବାର ବର୍ଗ ଉପସ୍ଥିତ ଥିଲେ । ପ୍ରମୋଦ କୁମାର ମହାନ୍ତୀ, ଆସୋସିଏସନ ପକ୍ଷରୁ ଅତିଥି ତଥା ଉପସ୍ଥିତ ପୂର୍ବତନ ବାୟୁସେନା ଏବଂ ପରିବାର ବର୍ଗଙ୍କୁ ଧନ୍ୟବାଦ ଅର୍ପଣ କରି ସଭା ସାଙ୍ଗ କରିଥିଲେ ।

## ଢେଙ୍କାନାଳ ଜିଲ୍ଲାର ଗର୍ବ ସାଜିଲେ ସୋରିଶିପଦାର ଲୁକ୍କାୟିତ ପ୍ରତିଭା

ଗଁଦିଆ,୮ ।୧୦(ସମିସ): ସମଗ୍ର ରାଜ୍ୟରେ ଆଜି ଢେଙ୍କାନାଳ ଜିଲ୍ଲାକୁ ଗର୍ବିତ କରିଛନ୍ତି ଗଁଦିଆ ବ୍ଲକର ସୋରିଶିପଦା ଗ୍ରାମ ପଞ୍ଚାୟତର କିଛି ପ୍ରତିଭା । ଚଳିତ ମାସ ୫ ତାରିଖ ଦିନ ଭୁବନେଶ୍ୱର କରାଟେ ବିଦ୍ୟାଳୟ ଠାରେ ସ୍ଲିଙ୍ଗଶଟ ଓଡିଶା ଆନୁକୂଲ୍ୟରେ ଦ୍ୱିତୀୟ ରାଜ୍ୟସ୍ତରୀୟ ବାଟୁଳି ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା । ଉକ୍ତ ପ୍ରତିଯୋଗିତାରେ ଢେଙ୍କାନାଳ ଜିଲ୍ଲା ଅଧୀନ ସୋରିଶିପଦା ପଞ୍ଚାୟତର ୧୨ ବର୍ଷ ବର୍ଗରେ ଲିପୁ ବେହେରା, ରାଜେଶ ଦେହୁରୀ (୧୪), ମୁନା ହେମ୍ବ୍ରମ (୧୬) ବର୍ଗରେ ବ୍ୟକ୍ତିଗତ ପ୍ରତିଯୋଗିତାରେ ଭାଗ ନେଇ ୧ମ ସ୍ଥାନ ଅଧିକାର କରି ସ୍ୱର୍ଣ୍ଣପଦକ ଜିତିଥିବା ସ୍ଥଳେ ସେହିପରି ସୁମେଶ ଦେହୁରୀ ୧୪ବର୍ଷ ବର୍ଗରେ ଦ୍ୱିତୀୟ ହୋଇ ରୌପ୍ୟ ପଦକ ଜିତିଛନ୍ତି । ଏତତ୍‌ବ୍ୟତୀତ ଦଳଗତ ପ୍ରତିଯୋଗିତାରେ ଅଂଶଗ୍ରହଣ କରି ୧ମ ସ୍ଥାନ ଅଧିକାରୀ ସ୍ୱର୍ଣ୍ଣପଦକ ଜିତି ଢେଙ୍କାନାଳ ଜିଲ୍ଲାକୁ ଗୌରବାନ୍ୱିତ କରଛନ୍ତି । ମୁଖ୍ୟଅତିଥି ସମୀର କୁମାର ମହାନ୍ତିଙ୍କ ଠାରୁ ପ୍ରତିଯୋଗୀମାନେ ପଦକ ଗ୍ରହଣ କରିଥିଲେ । ଉକ୍ତ ସଫଳତାକୁ ନେଇ ସମଗ୍ର ଜିଲ୍ଲା ଓ ଉକ୍ତ ଅଞ୍ଚଳରେ ଖୁସିର ଲହରୀ ଖେଳିଯାଇଛ । ପ୍ରତିଯୋଗୀମାନେ ଡା ଅଭିମନ୍ୟୁ ନାୟକଙ୍କ ତତ୍ତ୍ୱାବଧାନରେ ପ୍ରଶିକ୍ଷଣ ନେଉଥିଲେ ।



## ଭୁଷଳ ପରିବେଶ କ୍ଲବ୍ ପକ୍ଷରୁ ଚାରା ରୋପଣ



ଗଁଦିଆ,୮ ।୧୦(ସମିସ): ଜାତୀୟ ପୁରସ୍କାର ପ୍ରାପ୍ତ ଶିକ୍ଷକ ତଥା ପ୍ରକୃତିବନ୍ଧୁ ହରିହର ସାହୁ ଓ ପରିବେଶବିତ ବିଜୟ କୁମାର ସାମନ୍ତଙ୍କ ପ୍ରେରଣାରେ ପ୍ରେରିତ ହୋଇ ଭୁବନ ବ୍ଲକ ଅନ୍ତର୍ଗତ ଭୁବନ ବନାଞ୍ଚଳର ରେଞ୍ଜର ରାକେଶ କୁମାର ଦଳେଇଙ୍କ ସହଯୋଗରେ ଭୁଷଳ ଗ୍ରାମର ଯୁବକମାନେ ଭୁଷଳ ପରିବେଶ କ୍ଲବ ଗଠନ କରି ଚଳିତ ମୌସୁମୀ ଋତୁରେ ୨୦୦ରୁ ଅଧିକ ଚାରାରୋପଣ କରିସାରିଲେଣି । ଭୁଷଳ ଗ୍ରାମର ବିଜ୍ଞାନ ଶିକ୍ଷକ ଅଭୟ କୁମାର ଶତପଥିଙ୍କ ନେତୃତ୍ୱ ରେ ଏହି କାର୍ଯ୍ୟକ୍ରମ ହେଉଅଛି । ଏଥିରେ ଗ୍ରାମର ଯୁବକମାନେ ବଣ୍ଟି, ବାପି, ବୁବୁ, ଟୁନା, ବିଚିତ୍ରାନନ୍ଦ, ଲୁଲୁ, ଶରତ, ଜଗା, ପଦନ, କମଳ, ରିଙ୍କୁ, କାଳିଆ, ବବୁଲ, ସିପୁ, ଆରୀୟନ ପ୍ରମୁଖ୨୦ରୁ ଅଧିକ ଯୁବକମାନେ ସାମିଲ ହୋଇ ପ୍ରତ୍ୟେକ ଦିନ ଭୁଷଳ ଗ୍ରାମ ପଞ୍ଚାୟତ ଆଗରେ , ଭୁଷଳ ଗ୍ରାମ ପଞ୍ଚାୟତ ମୁଖ୍ୟ ରାସ୍ତା ପାର୍ଶ୍ୱରେ, ଭୁଷଳ ସ୍କୁଲ ଆଗରେ ଓ ହତା ମଧ୍ୟରେ ବିଭିନ୍ନ ପ୍ରକାର ଗଛ ଯଥା ବର ଗଛ, ଅଶ୍ୱତ୍ଥ, କଦମ୍ବ, ବଉଳ, ଅର୍ଜୁନ, ପେଷ୍ଟା ବାଦାମ, ନିମ୍ବ, କରଞ୍ଜ ଆଦି ରୋପଣ କରୁଛନ୍ତି ।

## ପୀତବାସ ପଣ୍ଡାଙ୍କ ବିୟୋଗରେ ବାର୍ ଆସୋସିଏସନର ଶୋକ



ଢେଙ୍କାନାଳ,୮ ।୧୦(ସମିସ): ଓଡ଼ିଶା ରାଜ୍ୟ ଆଇନ୍‌ଜୀବୀ ପରିଷଦର ସଦସ୍ୟ ତଥା ବରିଷ୍ଠ ଆଇନଜୀବୀ ପିତବାସ ପଣ୍ଡାଙ୍କ ହତ୍ୟା ପ୍ରତିବାଦରେ ଆଜି ଢେଙ୍କାନାଳ ଜିଲ୍ଲା ଓକିଲ ସଂଘ ତରଫରୁ ଏକ ବୈଠକ ଅନୁଷ୍ଠିତ ହୋଇଥିଲା । ଜିଲ୍ଲା ଓକିଲ ସଂଘ ସଭାପତି ଗୋପାଳଚନ୍ଦ୍ର ପାତ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ୨ ମିନିଟ ନୀରବ ପ୍ରାର୍ଥନା କରାଯାଇଥିଲା । ପ୍ରତ୍ୟେକ ଆଇନଜୀବୀ ନିଜ ଜୀବନକୁ ବାଜି ଲଗାଇ ସାଧାରଣ ଲୋକମାନଙ୍କୁ ଆଇନଗତ ସୁରକ୍ଷା ପ୍ରଦାନ କରୁଥିଲେ ମଧ୍ୟ ଆଇନଜୀବୀଙ୍କ ପାଇଁ କୌଣସି ବ୍ୟକ୍ତିଗତ ସୁରକ୍ଷା ଆଇନ ସରକାର ଏ ପର୍ଯ୍ୟନ୍ତ ପ୍ରଣୟନ କରି ନ ଥିବାରୁ ବୈଠକରେ କ୍ଷୋଭ ପ୍ରକାଶ କରାଯାଇଥିଲା । ସରକାରଙ୍କ ତରଫରୁ ତୁରନ୍ତ ଉକ୍ତ ଆଇନ ପ୍ରଣୟନ କରିବା ପାଇଁ ବୈଠକରେ ଦାବି କରାଯାଇଥିଲା । ଓଡ଼ିଶା ରାଜ୍ୟ ଆଇନଜୀବୀ ପରିଷଦର ନିଷ୍ପତ୍ତି ଅନୁଯାୟୀ ଆଜି ଢେଙ୍କାନାଳ ଜିଲ୍ଲା ଓକିଲ ସଂଘର ସମସ୍ତ ସଭ୍ୟ କଲମଛାଡ଼ ଆନ୍ଦୋଳନରେ ଯୋଗ ଦେଇଥିଲେ । ଉକ୍ତ ହତ୍ୟାକାଣ୍ଡରେ ସମ୍ପୃକ୍ତ ଦୋଷୀଙ୍କୁ ୪୮ ଘଣ୍ଟା ମଧ୍ୟରେ ଗିରଫ କରାନଗଲେ ସଂଘ ତରଫରୁ ଆନ୍ଦୋଳନାତ୍ମକ ପଦକ୍ଷେପ ଗ୍ରହଣ କରିବାକୁ ବୈଠକରେ ନିଷ୍ପତି ଗ୍ରହଣ କରାଯାଇଛି । ଏହି ବୈଠକରେ ସଂଘର ଉପସଭାପତି ଟଙ୍କଧର ବେହେରା, ସମ୍ପାଦକ ତାପସ କୁମାର କବିଶତପଥୀ, ସହସମ୍ପାଦକ ଉତ୍ତମ ଦାସ, କାର୍ଯ୍ୟକାରୀ ସଦସ୍ୟ ପ୍ରେମାନନ୍ଦ ବିହାରୀ, ବରିଷ୍ଠ ଆଇନଜୀବୀ ଶ୍ୟାମସୁନ୍ଦର ପଣ୍ଡା, ଦୀପ୍ତିଶ ପଟ୍ଟନାୟକ, ସଞ୍ଜୟ ମିଶ୍ର, ଦୁର୍ଗାପ୍ରସାଦ ଶତପଥୀ, ଭାବଗ୍ରାହୀ ପଣ୍ଡା, ସତ୍ୟପ୍ରିୟ ଶରଣ, ଦୀପକ ପ୍ରସାଦ ପଟ୍ଟନାୟକ, ପତିତପାବନ ମିଶ୍ର, ମନୋଜ ମହାପାତ୍ର, ପ୍ରମିଳା ମହାପାତ୍ରଙ୍କ ସମେତ ଶତାଧିକ ଆଇନଜୀବୀ ଉପସ୍ଥିତ ଥିଲେ ।

# ବାତ୍ୟା ଆଶ୍ରୟସ୍ଥଳୀ ପାଲଟିଛି ଅସାମାଜିକଙ୍କ ଚରାଭୂଇଁ

ଡେରାବିଶ,୮।୧୦(ସମିସ)



ଡେରାବିଶ ବ୍ଲକ୍ ଇନ୍ଦାଲୋ ପଞ୍ଚାୟତ ଅଧୀନ ଛକନା ଗ୍ରାମର ସାରଦା ଏକାଡେମୀ ନିକଟରେ ସରକାରଙ୍କ ଦ୍ୱାରା ନିର୍ମିତ ବାତ୍ୟା ଆଶ୍ରୟସ୍ଥଳୀ ଏବେ ଅସାମାଜିକ ବ୍ୟକ୍ତିଙ୍କ ଛରାଭୂଇଁ ପାଲଟିଛି ବୋଲି ଅଭିଯୋଗ ହେଉଛି। ସୂଚନାନୁଯାୟୀ, ଗତ ୩ବର୍ଷ ତଳେ ଛକନା ଗ୍ରାମରେ ପ୍ରାକୃତିକ ବିପର୍ଯ୍ୟୟ ସମୟରେ ଗ୍ରାମର ଗୃହପାଳିତ ପଶୁ ଓ ଅସହାୟ ବ୍ୟକ୍ତିମାନେ ଆଶ୍ରୟ ନେବା ପାଇଁ ଏକ ଆଶ୍ରୟସ୍ଥଳୀ ନିର୍ମାଣ କରାଯାଇଥିଲା। ଏହି ଆଶ୍ରୟସ୍ଥଳୀଟି ଶାରଦା ଏକାଡେମୀ ହାଇସ୍କୁଲ ପାଚେରୀ ନିକଟରେ ନିର୍ମାଣ ହୋଇଥିଲା। ଉଦ୍ଦେଶ୍ୟଥିଲା ବିପର୍ଯ୍ୟୟ ସମୟରେ ଅସହାୟ ଲୋକମାନେ ଆଶ୍ରୟ ନେବେ ଓ ଅନ୍ୟ ସମୟରେ ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କ ପଠନ ପାଇଁ ଏହା ଶ୍ରେଣୀଗୃହ ଭାବରେ ବ୍ୟବହାର କରାଯିବ। ହେଲେ ଏହା ନିର୍ମାଣ ପରେ ବିଦ୍ୟାଳୟକୁ ହସ୍ତାନ୍ତର କରାଯାଇନଥିବା ଜଣାପଡ଼ିଛି। ଯାହା

## ରକ୍ଷଣାବେକ୍ଷଣା ଓ ସୁରକ୍ଷା ପାଇଁ ଦାବି

ଫଳରେ ଏହାର ରକ୍ଷଣାବେକ୍ଷଣ ପାଇଁ କୌଣସି ବ୍ୟବସ୍ଥା କରାଯାଇନଥିବାରୁ ଅସାମାଜିକ ଲୋକମାନେ ଦିନ ଓ ରାତି ସମୟରେ ନିଶା ସେବନ କରିବା ପାଇଁ ବ୍ୟବହାର କରୁଛନ୍ତି। ଯାହାକି ଗ୍ରାମ ମଧ୍ୟରେ ଅସ୍ୱାସ୍ଥ୍ୟକର ପରିବେଶ ସୃଷ୍ଟି କରିବାସହ ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କ ପ୍ରତି ଏକ ନକାରାତ୍ମକ ପରିବେଶ ସୃଷ୍ଟି କରୁଛି। ବିଳମ୍ବିତ ରାତିରେ ଉକ୍ତ ଆଶ୍ରୟସ୍ଥଳୀରେ ଅସାମାଜିକ କାର୍ଯ୍ୟ ହେଉଥିବା ମଧ୍ୟ ଅଭିଯୋଗ ହେଉଛି। ଅସାମାଜିକମାନେ ଆଶ୍ରୟସ୍ଥଳର ଝରକା ଓ କବାଟ ଭାଙ୍ଗି ଏଭଳି କାର୍ଯ୍ୟରେ ଲିପ୍ତ ରହୁଥିବାରୁ ସାଧାରଣରେ ଜନଅସନ୍ତୋଷ ବ୍ୟାପୁଛି। ଜିଲ୍ଲାପାଳ ଏହାର ତଦନ୍ତ କରି ଆଶ୍ରୟସ୍ଥଳୀର ସୁରକ୍ଷା ପାଇଁ ପଦକ୍ଷେପ ନେବାକୁ ଗ୍ରାମବାସୀ ଦାବି କରିଛନ୍ତି।

# ସାହସପୁରରେ ଗଜଲକ୍ଷ୍ମୀ ପୂଜା

କେନ୍ଦ୍ରାପଡ଼ା,୮।୧୦(ସମିସ): କେନ୍ଦ୍ରାପଡ଼ା ବ୍ଲକର କଂସାର ପଞ୍ଚାୟତ ଅଧୀନ ସାହସପୁର ଗ୍ରାମରେ ମା'ଗଜଲକ୍ଷ୍ମୀଙ୍କ ପୂଜା ଅବସରରେ ଶିବଶକ୍ତି ପୂଜା ପାଉଛନ୍ତି। ଏହି ଅବସରରେ ମା'ଙ୍କୁ ଷୋଡଶ ଉପଚାରରେ ପୂଜା କରାଯିବା ସହ ହୋମଯଜ୍ଞ ଓ କୀର୍ତ୍ତନ ଭଜନ ପ୍ରଭୃତି କରାଯାଉଛି। ସଭାପତି ସରୋଜପ୍ରସାଦ ନାୟକ, ସମ୍ପାଦକ ଦୀପ୍ତିରଞ୍ଜନ ମହାପାତ୍ର, ସଭ୍ୟ ଙ୍କ ପ୍ରିୟବ୍ରତ ଦାସ, ଅଶୋକ ମହାପାତ୍ର, ପ୍ରଭଞ୍ଜନ ସାମଲ, ଚନ୍ଦ୍ରକାନ୍ତ ବେହେରା, ସରୋଜକାନ୍ତ ସାହୁ, ସୁଶାନ୍ତ ଓଝା, ପ୍ରତାପ ନାୟକ, ରଜନୀକାନ୍ତ ଲେଙ୍କା, ଦେବେନ୍ଦ୍ର ବିଶ୍ୱାଳ, ସୁମନ ସ୍ୱାଇଁ, ନିର୍ମଳ ଓଝା, ଅମୀୟ ବେହେରା, ପ୍ରମୁଖ ଆନନ୍ଦ ଉଲ୍ଲାସର ସହିତ ୫ ଦିନ ବ୍ୟାପି ନୀତି ନିୟମରେ ମା'ଙ୍କ ପୂଜା କାର୍ଯ୍ୟ କରାଯିବା ସହିତ ଦୈନିକ



ଭଜନ ଓ ମନୋରଞ୍ଜନ କାର୍ଯ୍ୟକ୍ରମ ଏବଂ ପ୍ରସାଦସେବନ ବ୍ୟବସ୍ଥା କରାଯାଇଛି।

● ହୃଦଘାତରେ ଗୁରୁତର ସାମ୍ବାଦିକ ଅରୁଣ

# ଅତ୍ୟାଧୁନିକ ଚିକିତ୍ସା ପାଇଁ ଅର୍ଥାଭାବ ସାଜିଛି ବାଧକ

ଗରଦପୁର,୮।୧୦(ସମିସ): ପାଟକୁରା ଅଞ୍ଚଳରେ କାର୍ଯ୍ୟରତ ସାମ୍ବାଦିକ ଅରୁଣ କୁମାର ମହାପାତ୍ର ହୃଦଘାତରେ ଗୁରୁତର ଭାବେ ଅସୁସ୍ଥ ହୋଇ ଚିକିତ୍ସାଧୀନ ଅବସ୍ଥାରେ ଅଛନ୍ତି। ତାଙ୍କ ଜୀବନ ରକ୍ଷା ପାଇଁ ତୁରନ୍ତ ହୃଦ ସମ୍ବନ୍ଧୀୟ ଓପନ ହାର୍ଟ ସର୍ଜରୀ ଆବଶ୍ୟକ ବୋଲି ଡାକ୍ତର କହିଛନ୍ତି। ଦୀର୍ଘଦିନ ଧରି ସାମ୍ବାଦିକତା ମାଧ୍ୟମରେ ଅଞ୍ଚଳର ଜନସମସ୍ୟା, ଚାଷୀ ଦୁଃଖ ଓ ସାମାଜିକ ଅନ୍ୟାୟ ବିଷୟରେ ସତ୍ୟକୁ ଉଜାଗର କରି ଆସୁଥିବା ଅରୁଣ ମହାପାତ୍ର ଏବେ ନିଜ ଜୀବନ ଯୁଦ୍ଧରେ ନିମଗ୍ନ ହୋଇପଡିଛନ୍ତି। ମିଳିଥିବା



ଖବର ମୁତାବକ ଅପରେସନ ପାଇଁ ଅଧିକ ଅର୍ଥ ଆବଶ୍ୟକ। ଏନେଇ ଅଞ୍ଚଳର ସାମ୍ବାଦିକମାନେ ସାମାଜିକ ସଂଗଠନ ଓ ଦାତା ବ୍ୟକ୍ତିମାନଙ୍କ ସହଯୋଗ ଆଶା କରିଛନ୍ତି। ସତ୍ୟ ପ୍ରତି ନିଷ୍ଠା ଓ ସମାଜ ପାଇଁ ସେବା ଦେଇଥିବା ଏହି ସାମ୍ବାଦିକ ଆଜି ସହଯୋଗ ଆଶାରେ ଅସହାୟ ଅବସ୍ଥାରେ ରହିଛନ୍ତି। ଅଞ୍ଚଳର ବିଭିନ୍ନ ସଂଗଠନ ଓ ସଚେତନ ନାଗରିକମାନେ ତାଙ୍କ ଚିକିତ୍ସା ପାଇଁ ସହଯୋଗ ଆହ୍ୱାନ ଦେଇଛନ୍ତି। ଜଣେ ସତ୍ୟ ଯୋଦ୍ଧାଙ୍କ ଜୀବନ ରକ୍ଷା ପାଇଁ ସମସ୍ତେ ଆଗେଇ ଆସିବାକୁ ଆହ୍ୱାନ ଦିଆଯାଇଛି। ଏନେଇ ପାଟକୁରା ବିଧାୟକ ଅରବିନ୍ଦ ମହାପାତ୍ର, ବିଧାୟକଙ୍କ ପ୍ରତିନିଧି କ୍ଷିତିଶ ଚନ୍ଦ୍ର ଦାଶ, ବିଜୟସେନାର ନାୱେଦ୍ ଜାଫର, ହିମାଂଶୁ ଶେଖର ପୃଷ୍ଟି ପ୍ରମୁଖ ଆଡ଼ମିଶନ ହୋଇଥିବା ହସ୍ପିଟାଲରେ ଭେଟି ସ୍ୱାସ୍ଥ୍ୟବସ୍ଥା ବୁଝିବା ସହିତ ସଫଳ ଅସ୍ତ୍ରୋପଚାର ପାଇଁ ଡାକ୍ତର ଟିମ୍ ସହ ଆଲୋଚନା କରିଛନ୍ତି।

# ମହର୍ଷି ବାଲ୍ମୀକିଙ୍କ ଜୟନ୍ତୀ ପାଳିତ



କେନ୍ଦ୍ରାପଡା,୮।୧୦(ସମିସ): ସଂସ୍କୃତ ଭାରତୀ କେନ୍ଦ୍ରାପଡ଼ା ଶାଖା ଆନୁକୁଲ୍ୟରେ ପୁରୁଷୋତ୍ତମପୁରସ୍ଥିତ ପଣ୍ଡିତ ହୃଷୀକେଶ ରଥଙ୍କ ଗୃହାଙ୍ଗନରେ ସଂସ୍ଥାପିତ ଶ୍ରୀରାମ ମନ୍ଦିର ପରିସରରେ ଆଦିକବି ମହର୍ଷି ବାଲ୍ମୀକିଙ୍କ ଜୟନ୍ତୀ ଉତ୍ସବ ପଣ୍ଡିତ ଭ୍ରମରବର ନନ୍ଦଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ହୋଇଯାଇଛି। ଭବ୍ୟ ଜୟନ୍ତୀ ଉତ୍ସବକୁ ଆବାହକ ମାନସ ଭୂଷଣ ପଣ୍ଡିତ ହୃଷୀକେଶ ରଥ ଉଦ୍‌ଘାଟନ କରିଥିଲେ। ମୁଖ୍ୟଅତିଥି ଭାବେ ସର୍ବେଶ୍ୱର ସେଣ ଯୋଗଦେଇ ବାଲ୍ମୀକିଙ୍କ ସଂସ୍କୃତ ରାମାୟଣ ପରେ ଅନ୍ୟ ଭାଷାରେ ରାମାୟଣ ରଚିତ ହୋଇଥିଲା ବୋଲି ତଥ୍ୟ ଭିତ୍ତିକ ଆଲୋଚନା କରିଥିଲେ। ମୁଖ୍ୟବକ୍ତା ପଣ୍ଡିତ ଦାମୋଦର ରାଉତ ବାଲ୍ମୀକି ରାମାୟଣରୁ ଅରଣ୍ୟ କାଣ୍ଡ ଏବଂ ସମ୍ମାନିତ ଅତିଥି ଫୋରଡବାୟା ଆଶ୍ରମର ମହନ୍ତ ବାବାଜୀ ହୃଷୀକେଶ ଦାଶ ରାମ ଚରିତ ମାନସ ସମ୍ପର୍କରେ ଆଲୋଚନା କରିଥିଲେ। ସଂସ୍କୃତ ଭାରତୀ କେନ୍ଦ୍ରାପଡ଼ା ଶାଖା ସଂଯୋଜକ ହରେକୃଷ୍ଣ ପତି ବେଦପାଠ କରିବା ସହିତ ଅତିଥିମାନଙ୍କ ପରିଚୟ ଏବଂ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ମେଜର ଭରତ ଚନ୍ଦ୍ର ଜେନା, ଶୋଭନୀୟ ଆନ୍ଦୋଳନର ଆଜୀବନ ସଭ୍ୟ ଅଧ୍ୟାପକ ଇନ୍ଦ୍ରମଣି ନାୟକ, ତପନ ଦାଶ, ପଣ୍ଡିତ କ୍ଷୀରୋଦ ସେନାପତି ପ୍ରମୁଖ ସମ୍ମାନିତ ଅତିଥି ଭାବରେ ବାଲ୍ମୀକି ରାମାୟଣ ବିଷୟରେ ଭିନ୍ନ ଭିନ୍ନ ଦିଗରୁ ଆଲୋଚନା କରିଥିଲେ। ସଂସ୍କୃତ ଭାଷାର ଗୌରବ ବୃଦ୍ଧି, ମହାଭାରତୀୟ ସଂସ୍କୃତି ଓ ପରମ୍ପରା ଏବଂ ପୂଜ୍ୟ ପୂଜାର ମାହାତ୍ମ୍ୟ ସମ୍ପର୍କରେ ସଚେତନତା ସୃଷ୍ଟି କରି ଏକ ସ୍ନେହ ଶାନ୍ତିପୂର୍ଣ୍ଣ ବିଶ୍ୱ ପରିବାର ଗଠନ କରିବା ପାଇଁ ଆଗଭର ହେବାକୁ ଏହି ଅବସରରେ ଅତିଥିମାନେ ଯୁବ ବର୍ଗଙ୍କୁ ଆହ୍ୱାନ କରିଥିଲେ। ମାଧବ ଚନ୍ଦ୍ର ପତ୍ରୀ, ମିନାକ୍ଷୀ ଦାସ, ମମତା ମଲ୍ଲ, ରୁକ୍ମିଣୀ ପଣ୍ଡା, ଦୀନେଶ ରଥ, ନୀରଦ କୁମାର ରାଉତ, ଅକ୍ଷୟ କୁମାର ମନ୍ତ୍ରୀ, ପ୍ରତାପ କୁମାର ସ୍ୱାଇଁ, ନବଘନ ନାୟକ, ନାରାୟଣ ପଣ୍ଡା ଏବଂ କୈଳାସ ସ୍ୱାଇଁ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ। ପରିବେଶ ପ୍ରେମୀ ନୃସିଂହ ଚରଣ ତ୍ରିପାଠୀ ଧନ୍ୟବାଦ ଅର୍ପଣ କରିଥିଲେ। ଆଧ୍ୟାତ୍ମିକ ଜ୍ଞାନ ପୀପାସୁ ବହୁ ବିଶିଷ୍ଟ ବ୍ୟକ୍ତି ଏହି କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ।

# ନୂଆଗଡ଼ରେ ୭୧ତମ ବନ୍ୟପ୍ରାଣୀ ସପ୍ତାହ ପାଳିତ

କୁଜଙ୍ଗ,୮।୧୦(ସମିସ): ଓଡ଼ିଶା ରାଜ୍ୟ ସରକାରଙ୍କ ଜଙ୍ଗଲ ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗ ପକ୍ଷରୁ ସାରା ରାଜ୍ୟରେ ୨ତାରିଖ ଠାରୁ ୮ତାରିଖ ପର୍ଯ୍ୟନ୍ତ ୭୧ତମ ବନ୍ୟପ୍ରାଣୀ ସପ୍ତାହ ପାଳନ କରାଯାଉଛି। ଏହି ଅବସରରେ ଆଜି କୁଜଙ୍ଗ ବ୍ଲକ୍ ଅନ୍ତର୍ଗତ ନୂଆଗଡ ପଞ୍ଚାୟତ ସ୍ୱଭାଗୃହରେ ଜିଲ୍ଲାସ୍ତରୀୟ କାର୍ଯ୍ୟକ୍ରମ ରାଜନଗର ଏସିଏଫ୍ ଗଗନ ବିହାରୀ ମଲ୍ଲିକଙ୍କ ଅଧ୍ୟକ୍ଷତାରେ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଯାଇଛି। ଏଥିରେ ପ୍ରକୃତିବନ୍ଧୁ ପ୍ରାଧ୍ୟାପକ ଡ଼ଃ ହେମନ୍ତ କୁମାର ମୁଦୁଲି ଅତିଥି ଓ ମୁଖ୍ୟବକ୍ତା ଭାବେ ନୂଆଗଡ ସରପଞ୍ଚ ଦେବେନ୍ଦ୍ର କୁମାର ରାଉତ ଯୋଗଦେଇ ଜଙ୍ଗଲ କ୍ଷୟ ଯୋଗୁ ପରିବେଶ ନଷ୍ଟ ଓ ଜଳବାୟୁ ପରିବର୍ତ୍ତନର କୁପରିଣାମ ପାଇଁ କିପରି ବନ୍ୟପ୍ରାଣୀମାନେ ମୃତ୍ୟୁର ଶିକାର ହେଉଛନ୍ତି ସେ ସମ୍ବନ୍ଧରେ ବକ୍ତବ୍ୟ ପ୍ରଦାନ କରିଥିଲେ। ଏଥିସହିତ ସମସ୍ତଙ୍କୁ ଗଛ ଲଗାଇବା ଓ ଏହାର ଯତ୍ନ ନେବା ପାଇଁ ଉପସ୍ଥିତ ଥିବା ଜନସାଧାରଣଙ୍କୁ ପରାମର୍ଶ ଦେଇଥିଲେ। ଅଞ୍ଚଳରେ ଶିଳ୍ପ ଯୋଗୁ ହେଉଥିବା କୁ ପରିଣାମ ଓ ନଷ୍ଟ ହେଉଥିବା ଜୈବ ବିବିଧତା ନେଇ ଉଦ୍‌ବେଗ ପ୍ରକାଶ ସହ ବାରହା ଆଦି ବନ୍ୟଜନ୍ତୁ ଯୋଗୁ କ୍ଷତି ହେଉଥିବା ଚାଷୀମାନଙ୍କ କଥା ସରକାର ବୁଝିବାକୁ କହିଥିଲେ। ସହକାରୀ ବନ ସଂରକ୍ଷକ ଚିତ୍ତରଞ୍ଜନ ବେଉରା, ମହାକାଳପଡ଼ା ବନାଞ୍ଚଳ ଅଧିକାରୀ ଶାନ୍ତନୁ କୁମାର ଦଳାଇ, ରାଜନଗର ଏମଏଫ୍‌ଡି ପ୍ରସନ୍ନ କୁମାର ନାୟକ, ଗ୍ରାମ ମୁରବୀ ପ୍ରଭାକର ଚୌଧୁରୀ ପ୍ରମୁଖ ଉପସ୍ଥିତ ଥିଲେ। ଏହି ଅବସରରେ ବିଶିଷ୍ଟ ପରିବେଶବିତ ଙ୍କ ଅମେରେଶ ନରେଶ ସାମନ୍ତଙ୍କୁ ତାଙ୍କ ଅବଦାନ ପାଇଁ ଉପଖଣ୍ଡସ୍ତରୀୟ ମୁଖ୍ୟମନ୍ତ୍ରୀ ବନ୍ୟପ୍ରାଣୀ ସଂରକ୍ଷଙ୍କ ପୁରସ୍କାର ୨୦୨୫ ପ୍ରଦାନ କରାଯାଇଥିଲା। ତାଙ୍କ ଅନୁପସ୍ଥିତିରେ ପିତା ଶିକ୍ଷାବିତ ବସନ୍ତ କୁମାର ସାମଲ ଓ ବାବା ବାଲୁଙ୍କେଶ୍ୱର କ୍ଲବର ଯୁବକମାନେ ଗ୍ରହଣ କରିଥିଲେ। ପରିବେଶ ସୁରକ୍ଷା କାର୍ଯ୍ୟକ୍ରମରେ ଜଗା ସୁନ୍ଦରା, ଅଶୋକ ପ୍ରଧାନ, ସୁନିଲ ସୁନ୍ଦରା, ଅଶୋକ ଓଝା, ସୁରେନ୍ଦ୍ର ମହାନ୍ତି, ବାବୁଲି ରାଉତ, ଦିପୁନା ପୁହାଣ ପ୍ରମୁଖ ପରିଚାଳନାରେ ସହଯୋଗ କରିଥିଲେ। ପ୍ରକାଶ ଯେ ପ୍ରଧାନମନ୍ତ୍ରୀ ତାଙ୍କ ମନକିବାତ କାର୍ଯ୍ୟକ୍ରମରେ ଅମରେଶ ନରେଶଙ୍କ ନାଁ ନେବା ସହ ତାଙ୍କ କାର୍ଯ୍ୟକୁ ପ୍ରଶଂସା କରିଥିବା ନୂଆଗଡ ସରପଞ୍ଚ କହିବାସହ ତାଙ୍କ ଜୀବନ ବ୍ୟାପି କାର୍ଯ୍ୟର ସୂଚନା ଦେଇଥିଲେ।



## ଅଖରକଟାରେ ମା' ଚର୍ଚ୍ଚିକାଙ୍କ ବାର୍ଷିକ ଯାତ୍ରା

କିଶୋରନଗର,୮ ।୧୦(ସମିସ): ଅନୁଗୋଳ ଜିଲ୍ଲା ଆଠମଲ୍ଲିକ ଉପଖଣ୍ଡ ଅଖରକଟା ଗ୍ରାମରେ ପୂଜା ପାଉଛନ୍ତି ମା' ଚର୍ଚ୍ଚିକା। ଏହିପୂଜା ପ୍ରତିବର୍ଷ କୁମାର ପୂର୍ଣିମା ଦିନ ପାଳନ କରାଯାଇଥାଏ। ଏହି ପୂଜା ଦିନ ଗୋଟାଏରେ ରୀତିନୀତି ଅନୁସାରେ ପୂଜା କରି କୋଠଘର ଠାରୁ ଆଳମ ଧରି ଗ୍ରାମ ପରିକ୍ରମା କରି ଚର୍ଚ୍ଚିକା ମଣ୍ଡପ ପାଖକୁ ଆସିଥିଲେ। ଆମ୍ବସରମୁଣ୍ଡା ଡ୍ରାଇଭର ମହାସଂଘ ପକ୍ଷରୁ ଜଳ ଛତ୍ର ବ୍ୟବସ୍ଥା ହୋଇଥିଲା। ଏହି ପୂଜା ୪୦ ବର୍ଷ ହେବ ହୋଇ ଆସୁଛି। ସନ୍ଧ୍ୟାରେ ମା' ଚର୍ଚ୍ଚିକାଙ୍କ ଆଳମ ଧରି ଗ୍ରାମ ପରିକ୍ରମା କରିଥିଲେ। ସଭାପତି ଯୁଧିଷ୍ଠିର ସାହୁ, ସମ୍ପାଦକ ଦେବେନ୍ଦ୍ର ପ୍ରଧାନଙ୍କ ନେତୃତ୍ୱରେ ପୂଜା ହୋଇଥିଲା।

# ମା' ମରିଚାଇଁ ପ୍ରଗତି ଯୁବ ପରିଷଦ ପକ୍ଷରୁ ନୃତ୍ୟ ପ୍ରତିଯୋଗିତା



ବାଲିକୁଦା,୮।୧୦(ସମିସ): ବାଲିକୁଦା ବ୍ଲକ ମରିଚପୁର ପଞ୍ଚାୟତର ମା' ମରିଚାଇଁ ପୀଠରେ ମା' ମରିଚାଇଁ ପ୍ରଗତି ଯୁବ ପରିଷଦ ପକ୍ଷରୁ ବିଂଶତମ ବାର୍ଷିକ ଲକ୍ଷ୍ମୀ ପୂଜା ଉପଲକ୍ଷେ ୩ୟ ବାର୍ଷିକ ଆଞ୍ଚଳିକ ନୃତ୍ୟ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଦଳଗତ ନୃତ୍ୟରେ ସାନଭି ଡ୍ୟାନ୍ସ ଗ୍ରୁପର କଳାକାରମାନେ ପ୍ରଥମ ସ୍ଥାନ ଅଳଙ୍କୃତ କରିଥିବା ବେଳେ ଶ୍ରୀମା ନୃତ୍ୟକଳା ଓ ଡ୍ୟାନ୍ସ ଏକାଡେମୀର କଳାକାରମାନେ ଦ୍ୱିତୀୟ ସ୍ଥାନ ଓ ଶିଶୁ ବିକାଶ ବିଦ୍ୟା ମନ୍ଦିର କେରୁଆଁପଡାର କଳାକାରମାନେ ତୃତୀୟ ସ୍ଥାନ ଅଳଙ୍କୃତ କରିଥିଲେ। ଏକକ ନୃତ୍ୟରେ ଲିସା ସ୍ୱାଇଁ ୧ମ ସ୍ଥାନ, ସମୃଦ୍ଧି ସ୍ୱାଇଁ ଓ ସ୍ୱୟଂସୁଦ୍ଧା ବିଶ୍ୱାଳ ଯୁଗ୍ମ ଭାବେ ୨ୟ ସ୍ଥାନ ଓ ଶ୍ରୁତିପ୍ରଜ୍ଞା ସ୍ୱାଇଁ ୩ୟ ସ୍ଥାନ ଅଧିକାର କରିଥିଲେ। ବିଚାରକ ଭାବେ ନୃତ୍ୟ ନିର୍ଦ୍ଦେଶକ ସମୀର କୁମାର ଭୋଇ ଓ କୈଳାସ ପୂର୍ତ୍ତି ଯୋଗଦେଇଥିଲେ। ଅତିଥିମାନଙ୍କ ମଧ୍ୟରେ ସୋହିତ କୁମାର ସ୍ୱାଇଁ, ଯୁଗୋଳ କିଶୋର ନାୟକ ଓ ଅଜୟ କୁମାର ଶତପଥୀ ଯୋଗଦେଇଥିଲେ। ରମେଶ ଚନ୍ଦ୍ର ବହିରା କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ। କର୍ତ୍ତା ଭାବେ କେଦାର ଶୁକ୍ଳା ଦାୟିତ୍ୱ ନିର୍ବାହ କରିଥିଲେ। ମା' ମରିଚାଇଁ ପ୍ରଗତି ଯୁବ ପରିଷଦ ଲକ୍ଷ୍ମୀ ପୂଜା କମିଟି ପକ୍ଷରୁ ସଭାପତି ରାକେଶ ନାୟକ ଓ ସମ୍ପାଦକ ସ୍ୱପ୍ନେଶ ପରିଡା, ସଭ୍ୟ ବିଦୁର ଦାସ, କୁମର ଦାସ, ସିଦ୍ଧାର୍ଥ ରାୟ, ସୂର୍ଯ୍ୟକାନ୍ତ ପଣ୍ଡା, ସାଗର ଶୁକ୍ଳା, ତୃଷାର ଶୁକ୍ଳା, ବଳରାମ ଶୁକ୍ଳା, ରାଜୀବ ଶୁକ୍ଳା, ଆକାଶ ମୁଦୁଲି, ଆଶୁତୋଷ ଶୁକ୍ଳା, ବିଶ୍ୱରଞ୍ଜନ ଶୁକ୍ଳା, ଜିତେନ୍ଦ୍ର ମୁଦୁଲି, ଜ୍ୟୋତିପ୍ରକାଶ ମୁଦୁଲି, ରାକେଶ ମୁଦୁଲି, ରୋହିତ ମୁଦୁଲି, ଅଭିରାମ ମୁଦୁଲି, ଅଭିଷେକ ମୁଦୁଲି, ଅଶ୍ୱିନୀ ମୁଦୁଲି, ବାପୁ ପଣ୍ଡା, ଅମର ପଣ୍ଡା, ଦେବେନ୍ଦ୍ର ଶତପଥୀ, ମହେନ୍ଦ୍ର ଶତପଥୀ, ବିକାଶ ନାୟକ, ପ୍ରଶାନ୍ତ ନାୟକ, ପ୍ରଭାତ ପରିଡା, ଜୟଦୀପ ନାୟକ, ଫେଲୁ ପରିଡା, ପ୍ରଦୀପ୍ତ ପରିଡା, ସନ୍ତୋଷ ପଣ୍ଡା ତଥା ଗ୍ରାମବାସୀ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

● ଷ୍ଟ୍ରିଟ୍ ଲାଇଟ ଦୁର୍ନୀତିର ଖୋଲତାଡ଼

# କନିଷ୍ଠ ଯନ୍ତ୍ରୀଙ୍କୁ ନେଇ କ୍ଷେତ୍ର ପରିଦର୍ଶନ କଲେ ଭିଜିଲାନ୍ସ ଅଧିକାରୀ

ପଟ୍ଟାମୁଣ୍ଡାଇ,୮।୧୦(ସମିସ): ପଟ୍ଟାମୁଣ୍ଡାଇ ବ୍ଲକର ଶାସନଠାରୁ ମାଳିପୁର ମାର୍କେଟ ପର୍ଯ୍ୟନ୍ତ ଷ୍ଟ୍ରିଟ ଲାଇଟ ପ୍ରକଳ୍ପରେ କାର୍ଯ୍ୟ ନହୋଇ ମିଥ୍ୟା ବିଲ୍ କରାଯାଇଥିବା ଅଭିଯୋଗ ସମଗ୍ର ଅଞ୍ଚଳରେ ଦୀର୍ଘ ଦିନ ହେଲା ଚର୍ଚ୍ଚାର ବିଷୟ ପାଲଟିଥିଲା। ଗ୍ରାମବାସୀଙ୍କ ଅଭିଯୋଗ ଏବଂ ବାରମ୍ବାର ଗଣମାଧ୍ୟମ ଓ ସାମାଜିକ ଗଣମାଧ୍ୟମରେ ଏଥି ସମ୍ପର୍କିତ ଖବର ପ୍ରସାରଣ ପରେ ବୁଧବାର ପୂର୍ବାହ୍ନରେ ଭିଜିଲାନ୍ସ ଟିମ୍ ପଟ୍ଟାମୁଣ୍ଡାଇ ବ୍ଲକ କାର୍ଯ୍ୟାଳୟରେ ଅନୁସନ୍ଧାନ ପାଇଁ ପହଞ୍ଚି ଥିଲା। ବ୍ଲକ୍ କାର୍ଯ୍ୟାଳୟରେ ପହଞ୍ଚିବା ପରେ ଭିଜିଲାନ୍ସ ଟିମ୍ ଦୀର୍ଘ ସମୟ ଧରି ବ୍ଲକ କନିଷ୍ଠ ଯନ୍ତ୍ରୀ ରତ୍ନେଶ ପାଣ୍ଡେଙ୍କୁ ପଚରାଉଚୁରା କରିଥିଲେ। ଦୀର୍ଘ ସମୟ ଧରି ପଚରାଉଚୁରା ପରେ କନିଷ୍ଠ ଯନ୍ତ୍ରୀ ଶ୍ରୀ ପାଣ୍ଡେଙ୍କୁ ସଙ୍ଗରେ ଧରି ଶାସନ ଛକ ଏବଂ ମାଳିପୁର ଅଭିମୁଖେ ତଥ୍ୟ ସଂଗ୍ରହ ନିମନ୍ତେ ଭିଜିଲାନ୍ସ ଟିମ୍ ଯିବାର ଦେଖିବାକୁ ମିଳିଥିଲା। ଘଟଣା ସମ୍ପର୍କରେ ବିଭିନ୍ନ ତଥ୍ୟ ସଂଗ୍ରହ କରି ଭିଜିଲାନ୍ସ ଟିମ୍ ଫେରି ଯାଇଥିବା ସୂଚନା ମିଳିଛି।

# ଖାଲଖମା ରାସ୍ତା; ଖସିପଡ଼ି ମହିଳାଙ୍କ ମୃତ୍ୟୁ

କେନ୍ଦ୍ରାପଡ଼ା,୮।୧୦(ସମିସ): କେନ୍ଦ୍ରାପଡ଼ା ଜିଲ୍ଲା ସଦର ଥାନା ଅଧୀନ ସାନ୍ତସାହି ଗଣ୍ଡାଖିଆ ରାସ୍ତାର ଖାଲଖମାରେ ପଡ଼ି ଜଣେ ମହିଳାଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ପଟ୍ଟାମୁଣ୍ଡାଇ ଗ୍ରାମାଞ୍ଚଳ ଥାନା ଅଧୀନ ବିଲିକଣା ପଞ୍ଚାୟତର ପାଳିଆପଲ୍ଲୀ ଗ୍ରାମର ଉର୍ମିଳା ପ୍ରଧାନ। ନିମ୍ନମାନର ରାସ୍ତା କାମ ଯୋଗୁଁ ମହିଳାଙ୍କ ଜୀବନ ଚାଲିଯାଇଛି ବୋଲି ଅଭିଯୋଗ ହେଉଛି। ୧୧କୋଟି ଟଙ୍କାରେ ପ୍ରଧାନମନ୍ତ୍ରୀ ଗ୍ରାମ ସଡକ ଯୋଜନା ଅଧୀନରେ ସାନ୍ତସାହି ପୋଲ-ଗଣ୍ଡାଖିଆ ରାସ୍ତା କାମ ହୋଇଥିଲା। ନିୟମାନୁଯାୟୀ ୫ବର୍ଷ ପର୍ଯ୍ୟନ୍ତ ରାସ୍ତାର ସ୍ଥାୟୀତ୍ୱ ରହିବା କଥା। କିନ୍ତୁ ନିମ୍ନମାନର କାମ ହେତୁ ୬ମାସରେ ରାସ୍ତାରୁ ପିଚୁ ଉଠିଯାଇ ଖାଲଖମାରେ ପରିଣତ ହୋଇଯାଇଥିଲା। ନିକଟରେ ପୂଜା ପାଇଁ ପୁନର୍ବାର ସେହି ରାସ୍ତା ମରାମତି ହୋଇଥିଲା। ଏହାସତ୍ତ୍ୱେ ମାତ୍ର ଏକସପ୍ତାହ ପୁରିନି ରାସ୍ତାରେ ଖାଲଖମା ସୃଷ୍ଟି ହୋଇଥିଲା। ଏହି ରାସ୍ତାଦେଇ ମହିଳା ଜଣଙ୍କ ସ୍କୁଟିରେ ଯାଉଥିବା ବେଳେ ଖାଲରେ ପଡିଯାଇ ଗୁରୁତର ଆହତ ହୋଇଥିଲେ। ତାଙ୍କୁ ଚିକିତ୍ସା ପାଇଁ ପ୍ରଥମେ କେନ୍ଦ୍ରାପଡା ଓ ପରେ କଟକ ବଡ ଡାକ୍ତରଖାନାକୁ ପଠାଇଯାଇଥିଲା। ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ମୃତ୍ୟୁ ଘଟିଛି। ଶୀଘ୍ର ରାସ୍ତା ମରାମତି ଓ ମୃତ ମହିଳାଙ୍କ ପରିବାରକୁ ଆର୍ଥିକ ସହାୟତା ଦିଆଯିବାକୁ ଦାବି ହୋଇଛି।

# ଆଇନଜୀବୀ ପିତବାସ ପଣ୍ଡାଙ୍କୁ ଶ୍ରଦ୍ଧାଞ୍ଜଳି ଓ କଲମ ଛାଡ଼ ଆନ୍ଦୋଳନ



କେନ୍ଦ୍ରାପଡ଼ା,୮।୧୦(ସମିସ)

ବ୍ରହ୍ମପୁରର ଆଇନଜୀବୀ ତଥା ରାଜ୍ୟ ବାର୍ କାଉନସିଲର ସଦସ୍ୟ ପିତବାସ ପଣ୍ଡାଙ୍କ ଉଦ୍ଦେଶ୍ୟରେ ଶ୍ରଦ୍ଧାଞ୍ଜଳୀ ସଭା ଅନୁଷ୍ଠିତ ହୋଇଯାଇଛି। ସଭାରେ କେନ୍ଦ୍ରାପଡା ଜିଲ୍ଲା ଓକିଲ ସଂଘର ସଭାପତି ଗୋବର୍ଦ୍ଧନ ରାଉତଙ୍କ ସଭାପତିତ୍ୱରେ ଏକ ସାଧାରଣ ସଭା ଅନୁଷ୍ଠିତ ହୋଇଥିଲା। ଆଜିଦିନ ପାଇଁ କଲମ ଛାଡ ଆନ୍ଦୋଳନ ସର୍ବସମ୍ମତି କ୍ରମେ ସ୍ଥିର ହୋଇଥିଲା। ୨ ମିନିଟ ପାଇଁ ନୀରବ ପ୍ରାର୍ଥନା କରାଯାଇ ଏଭଳି ଅମାନବୀୟ ହତ୍ୟାକାଣ୍ଡକୁ ଦୃଢଭାବେ ଓକିଲ ସଂଘ ପକ୍ଷରୁ ନିନ୍ଦା କରାଯାଇଥିଲା। ସଂଘର ସର୍ବ ସମ୍ମତି କ୍ରମେ ଓଡିଶା ଉଚ୍ଚ ନ୍ୟାୟାଳୟର ମୁଖ୍ୟ ବିଚାର ପତିଙ୍କୁ ବିଚାର ବିଭାଗୀୟ ତଦନ୍ତ ନିମନ୍ତେ ଦାବିପତ୍ର ଦେବା ପାଇଁ ନିଷ୍ପତି ନିଆଯାଇଥିଲା। ଏଥିସହିତ ମୃତକ ଶ୍ରୀ ପଣ୍ଡାଙ୍କ ପରିବାରକୁ ସରକାର ୫ କୋଟି ଟଙ୍କା କ୍ଷତିପୂରଣ ଦେବାକୁ ସହମତି ପ୍ରକାଶ ପାଇଥିଲା। ତତ୍ ସଙ୍ଗେ ସଙ୍ଗେ ଓଡ଼ିଶା ସରକାର ଓକିଲମାନଙ୍କ ନୀରାପତ୍ତା ଦୃଷ୍ଟିରୁ ତୁରନ୍ତ ଆଡଭୋକେଟ ସୁରକ୍ଷା ବିଲ୍ ପାରିତ କରିବାକୁ ଅନୁରୋଧ କରାଯାଇ ୪୮ ଘଣ୍ଟା ମଧ୍ୟରେ ଆସାମୀମାନଙ୍କୁ କାଠଗଡାରେ ପହଞ୍ଚାଇବାକୁ ଅନୁରୋଧ କରାଯାଇଥିଲା। ସଭାରେ ସଂଘର ସମ୍ପାଦକ ନୃସିଂହ ଚରଣ ରାଉତଙ୍କ ସମେତ ବରିଷ୍ଠ ଆଇନଜୀବୀ ଧ୍ରୁବ ଚରଣ ଜେନା, ଉପସଭାପତି ହାଡିବନ୍ଧୁ ସିଂ,



ସହସମ୍ପାଦକ ବିନୋଦ କୁମାର ବେହେରା, ରେଣୁବାଳା ସାମଲ, ମମତାମୟୀ ସାମଲ, ବିଭୁତି ଭୂଷଣ କର, ଭକ୍ତ ପ୍ରସାଦ କର, ନେହେରୁ କୁମାର ସାହୁ, ଭିମସେନ୍ ଭୂୟାଁ, ସରୋଜରାଜ ସିଂ, ପ୍ରଫୁଲ କୁମାର ସାହୁ, ଗୌରପ୍ରସାଦ ମହାପାତ୍ର, ସୁବାସ ଚନ୍ଦ୍ର ଦାସ, ସୁବାସ ଚନ୍ଦ୍ର ନାୟକ, ରମଣୀ ରଞ୍ଜନ ରାଉତରାୟ, ଗୋକୁଳ ବିହାରୀ ଦାସଙ୍କ ସମେତ ବହୁ ଆଇନଜୀବୀ ଅଂଶ ଗ୍ରହଣ କରିଥିଲେ। ଶେଷରେ ଶ୍ରୀ ପଣ୍ଡାଙ୍କ ପରିବାରକୁ ଶୋକ ବାର୍ତ୍ତା ଦିଆଯିବାକୁ ପ୍ରସ୍ତାବ ଗ୍ରହଣ କରାଯାଇଥିଲା।

**ରାଜନଗର:** ରାଜନଗର ବାର୍‌ଆସୋସିଏସନ ପକ୍ଷରୁ ବୁଧବାର କଲମ ଛାଡ ଆନ୍ଦୋଳନ ଆରମ୍ଭ ହୋଇଛି। ଓଡିଶା ବାର କାଉନସିଲ ସଦସ୍ୟ ଆଇନଜୀବୀ ପୀତବାସ ପଣ୍ଡାଙ୍କୁ ହତ୍ୟା କରାଯିବା ପ୍ରତିବାଦରେ ରାଜ୍ୟ ବାର୍ ଆସୋସିଏସନ ଆହ୍ୱାନକ୍ରମେ ଏହି ଆନ୍ଦୋଳନ ଆରମ୍ଭ ହୋଇଥିଲା। ଏହି ଡାକରାକୁ ସମର୍ଥନ ଜଣାଇ ରାଜନଗର ବାର ଆସୋସିଏସନ ପକ୍ଷରୁ ଆଇନଜୀବୀମାନେ ଜେଏମଏଫସିଙ୍କୁ ଭେଟି ଦାବିପତ୍ର ଦେବାସହ କଲମଛାଡ ଆନ୍ଦୋଳନର ସୂଚନା ଦେଇଥିଲେ। ୪୮ଘଣ୍ଟା ମଧ୍ୟରେ ହତ୍ୟାକାରୀଙ୍କୁ ଧରିବା ସହ ଆସାମୀମାନଙ୍କ ବିରୁଦ୍ଧରେ ଦୃଢ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସେମାନେ ଦାବି କରିଛନ୍ତି। ପରେ ବାରଆସୋସିଏସନ ହଲରେ ୧ମିନିଟ୍ ନୀରବ ପ୍ରାର୍ଥନା ତଥା ଶୋକସଭା ଅନୁଷ୍ଠିତ ହୋଇଥିଲା। କାର୍ଯ୍ୟକ୍ରମରେ ବାରଆସୋସିଏସନର ସଭାପତି ଉମେଶଚନ୍ଦ୍ର ଦାସ, ସମ୍ପାଦକ ଭଜକୃଷ୍ଣ ମିଶ୍ର, କୋଷାଧ୍ୟକ୍ଷ ମନ୍ମଥ ରାଉତ,



ପ୍ରଦୀପ ଦାସ, ବିଶ୍ୱନାଥ ବାରିକ ମହେଶ୍ୱର ସେଠୀ, ଦେବଦତ ସେଠୀ, ମନୋରଂଜନ କବି, ଲକ୍ଷ୍ମଣ ରାଉତ, ଦିଲ୍ଲୀପ କୁମାର ଦାସ, ବିନ୍ଦୁରେଖା ବେହେରା, ରଶ୍ମିରଂଜିତା ସ୍ୱାଇଁ, ସୁଜାତା ପ୍ରିୟଦର୍ଶିନୀ ଜେନା, ତୈଲୋକ୍ୟନାଥ ସ୍ୱାଇଁ, ରଂଜନ କୁମାର ସେଠୀ, ଦେବଦତ ରାଉଳ, ନୟନାନନ୍ଦ ବେହୁରା, ସୁଶାନ୍ତ କୁମାର ଜେନା, ସୁଶାନ୍ତ ରାଉତ, ଅମର କୁମାର ଦାସ, ଜନ୍ମେଜୟ ବେହେରା, ସୁଧାଂଶୁ ଦାସ, ଅରୂପାନନ୍ଦ ପାତ୍ର, ସରୋଜକୁମାର ମହାନ୍ତି ପ୍ରମୁଖ ଆଇନଜୀବୀମାନେ ଅଂଶଗ୍ରହଣ କରିଥିଲେ।

**ପଟ୍ଟାମୁଣ୍ଡାଇ:** ବ୍ରହ୍ମପୁର ବରିଷ୍ଠ ଆଡ଼ଭୋକେଟ ପୀତବାସ ପଣ୍ଡାଙ୍କୁ ଦୁର୍ବୃତ୍ତମାନେ ଅତି ନିକଟରୁ ଗୁଳି କରି ହତ୍ୟା କରିଛନ୍ତି ଓ ଏଭଳି ଜଘନ୍ୟ ହତ୍ୟାକାଣ୍ଡକୁ ପଟ୍ଟାମୁଣ୍ଡାଇ ଓକିଲ ସଂଘ ପକ୍ଷରୁ କଡା ଭାଷାରେ ନିନ୍ଦା କରାଯିବା ସହିତ ଅଭିଯୁକ୍ତମାନଙ୍କ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ଦାବି କରାଯାଇଛି। ଆଡ଼ଭୋକେଟ ପୀତବାସ ପଣ୍ଡା ହତ୍ୟାକାଣ୍ଡ ପ୍ରତିବାଦରେ ପଟ୍ଟାମୁଣ୍ଡାଇ ଓକିଲ ସଂଘ ପକ୍ଷରୁ କଲମ ଛାଡ଼ ସହ ସ୍ୱର୍ଗତ ପଣ୍ଡାଙ୍କ ଉଦ୍ଦେଶ୍ୟରେ ଶୋକ ସଭା କରାଯାଇଥିଲା। ପଟ୍ଟାମୁଣ୍ଡାଇ ଓକିଲ ସଂଘ ଉପସଭାପତି ଆଡ଼ଭୋକେଟ ସୁରେଶ କୁମାର ନରେନ୍ଦ୍ରଙ୍କ ପୌରହିତ୍ୟରେ ଆୟୋଜିତ ଶୋକସଭାରେ ପଟ୍ଟାମୁଣ୍ଡାଇ ଓକିଲ ସଂଘ ସଭାପତି ଆଡ଼ଭୋକେଟ ସୂର୍ଯ୍ୟରଞ୍ଜନ ରାଉଳ, ସମ୍ପାଦକ ଆଡ଼ଭୋକେଟ ରବୀନ୍ଦ୍ର ଦାଶ, ଯୁଗ୍ମ ସମ୍ପାଦକ ଆଡ଼ଭୋକେଟ ମନୋଜ ନାୟକ, ଆଡ଼ଭୋକେଟ ଧୀରେନ୍ଦ୍ର ନାଥ ସାହୁ, ଅଶ୍ୱିନୀ ବେହେରା, ପ୍ରମୋଦ ବିଶ୍ୱାଳ, ପ୍ରତାପ ପୃଷ୍ଟି, ପ୍ରକାଶ ପାତ୍ର, ଗୟାଚାନ୍ଦ ପରିଡା, ଅନନ୍ତ ଚରଣ ଦାସ, ପିତାମ୍ବର ପଣ୍ଡା, ସତ୍ୟନାରାୟଣ ତ୍ରିପାଠୀ, ଶିଶିର ମଲିକ, ଗୀତାଞ୍ଜଳି ପୃଷ୍ଟି, ଗୋପୀନାଥ ତ୍ରିପାଠୀ, ଧବଳେଶ୍ୱର ସାହୁ, ପ୍ରଫୁଲ୍ଲ ଦାଶ, ଗଣେଶ ବାରିକ, ଚିତ୍ତରଞ୍ଜନ ଦାଶ, ମୃତ୍ୟୁଞ୍ଜୟ ରାଉତ, ଶରତ ମଲିକ, ସତ୍ୟ ନାରାୟଣ ନାୟକ, ଅଶ୍ୱିନୀ କୁମାର ଚୌଧୁରୀ ଓ ଅଲେଖ ବଳ ପ୍ରମୁଖ ଯୋଗଦେଇ ଦିବଂଗତ ଆଡ଼ଭୋକେଟ ପୀତବାସ ପଣ୍ଡାଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଥିଲେ। ଅବସରରେ ତାଙ୍କ ଆତ୍ମାର ସଦଗତି ପାଇଁ ୨ମିନିଟ ନୀରବ ପ୍ରାର୍ଥନା କରାଯାଇଥିଲା।

# ପ୍ରତିରୋପଣ ପରେ ବଦଳିଯାଉଛି ମଣିଷର ଆଚରଣ

ନୂଆଦିଲ୍ଲୀ, ୮ା୧୦ (ଏଜେନ୍ସି): ପରିବର୍ତ୍ତିତ ଜୀବନଶୈଳୀ, ପୁଷ୍ଟିକର ଖାଦ୍ୟ ଏବଂ ବ୍ୟାୟାମର ଅଭାବ ଯୋଗୁଁ ଦେଶରେ ହୃତ୍‌ପିଣ୍ଡ ଜନିତ ସମସ୍ୟା ବଢ଼ିବାରେ ଲାଗିଛି । ଏହା ଅଚାନକ ହୃଦ୍‌ଘାତର କାରଣ ପାଲଟି ଯାଉଛି । ଭାରତରେ ପ୍ରାୟ ୫୨୩ ନିୟୁତ ଲୋକେ ହୃତ୍‌ପିଣ୍ଡ ଜନିତ ରୋଗରେ ପୀଡ଼ିତ ବୋଲି ଜଣାପଡିଛି । ଅନେକ ଏହି ରୋଗରେ ପଡ଼ି ପ୍ରାଣ ହରାଉଛନ୍ତି । କିନ୍ତୁ ଏହି ଦୂରାରୋଗ୍ୟରୁ ଆରୋଗ୍ୟ ହେଉ ନଥିବା କିଛି ଧନାଢ୍ୟ ବ୍ୟକ୍ତି ଶେଷରେ ହୃତ୍‌ପିଣ୍ଡ ପ୍ରତିରୋପଣ କରୁଛନ୍ତି । କିନ୍ତୁ ସମସ୍ୟା ଏହି କି ଯେ ପ୍ରତିରୋପଣ ପରେ ଅଧିକାଂଶଙ୍କ ଜୀବନଶୈଳୀ, ଚାଲିଚଳଣୀ, ଚିନ୍ତାଧାରା ବଦଳି ଯାଉଛି । ପୂର୍ବରୁ ଯାହାକୁ ବାଇକ୍ ଚଳାଇବାକୁ ପସନ୍ଦ ହେଉ ନ ଥିଲା ସେ ଏବେ ରେସିଂ ବାଇକ୍ ପଛରେ ପଡିଛି । ଆଉ କିଏ ଭାରତୀୟ ଖାଦ୍ୟକୁ ଛାଡ଼ି ଚାଇନିଜ୍ ମାୟାରେ ଫସି ଯାଇଛି । ଅନେକଙ୍କ କ୍ଷେତ୍ରରେ ଏଭଳି ପରିବର୍ତ୍ତନ ହୋଇଛି ।

ଅହମଦାବାଦର ନରହରିଭାଇ ପଟେଲ କହିଛନ୍ତି ଯେ ଗତ ସାତ ବର୍ଷ ହେଲା ସେ କାର୍ ଚଳାଉଛନ୍ତି । ତାଙ୍କୁ ଜମାରୁ ବାଇକ ପସନ୍ଦ ନୁହେଁ । ବାଇକ ତାଙ୍କୁ ବିପଦ ଭଳି ଲାଗେ । କିନ୍ତୁ ଗତ ୬ ମାସ ହେଲା ସେ ସ୍ପୋର୍ଟ୍ସ ବାଇକ ପଛରେ ପଡି ଯାଇଛନ୍ତି । ଏଥିରେ ଲେହ, ଲଦାଖ ବୁଲିବାକୁ ଚାହୁଁଛନ୍ତି । ତେଣୁ ଏହାକୁ କିଣିବା ପାଇଁ ଲାଗିଛନ୍ତି । ଦୁଇ ତିନୋଟି ବାଇକ ମଧ୍ୟ ଦେଖିସାରିଲେଣି । ଏହାକୁ ନେଇ ଘର ଲୋକ ମଧ୍ୟ ଚିନ୍ତିତ । ଯଦି ବାଇକ ଚଲାଇବନି ତେବେ କିଣିବ କାହିଁକି ବୋଲି ପଚାରୁଛନ୍ତି । ଏହାକୁ ହଠାତ୍ ତାଙ୍କର ହୃତ୍‌ପିଣ୍ଡ ପ୍ରତିରୋପଣ କଥା ମନେ ପଡ଼ି ଯାଇଥିଲା । ୨୦୨୪ ଜାନୁଆରୀରେ ୧୪ ବର୍ଷ ସାନ ଯୁବକଙ୍କ ହୃତ୍‌ପିଣ୍ଡ ତାଙ୍କଠାରେ ଲାଗିଥିଲା । ସେ ବାଇକକୁ ବହୁତ ପସନ୍ଦ କରୁଥିଲେ । ତେଣୁ ଏବେ ତାଙ୍କୁ ବାଇକ ଭଲ ଲାଗୁଛି । ଚାଇନିଜ ଖାଇବାକୁ ଭଲ ପାଉଛନ୍ତି । ଆଦୌ ଝଗଡ଼ା କରୁ ନ ଥିବା ପଟେଲ ଏବେ ଟିକେ ଟିକେ କଥାରେ ରାଗି ଯାଉଛନ୍ତି । ପ୍ରତିରୋପଣ ପରେ ସେ ଦ୍ୱିତୀୟ ଜନ୍ମ ପାଇଥିବା କହିଛନ୍ତି । କେବଳ ପଟେଲ ନୁହନ୍ତି ଏଭଳି ଅନେକ ବ୍ୟକ୍ତିଙ୍କ ରୁଚି ଏବଂ ଆଚରଣ ସମ୍ପୂର୍ଣ୍ଣ ବଦଳି ଯାଇଛି ।

**ହୃତ୍‌ପିଣ୍ଡ ଦେଇଥିବା ବ୍ୟକ୍ତିଙ୍କ ପରି ହେଇଯାଉଛି ହାବଭାବ**

ହାର୍ଟ ପମ୍ପିଂରେ ସମସ୍ୟା ହେବାରୁ ୨୦୨୦ ଜୁଲାଇ ୧୦ରେ ଅହମଦାବାଦର ସାକ୍ଷିତାବେନଙ୍କ ହୃତ୍‌ପିଣ୍ଡ ପ୍ରତିରୋପଣ ହୋଇଥିଲା । ଏକ ଦୁର୍ଘଟଣାରେ ପ୍ରାଣ ହରାଇ ଥିବା ସୁରଟର ୨୪ ବର୍ଷୀୟ ମହର୍ଷ ପଟେଲଙ୍କ ହୃତ୍‌ପିଣ୍ଡ ତାଙ୍କୁ ମିଳିଥିଲା । ଏହି ଅସ୍ତ୍ରୋପଚାର ପରେ ତାଙ୍କ ହାବଭାବ ବଦଳି ଯାଇଥିଲା । ସେ ଚିଡ଼ିଚିଡ଼ା ହେବାରେ ଲାଗିଥିଲେ । ପୂର୍ବରୁ କାହାକୁ ଜବାବ ଦେଉ ନ ଥିବା ସାକ୍ଷିତା ଏବେ ଶୀଘ୍ର ରାଗି ଯାଉଛନ୍ତି । ତାଙ୍କ ଖାଦ୍ୟ ଶୈଳୀ ମଧ୍ୟ ବଦଳି ଯାଇଛି । ପୂର୍ବରୁ ପସନ୍ଦ ଆସୁ ନ ଥିବା ଗୁଜରାଟୀ ଖାଦ୍ୟ ତାଙ୍କୁ ଏବେ ଭଲ ଲାଗୁଛି । ଆଇସକ୍ରିମ ଅଧିକ ଖାଉଛନ୍ତି । ସ୍ୟାଣ୍ଡୱିଚ ପସନ୍ଦ କରୁ ନ ଥିବା ସାକ୍ଷିତା ଅସ୍ତ୍ରୋପଚାର ପରେ ଏହା ଖାଇ ଚାଲିଛନ୍ତି । ଏ ସବୁ ଜିନିଷ ମହର୍ଷଙ୍କୁ ଭଲ ଲାଗେ । ତେଣୁ ଏବେ ତାଙ୍କୁ ଭାଲ ଲାଗୁଛି ବୋଲି ସେ ପଚରାଉଚୁରା କରିବାରୁ ଜାଣି ପାରିଛନ୍ତି । ସେହିପରି ୧୩ ବର୍ଷ ବୟସରେ ଜାମନଗରର ବାସିନ୍ଦା ଭୂମିକାଙ୍କ ୨୦୨୨ ମାର୍ଚ୍ଚ ୧୫ରେ ହୃତ୍‌ପିଣ୍ଡ ପ୍ରତିରୋପଣ ହୋଇଥିଲା । ଜଣେ ୨୧ ବର୍ଷୀୟ ରାଜସ୍ଥାନୀ ଯୁବକଙ୍କ ହୃତପିଣ୍ଡ ତାଙ୍କଠାରେ ଲାଗିଥିଲା । ଏହା ପରେ ଭୂମିକାଙ୍କଠାରେ ବଡ଼ ପରିବର୍ତ୍ତନ ହୋଇଥିଲା । ପ୍ରଥମେ ଭୂମିକାଙ୍କୁ କଦଳୀ ପସନ୍ଦ ନ ଥିଲା । କିନ୍ତୁ ପରେ ଏହାକୁ ଖାଇବା ଆରମ୍ଭ କରିଥିଲେ । ଏବେ ଏହି ସବୁ ପରିବର୍ତ୍ତନ ବିଷୟରେ ଗବେଷଣା ଜାରି ରହିଛି ବୋଲି ବିଶେଷଜ୍ଞମାନେ କହିଛନ୍ତି ।

# ପାକିସ୍ତାନରେ ସଂଘର୍ଷ; ୩୦ ନିହତ



ଇସଲାମାବାଦ୍, ୮ା୧୦(ଏଜେନ୍ସି): ପାକିସ୍ତାନର ଖାଇବର ପଖତୁନଖ୍ୱା ଅଞ୍ଚଳରେ ସେନା ଓ ତେହରିକ-ଇ- ତାଲିବାନ ପାକିସ୍ତାନ (ଟିଟିପି) ମଧ୍ୟରେ ସଂଘର୍ଷରେ ୩୦ ଜଣ ନିହତ ହୋଇଛନ୍ତି । ଏଥିରେ ସେନାର ୧୧ ଜଣ ଯବାନ ଥିବା ବେଳେ ଟିଟିପିର ୧୯ ବିଦ୍ରୋହୀ ଅଛନ୍ତି । ଯେଉଁ ୧୧ ଜଣ ପାକିସ୍ତାନ ସୈନିକ ମୃତ୍ୟୁବରଣ କରିଛନ୍ତି, ାସେମାନଙ୍କ ମଧ୍ୟରେ ଜଣେ ଲେଫ୍ଟନାଣ୍ଟ କର୍ଣ୍ଣେଲ ଓ ଜଣେ ମେଜର ସାମିଲ ରହିଛନ୍ତି ।

ଆଫଗାନିସ୍ତାନ ସୀମା ନିକଟବର୍ତ୍ତୀ ଅଞ୍ଚଳରେ ଥିବା କୁରମ ଜିଲ୍ଲାରେ ପାକ୍ ସେନା ଟିଟିପି ବିରୋଧରେ ଅପରେସନ ଚଳାଇଥିବା ବୋଳେ ଦୁଇପକ୍ଷ ମଧ୍ୟରେ ଗୁଳିବିନିମୟ ହୋଇଥିଲା । ଏଥିରେ ଟିଟିପିର ୧୯ ଜଣ ନିହତ ହୋଇଛନ୍ତି । ପାକସେନା ଅପରେସନ ଜାରି ରଖିଥିବା ବେଳେ ଟିଟିପି ବିଦ୍ରୋହୀଙ୍କ ଗୁଳିମାଡ଼ାରେ ୧୧ ଜଣ ପାକ୍ ସୈନିକ ପ୍ରାଣ ହରାଇଛନ୍ତି । ପାକିସ୍ତାନ ପ୍ରଧାନମନ୍ତ୍ରୀ ଏହାର ନିନ୍ଦା କରିବା ସହିତ ବିଦ୍ରୋହୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପାଇଁ ନିର୍ଦ୍ଦେଶ ଦେଇଛନ୍ତି । ଏହି ବିଦ୍ରୋହୀଙ୍କୁ ଭାରତ ସହାୟତା କରୁଛି ବୋଲି ପାକିସ୍ତାନ ପକ୍ଷରୁ ଅଭିଯୋଗ କରାଯାଇଛି ।

ଉଲ୍ଲେଖଥାଉ କି ୨୦୨୧ରେ ଆଫଗାନିସ୍ତାନରେ ତାଲିବାନ ଶାସନକୁ ଆସିବା ପରେ ଟିଟିପି ପାକିସ୍ତାନ ସେନା ବିରୋଧରେ ଗରିଲା ଯୁଦ୍ଧ ଜାରି ରଖିଛି । ଟିଟିପିକୁ ଗତ ୧୨ ବର୍ଷ ମଧ୍ୟରେ ପାକିସ୍ତାନ ପାଇଁ ସବୁଠାରୁ ବଡ଼ ବିପଦ ବୋଲି ବିବେଚନା କରାଯାଉଛି । ଗତ କେତେମାସ ମଧ୍ୟରେ ଟିଟିପି ପାକିସ୍ତାନ ସେନା ଉପରେ ତା'ର ଆକ୍ରମଣକୁ ଦିନକୁ ଦିନ ତୀବ୍ରତର କରିବାରେ ଲାଗିଛି । ଟିଟିପିର ଆକ୍ରମଣ ୯୦ ପ୍ରତିଶତ ବୃଦ୍ଧି ପାଇଛି । ୨୦୨୪ରେ ଟିଟିପି ପାକିସ୍ତାନରେ ୪୮୨ଟି ଆକ୍ରମଣ କରିଛି । ଏଥିରେ ୫୫୮ ଜଣ ମୃତ୍ୟୁବରଣ କରିଛନ୍ତି । ଗତ ସେପ୍ଟେମ୍ବର ୨୧ ରାତି ୨ଟାରେ ପାକିସ୍ତାନ ବାୟୁସେନା ଖାଇବର ପଖତୁନଖ୍ୱାର ତିରା ଉପତ୍ୟକାରେ ଚୀନ ପ୍ରଦତ୍ତ ଜେ-୧୭ ବିମାନରୁ ୮ଟି ଲେଜର ବୋମା ମାଡ଼ କରିଥିଲା । ଏଥିରେ ୩୦ଜଣ ସାଧାରଣ ଲୋକ ମୃତ୍ୟୁବରଣ କରିଥିଲେ । ଟିଟିପିକୁ ଲକ୍ଷ୍ୟ କରି ଏହି ଆକ୍ରମଣ କରାଯାଇଥିଲା ।



## ଇକୁଏଡ଼ର ରାଷ୍ଟ୍ରପତିଙ୍କୁ ହତ୍ୟା ଉଦ୍ୟମ; ୫ ଗିରଫ

ନୂଆଦିଲ୍ଲୀ, ୮ା୧୦(ଏଜେନ୍ସି): ଉତ୍ତର ପଶ୍ଚିମ ଲାଟିନ ଆମେରିକୀୟ ଦେଶ ଇକୁଏଡର ରାଷ୍ଟ୍ରପତି ଡାନିଏଲ ନୋବୋଆଙ୍କୁ ହତ୍ୟା କରିବାକୁ ଉଦ୍ୟମ କରାଯାଇଛି । ବୁଧବାର ସେ ନିଜର ସୁରକ୍ଷାକର୍ମୀଙ୍କ ସହ ଗାଡ଼ିରେ ଯାଉଥିବା ବେଳେ ୫୦୦ ଲୋକ ତାଙ୍କୁ ଘେରାଉ କରି ଟେକା ମାଡ଼ କରିବା ସହ ଗୁଳି ଚଳାଇଥିଲେ । ରାଷ୍ଟ୍ରପତିଙ୍କ କାର ଉପରେ ଗୁଳିର ଚିହ୍ନ ଦେଖିବାକୁ ମିଳିଛି । ତେବେ ତାଙ୍କର କୌଣସି କ୍ଷତି ହୋଇନାହିଁ । ଏହି ଘଟଣାର ଭିଡିଓ ସୋସିଆଲ ମିଡିଆରେ ଭାଇରାଲ ହୋଇଛି । ଘଟଣା ପରେ ୫ଜଣଙ୍କୁ ଗିରଫ କରାଯାଇଛି ବୋଲି ଇକୁଏଡର ପରିବେଶ ଓ ଶକ୍ତି ମନ୍ତ୍ରୀ ଆଇନେସ ମାଞ୍ଜାନୋ କହିଛନ୍ତି । ଲୋକଙ୍କ ଏଭଳି ଆଚରଣକୁ ବରଦାସ୍ତ କରାଯିବ ନାହିଁ ବୋଲି ସେ କହିଛନ୍ତି । ସରକାର ତେଲ ସବ୍‌ସିଡିକୁ ବନ୍ଦ କରିବାକୁ ଘୋଷଣା କରିଥିଲେ । ଫଳରେ ତାଙ୍କ ବିରୋଧରେ ଜନତାଙ୍କ ମଧ୍ୟରେ ଅସନ୍ତୋଷ ସୃଷ୍ଟି ହୋଇଥିଲା ।

## ବାଣ କାରଖାନାରେ ବିସ୍ଫୋରଣ; ୬ ମୃତ

ହାଇଦରାବାଦ, ୮ା୧୦(ଏଜେନ୍ସି): ଆନ୍ଧ୍ରପ୍ରଦେଶର ଡ. ବିଆର୍ ଆମ୍ବେଡକର କୋନାସିମା ଜିଲ୍ଲାରେ ରାୟବରମରେ ବୁଧବାର ଏକ ବାଣ କାରଖାନାରେ ବିସ୍ଫୋରଣ ହେବାରୁ ୬ ଜଣ ଲୋକ ପ୍ରାଣ ହରାଇଛନ୍ତି । ମୃତଦେହଗୁଡିକ ପୂରା ଜଳି ଯାଇଥିବାରୁ ଏଗୁଡିକର ଚିହ୍ନଟ କରିବା କଷ୍ଟକର ହୋଇପଡ଼ିଛି । ଏଥିରେ ବହୁଲୋକ ଆହତ ମଧ୍ୟ ହୋଇଛନ୍ତି । ମୃତକଙ୍କ ସଂଖ୍ୟା ବୃଦ୍ଧି ପାଇବ ବୋଲି ଆଶଙ୍କା କରାଯାଉଛି । ମୃତକଙ୍କ ଦେହ ସମ୍ପୂର୍ଣ୍ଣ ଭାବେ ଜଳି ଯାଇଛି ବୋଲି ସ୍ଥାନୀୟ ଏସ୍‌ପି ରାହୁଲ ମିନା କହିଛନ୍ତି । ମୃତକ ଏହି ବାଣ କାରଖାନର ଶ୍ରମିକ ହୋଇପାରନ୍ତି ବୋଲି କୁହାଯାଇଛି । ମୃତଦେହଗୁଡିକୁ ଚିହ୍ନଟ କରିବାକୁ ପାଇଁ ପ୍ରୟାସ ଜାରି ରହିଛି । ଏହି କାରଖାନା ପାଖରେ ବାଣ ତିଆରି କରିବାକୁ ଲାଇସେନ୍ସ ଥିଲା । ସର୍ଟ ସର୍କିଟ କାରଣରୁ ନିଆଁ ଲାଗିବା ସହ ଆଖି ପିଛୁଳାକେ ବ୍ୟାପିଯାଇଥଲା ବୋଲି ସ୍ଥାନୀୟ ଗଣମାଧ୍ୟମଗୁଡିକ ସୂଚନା ଦେଇଛନ୍ତି । ଏହି ଘଟଣାର ଭିଡିଓ ସାମ୍ନାକୁ ଆସିଛି ଓ ଏହା ସାମାଜିକ ଗଣମାଧ୍ୟମଗୁଡିରେ ଭାଇରାଲ ହେବାରେ ଲାଗିଛି ।

## ଯୋଧପୁର ଜେଲ୍‌ରେ ୱାଙ୍ଗଚୁକ୍‌ଙ୍କୁ ଭେଟିଲେ ପତ୍ନୀ ଗୀତାଞ୍ଜଳି

ଯୋଧପୁର, ୮ା୧୦(ଏଜେନ୍ସି): ଯୋଧପୁର ସେଣ୍ଟ୍ରାଲ ଜେଲ୍‌ରେ ଥିବା ସାମାଜିକ କର୍ମୀ ସୋନମ ୱାଙ୍ଗଚୁକ୍‌ଙ୍କୁ ମଙ୍ଗଳବାର ରାତିରେ ପତ୍ନୀ ଗୀତାଞ୍ଜଳି ଓଙ୍ଗମୋ ଭେଟିଛନ୍ତି । ତାଙ୍କ ସହ ଓକିଲ ରିତମ ଖାରେ ଉପସ୍ଥିତ ଥିଲେ ।



ଗୀତାଞ୍ଜଳି ପତିଙ୍କୁ ମୁକ୍ତ କରିବାକୁ ସୁପ୍ରିମକୋର୍ଟରେ ଆବେଦନ କରିଛନ୍ତି । ଅକ୍ଟୋବର ୧୪ରେ ଏହାର ଶୁଣାଣି ହେବ । ୱାଙ୍ଗଚୁକ୍‌ଙ୍କୁ ଭେଟିବା ପରେ ଗୀତାଞ୍ଜଳି ବୁଧବାର ସାମାଜିକ ଗଣମାଧ୍ୟମରେ ଏକ୍ସରେ ପୋଷ୍ଟ କରି ସୂଚନା ଦେଇଛନ୍ତି । ଡିଟେନସନ ଆଦେଶକୁ ଚ୍ୟାଲେଞ୍ଜ କରିବୁ ବୋଲି ସେ ଉଲ୍ଲେଖ କରିଛନ୍ତି । ଉଲ୍ଲେଖଥାଉ କି, ସେପ୍ଟେମ୍ବର ୨୪ରେ ସମ୍ବିଧାନର ଷଷ୍ଠ ଅନୁଛେଦରେ ସାମିଲ କରିବା ଓ ଲଦାଖକୁ ରାଜ୍ୟ ପାହ୍ୟା ଦାବି ନେଇ ଆନ୍ଦୋଳନ ହୋଇଥିଲା । କିନ୍ତୁ ଏହି ଆନ୍ଦୋଳନ ହିଂସାତ୍ମକ ରୂପ ନେଇଥିଲା ଓ ଏଥିରେ ୪ ଜଣ ଲୋକ ମୃତ୍ୟୁବରଣ କରିଥିଲେ । ଏହି ଆନ୍ଦୋଳନରେ ଯୁବକଙ୍କୁ ଉସୁକାଇଥିବା ସହ ବିବାଦୀୟ ମନ୍ତବ୍ୟ ଦେବା ଅଭିଯୋଗରେ ସୋନମଙ୍କୁ ଜାତୀୟ ସୁରକ୍ଷା ଅଧିନିୟମ (ଏନ୍‌ଏସ୍‌ଏ) ଅନୁସାରେ ଗିରଫ କରାଯାଇଥିଲା । ଲେହରୁ ଗିରଫ କରାଯିବା ପରେ ତାଙ୍କୁ ଯୋଧପୁର କେନ୍ଦ୍ରୀୟ ଜେଲକୁ ନିଆଯାଇଥିଲା । ଅକ୍ଟୋବର ୨ରେ ଗୀତାଞ୍ଜଳି ୱାଙ୍ଗଚୁକ୍‌ଙ୍କୁ ମୁକ୍ତ କରିବା ନେଇ ସୁପ୍ରିମକୋର୍ଟରେ ଆବେଦନ କରିଥିଲେ । ଫଳରେ ଅକ୍ଟୋବର ୫ରେ ସୁପ୍ରିମକୋର୍ଟ କେନ୍ଦ୍ର ସରକାର ସମେତ ଲଦାଖ ପ୍ରଶାସନ, ଯୋଧପୁର କେନ୍ଦ୍ରୀୟ ଜେଲ ଅଧିକ୍ଷକଙ୍କୁ ନୋଟିସ ଜାରି କରିଥିଲେ ।

## ୬୦ କୋଟି ଜମା କରିବାକୁ ଶିଳ୍ପାଙ୍କୁ ହାଇକୋର୍ଟଙ୍କ ନିର୍ଦ୍ଦେଶ

ମୁମ୍ବାଇ, ୮ା୧୦(ଏଜେନ୍ସି): ବଲିଉଡ ଅଭିନେତ୍ରୀ ଶିଳ୍ପା ସେଟ୍ଟୀ ଓ ତାଙ୍କ ସ୍ୱାମୀ ରାଜ କୁନ୍ଦ୍ରାଙ୍କ ବିଦେଶ ଗସ୍ତ ନେଇ ବମ୍ବେ ହାଇକୋର୍ଟ ସର୍ତ୍ତ ରଖିଛନ୍ତି । ପ୍ରଥମେ ୬୦ କୋଟି ଟଙ୍କା ଜମା କର, ତାପରେ ଯାଇ ଦୁହିଁଙ୍କ ବିଦେଶ ଗସ୍ତ ନେଇ ବିଚାର କରାଯିବ । ବୁଧବାର ଦୁହିଁଙ୍କ ଆବେଦନ ଉପରେ ଶୁଣାଣି ହୋଇଥିଲା । ଅର୍ଥ ଠକେଇ ମାମଲାରେ ଅଭିଯୁକ୍ତଙ୍କୁ ବିଦେଶ ଯାତ୍ରା ପାଇଁ ଅନୁମତି ଦିଆଯାଇପାରିବ ନାହିଁ ବୋଲି କୋର୍ଟ କହିଥିଲେ । ଇଓଡବ୍ଲ୍ୟୁ ଦ୍ୱାରା ଜାରି କରାଯାଇଥିବା ଲୁକ୍ ଆଉଟ ନୋଟିସ୍‌କୁ ୩ ମାସ ପାଇଁ ନିଲମ୍ବିତ କରିବାକୁ ଦୁହେଁ ଆବେଦନ କରିଥିଲେ । ହାଇକୋର୍ଟଙ୍କ ଏହି ନିର୍ଦ୍ଦେଶରେ ଦୁହେଁ ନିରାଶ ହୋଇଛନ୍ତି ।

## କଶ୍ମୀରରେ ତୁଷାରପାତ, ତାପମାତ୍ରା -୦.୫



ଶ୍ରୀନଗର, ୮ା୧୦(ସମିସ): ଜମ୍ମୁ-କଶ୍ମୀର, ହିମାଚଳ ପ୍ରଦେଶ ଓ ଉତ୍ତରାଖଣ୍ଡ ଭଳି ପାହାଡି ରାଜ୍ୟର ଉଚ୍ଚତମ ସ୍ଥାନମାନଙ୍କରେ ଗତ ୨୪ ଘଣ୍ଟା ମଧ୍ୟରେ ତୁଷାରପାତ ହୋଇଛି । ସେନା ଡୋଡା ଜିଲ୍ଲାରେ ଉଚ୍ଚତର ଅଞ୍ଚଳରେ ଫସି ରହିଥିବା ୨୫ ଜଣ ଆଦିବାସୀଙ୍କୁ ଉଦ୍ଧାର କରିଛି । ସେନା ନିଜର ପାଳିତ ଜନ୍ତୁଙ୍କ ସାହାଯ୍ୟରେ ଏହି ତୁଷାର ଝଡ଼ରୁ ଏମାନଙ୍କୁ ଉଦ୍ଧାର କରିବାରେ ସକ୍ଷମ ହୋଇଛି । ସେହିପରି ବୁଧବାରଠାରୁ ଜମ୍ମୁ-କଶ୍ମୀରର କଟରାରେ ବୈଷ୍ଣୋଦେବୀ ଯାତ୍ରା ପୁଣି ଥରେ ଆରମ୍ଭ ହୋଇଛି । ପ୍ରତିକୂଳ ପାଗ କାରଣରୁ ଏହି ଯାତ୍ରାକୁ ୫ରୁ ୭ ଅକ୍ଟୋବର ପର୍ଯ୍ୟନ୍ତ ସ୍ଥଗିତ ରଖାଯାଇଥିଲା । ୩ ଦିନ ପରେ ଯାତ୍ରା ଆରମ୍ଭ ହୋଇଥିବାରୁ ଶ୍ରଦ୍ଧାଳୁ ଖୁସି ଜାହିର କରିଛନ୍ତି । ଆଜି ସକାଳୁ ଶହଶହ ଲୋକ ପୁଣିଥରେ ଯାତ୍ରା ଆରମ୍ଭ କରିଛନ୍ତି ।

ସେପଟେ ହିମାଚଳ ପ୍ରଦେଶରେ ମଙ୍ଗଳବାର ଲାଗାତର ତୃତୀୟ ଦିନ ପାଇଁ ତୁଷାରପାତ ହୋଇଛି । ଲାହୋଲ- ସ୍ପିତିରେ ରାତିରେ ତାପାମାତ୍ର-୦.୫ ଡିଗ୍ରୀରେ ପହଞ୍ଚିଛି । ସେହିପରି ଉତ୍ତରାଖଣ୍ଡ ବଦ୍ରିନାଥ, କେଦାରନାଥ ଓ ହେମକୁଣ୍ଡରେ ମଙ୍ଗଳବାର ପ୍ରଥମଥର ପାଇଁ ତୁଷାରପାତ ହୋଇଛି । ହେମକୁଣ୍ଡରେ ୨ରୁ ୩ ଇଞ୍ଚ୍ ପର୍ଯ୍ୟନ୍ତ ବରଫ ପଡ଼ିଛି । କେଦାରନାଥରେ ତାପମାତ୍ରା ୫ ଡିଗ୍ରୀକୁ ଖସିଛି । ଏବେ ୪ ଧାମ ଯାତ୍ରାର ଦ୍ୱିତୀୟ ପର୍ଯ୍ୟାୟ ଚାଲିଛି । ଅନ୍ୟପଟେ ବିହାରରେ ମୌସୁମୀର ଲେଉଟାଣୀ ଜାରି ରହିଥିଲେ ମଧ ବର୍ଷା ଜାରି ରହିଛି । ପ୍ରବଳ ବର୍ଷା କାରଣରୁ କେତୋଟି ନଦୀରେ ବନ୍ୟା ଆସିଛି । ସୁପୋଲରେ ୫ ହଜାର ଘରେ ପାଣି ପଶିଯାଇଛି । ମଧୁବନୀରେ ୧ ଲକ୍ଷ ଲୋକ ପ୍ରଭାବିତ ହୋଇଛନ୍ତି । ସେହିପରି ଦେଶର ସମତଳ ଅଞ୍ଚଳରେ ଶୀତ ଅନୁଭୂତ ହେବା ଆରମ୍ଭ ହୋଇଛି । ପଞ୍ଜାବ, ହରିୟାଣା, ଉତ୍ତରପ୍ରଦେଶ, ମଧ୍ୟପ୍ରଦେଶର କେତୋଟି ସହରରେ ତାପମାତ୍ରା ଖସୁଥିବା ପରିଲକ୍ଷିତ ହୋଇଛି । କେତୋଟି ସହରର ତାପମାତ୍ରା ୨୦ ଡିଗ୍ରୀ ତାକୁ ଖସିଛି । ଫଳରେ ଶୀତ ଅନୁଭୂତ ହୋଇଛି ।

## ଜାପାନ, ଆମେରିକା, ଅଷ୍ଟ୍ରେଲିଆ ବୈଜ୍ଞାନିକଙ୍କୁ ରସାୟନ ବିଜ୍ଞାନରେ ନୋବେଲ ପୁରସ୍କାର

ଷ୍ଟକ୍‌ହାମ୍, ୮ା୧୦(ଏଜେନ୍ସି): ଏଥର ଜାପାନର ସୁସୁମୁ କିତାଗାୱା, ଅଷ୍ଟ୍ରେଲିଆର ରିଚାର୍ଡ ରବସନ ଓ ଆମେରିକାର ଉମର ଏମ୍ ୟାଘିଙ୍କୁ ରସାୟନ ବିଜ୍ଞାନରେ ନୋବେଲ ପୁରସ୍କାର ପ୍ରଦାନ କରାଯିବ । ସ୍ୱିଡେନର ରୟାଲ ସ୍ୱିଡିଶ ଏକାଡେମୀ ଅଫ୍ ସାଇନ୍‌ସ ତରଫରୁ ବୁଧବାର ଏ ନେଇ ଘୋଷଣା କରାଯାଇଛି । ଧାତୁ କାର୍ବନିକ ଢ଼ାଞ୍ଚାର ବିକାଶ ପାଇଁ ଉଲ୍ଲେଖନୀୟ କାର୍ଯ୍ୟ କରିଥିବାରୁ ଏହି ବୈଜ୍ଞାନିକମାନଙ୍କୁ ନୋବେଲ ପୁରସ୍କାର ଦିଆଯିବ ବୋଲି ଏକାଡେମୀ ତରଫରୁ ଏକ୍ସରେ ପୋଷ୍ଟ କରି ଘୋଷଣା କରାଯାଇଛି ।



ଏହି ବୈଜ୍ଞାନିକମାନେ ଏଭଳି ଏକ ଆଟମ ବା ପରମାଣୁ ଭଳି ସଂରଚନା ତିଆରି କରିଛନ୍ତି, ଯେଉଁଥିରେ ବଡ଼ ବଡ଼ ଶୂନ୍ୟସ୍ଥାନ ରହିଛି । ଯେଉଁଥିରେ ଗ୍ୟାସ ଆଉ ରାସାୟନିକ ପଦାର୍ଥ ଅତି ସହଜରେ ଯାଇପାରିବ । ଏହି ସଂରଚନାକୁ ମେଟାଲ ଅର୍ଗାନିକ ଫ୍ରେମୱାର୍କ (ଏମ୍‌ଓଏଫ୍) କୁହାଯାଇଥାଏ । ଏଥିରେ ଏମିତି ଏକ କ୍ରିଷ୍ଟାଲ ତିଆରି ହେବ ଯେଉଁଥିରେ ବଡ଼ ଶୂନ୍ୟସ୍ଥାନ ରହିବ । ଏହାକୁ ଏକ ସ୍ୱତନ୍ତ୍ର ଶୈଳୀରେ ତିଆରି କରାଯାଇଛି । ଏହାଦ୍ୱାରା ମରୁଭୂମିର ବାୟୁରୁ ପାଣିକୁ ଏକାଠି କରିବା, ପ୍ରଦୂଷଣ ଦୂରେଇବା, କାର୍ବନ ଡାଇଅକ୍ସାଇଡକୁ ସଫା କରିବା, ବିଷାକ୍ତ ଗ୍ୟାସ୍‌କୁ ଷ୍ଟୋର କରିବା ଓ ରାସାୟାନିକ ପ୍ରକ୍ରିୟାକୁ ତ୍ୱରାନ୍ୱିତ ଭଳି କାର୍ଯ୍ୟ ସମ୍ପାଦିତ ହେବ ।

## ବର୍ଷା ପାଇଁ ଦିଲ୍ଲୀ-କୋଲକାତା ହାଇୱେ ଜାମ୍



୪ ଦିନ ହେଲା ଗାଡ଼ିଗୁଡିକ ଫସି ରହିଛି

ନୂଆଦିଲ୍ଲୀ, ୮ା୧୦(ଏଜେନ୍ସି): ବିହାରର ରୋହତାସ ଜିଲ୍ଲାରେ ଗତ ସପ୍ତାହରେ ହୋଇଥିବା ପ୍ରବଳ ବର୍ଷା କାରଣରୁ ଦିଲ୍ଲୀ- କୋଲକାତା ଜାତୀୟ ରାଜପଥ-୧୯ ସମ୍ପୂର୍ଣ୍ଣ ଭାବେ ଠପ୍ କରିଛି । ହଜାର ହଜାର ଗାଡ଼ି ସଡ଼କ ଉପରେ ୪ ଦିନ ହେବ ଫସି ରହିଛି । ଟ୍ରକ୍, ବସ, କାର, ମୋଟର ସାଇକଲ ସବୁ ଗାଡ଼ି ଗୁଡିକ ଲମ୍ବା ଲାଇନ୍‌ରେ ଠିଆ ହୋଇଛନ୍ତି । ରୋହତାସରୁ ଔରଙ୍ଗାବାଦ ପର୍ଯ୍ୟନ୍ତ ୬୫ କିମିର ଟ୍ରାଫିକ ଜାମ ଦେଖିବାକୁ ମିଳିଛି । ଗତ ଶୁକ୍ରବାର ପ୍ରବଳ ବର୍ଷା ହେବା କାରଣରୁ ହାଇୱେରେ ବିଭିନ୍ନ ସ୍ଥାନରେ ନିର୍ମାଣ ହୋଇଥିବା ଡାଇଭର୍ଜନ ଓ ସର୍ଭିସ ଲେନ୍‌ରେ ପାଣି ପଶିଛି । ଏହି ଟ୍ରାଫିକ ଜାମ୍ ସମସ୍ୟାର ସମାଧାନ ପାଇଁ ସ୍ଥାନୀୟ ପ୍ରଶାସନ ତରଫରୁ କିଛି ପ୍ରୟାସ କରାଯାଇନାହିଁ । ସେହିପରି ନ୍ୟାସନାଲ ହାଇୱେ ଅଥରିଟି ଅଫ୍ ଇଣ୍ଡିଆ (ଏନ୍‌ଏଚ୍‌ଏଆଇ) ଓ ସଡ଼କ ନିର୍ମାଣ ସଂସ୍ଥା ମଧ୍ୟ କୌଣସି ପଦକ୍ଷେପ ଗ୍ରହଣ କରିନାହାନ୍ତି । ଗତ ୨୪ ଘଣ୍ଟା ମଧ୍ୟରେ ଗାଡିଗୁଡିକ ମାତ୍ର ୫ କିମି ଆଗକୁ ଯିବାକୁ ସମର୍ଥ ହୋଇଛି । ଗତ ୩୦ ଘଣ୍ଟାରେ ଆମେ ମାତ୍ର ୭ କିମି ଯାତ୍ରା କରିଛୁ ବୋଲି ପ୍ରବୀଣ ସିଂ ନାମକ ଜଣେ ଟ୍ରକ୍ ଡ୍ରାଇଭର କହିଛନ୍ତି । ଟ୍ରାଫିକ ଜାମ୍ କାରଣରୁ ବ୍ୟବସାୟଠାରୁ ଆରମ୍ଭ କରି ସବୁ ପ୍ରକାର ଦୈନନ୍ଦିନ କାର୍ଯ୍ୟ ଯଥା ଆମ୍ବୁଲାନ୍ସ ଭଳି ଜରୁରୀକାଳୀନ ସେବା ବାଧାପ୍ରାପ୍ତ ହୋଇଛି ।

## ପିକ୍‌ନିକ୍ ବେଳେ ଭାସିଗଲେ ୭



ବେଙ୍ଗାଲୁରୁ, ୮ା୧୦(ସମିସ): ଛୁଟିରେ ବଣଭୋଜି କରିବାକୁ ଯାଇଥିଲେ । କିନ୍ତୁ ଏହା ଏକ ବଡ଼ ଦୁର୍ଘଟଣାରେ ରୂପ ନେଇଥିଲା । କର୍ଣ୍ଣାଟକର ତୁମାକୁରୁର ୧୫ଜଣ ଲୋକ ମାରକୋନାହାଲି ଡ୍ୟାମ୍‌କୁ ପିକ୍‌ନିକ କରିବାକୁ ଯାଇଥିଲେ । ଏମାନଙ୍କ ମଧ୍ୟରୁ ୭ ଜଣ ପାଣି ଭିତରେ ପଶିଥିଲେ । ଏତିକି ବେଳେ ଡ୍ୟାମରୁ ପାଣି ଛଡ଼ା ଯାଇଥିଲା । ଫଳରେ ପ୍ରବଳ ସୁଅ ଆସିଥିଲା ଓ ସମସ୍ତେ ଭାସି ଯାଇଥିଲେ । ସୂଚନା ପାଇ ଉଦ୍ଧାରକାରୀ ଦଳ ଓ ପୁଲିସ ଘଟଣାସ୍ଥଳରେ ପହଞ୍ଚି ଉଦ୍ଧାର କାର୍ଯ୍ୟ ଆରମ୍ଭ କରିଥିଲେ । ନୱାଜ ବୋଲି ଜଣେ ଲୋକଙ୍କୁ ଉଦ୍ଧାର କରାଯାଇ ହସ୍ପିଟାଲରେ ଭର୍ତ୍ତି କରାଯାଇଛି ବୋଲି ତୁମାକୁରୁ ଏସ୍‌ପି କେଭି ଅଶୋକ କହିଛନ୍ତି । ଦୁଇଟି ମୃତଦେହ ଉଦ୍ଧାର କରାଯାଇଛି ବୋଲି ପୁଲିସ କହିଛି । ବାକି ୪ ଜଣଙ୍କୁ ଖୋଜିବା ପାଇଁ ପ୍ରୟାସ ଜାରି ରହିଛି ।

# ସାମାଜିକ ଗଣମାଧ୍ୟମରେ ପ୍ରଧାନବିଚାରପତିଙ୍କୁ କଟାକ୍ଷ; ପଞ୍ଜାବରେ ମାମଲା



ଜଷ୍ଟିସ ଗଭାଇଙ୍କ ପରିବାର କ୍ଷୁବ୍ଧ

ନୂଆଦିଲ୍ଲୀ, ୮ା୧୦: ଗତ ସୋମବାର ଦିନ ସୁପ୍ରିମ କୋର୍ଟ ଭିତରେ ଶୁଣାଣି ଚାଲିଥିବା ବେଳେ ପ୍ରଧାନ ବିଚାରପତି ଜଷ୍ଟିସ ବିଆର ଗଭାଇଙ୍କ ଉପରେ ଜୋତା ଆକ୍ରମଣ ପାଇଁ ଉଦ୍ୟମ ଘଟଣା ଅଭାବନୀୟ ପରିସ୍ଥିତି ସୃଷ୍ଟି କରିଛି । ଜଣେ ଆଇନଜୀବୀଙ୍କ ଏଭଳି ଉଦ୍ୟମକୁ ବିଭିନ୍ନ ଦଳ ଓ ସଂଗଠନ ନିନ୍ଦା କରିଥିବା ବେଳେ କେତେକ ବ୍ୟକ୍ତି ସାମାଜିକ ଗଣମାଧ୍ୟମରେ ଜଷ୍ଟିସ ଗଭାଇଙ୍କୁ ଟାର୍ଗେଟ କରିବାରେ ଲାଗିଛନ୍ତି । ସେପଟେ ଅଭିଯୁକ୍ତ ଆଇନଜୀବୀ ମଧ୍ୟ ଅନୁତାପ କରିବା ପରିବର୍ତ୍ତେ ଆକ୍ରମଣ ସପକ୍ଷରେ ପ୍ରଚାର କରିବାରେ ଲାଗିଛନ୍ତି ।

ଇତିମଧ୍ୟରେ ଜଷ୍ଟିସ ଗଭାଇଙ୍କ ପରିବାର ପକ୍ଷରୁ ଜୋତା ଆକ୍ରମଣ ଘଟଣାର ନିନ୍ଦା କରାଯାଇଛି । ଜଷ୍ଟିସ ଗଭାଇଙ୍କ ମାଆ କମଳ ଗଭାଇ ଏବଂ ଭଉଣୀ କିର୍ତ୍ତି ଗଭାଇ ଘଟଣାର ନିନ୍ଦା କରି କହିଛନ୍ତି ଯେ କୋର୍ଟ ରୁମ ଭିତରେ ଏଭଳି ଆଚରଣ ହେଉଛି ସମ୍ବିଧାନ ଉପରେ ଆକ୍ରମଣ । ଏଭଳି ଆଚରଣ ବନ୍ଦ ହେବା ଉଚିତ । ନହେଲେ ଭବିଷ୍ୟତ ପିଢ଼ି ଆମକୁ କେବେହେଲେ କ୍ଷମା ଦେବେ ନାହିଁ । ବିନା କୌଣସି କାର୍ଯ୍ୟାନୁଷ୍ଠାନରେ ସଂପୃକ୍ତ ଆଇନଜୀବୀଙ୍କୁ ଛାଡ଼ିଦେବା ଲାଗି ଜଷ୍ଟିସ ଗଭାଇଙ୍କ ପରାମର୍ଶ ତାଙ୍କର ବଡ଼ପଣିଆର ପ୍ରଦର୍ଶନ ଥିଲା । ଆକ୍ରମଣକାରୀଙ୍କ 'ବିଷାକ୍ତ ଆଦର୍ଶ'ର ସମାଲୋଚନା କରି ସେମାନେ କହିଛନ୍ତି ଯେ ଯେଉଁମାନେ ସମ୍ବିଧାନର ଅପମାନ କରୁଛନ୍ତି, ସେମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ହେବା ଦରକାର ।

ଅନ୍ୟପକ୍ଷରେ ଏହି ଘଟଣା ପରେ ସାମାଜିକ ଗଣମାଧ୍ୟମରେ କେତେକ ବ୍ୟକ୍ତି ଜଷ୍ଟିସ ଗଭାଇଙ୍କୁ କଟାକ୍ଷ କରିବା ଆରମ୍ଭ କରିଛନ୍ତି । ସେମାନେ ଆକ୍ରମଣକାରୀ ଓକିଲଙ୍କୁ ସମର୍ଥନ କରି ପ୍ରଧାନ ବିଚାରପତିଙ୍କ ଉଦ୍ଦେଶ୍ୟରେ ଜାତିଆଣ ଟିପ୍ପଣୀ କରୁଛନ୍ତି । ଗତକାଲିଠାରୁ ଏହି ଧାରା ଉଦ୍‌ବେଗଜନକ ଭାବେ ବୃଦ୍ଧି ପାଇଥିବା ବେଳେ ସେମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁ ନଥିବାରୁ ବିଭିନ୍ନ ରାଜନୈତିକ ଦଳ ଓ ସଂଗଠନ ଆଶ୍ଚର୍ଯ୍ୟ ପ୍ରକଟ କରିଛନ୍ତି । ସେମାନେ କହିଛନ୍ତି ଯେ ସଂପୃକ୍ତ ଓକିଲ ବିରୋଧରେ କାର୍ଯ୍ୟାନୁଷ୍ଠାନ ନନେବା ପାଇଁ ସୁପ୍ରିମକୋର୍ଟ କହିଥିଲେ ମଧ୍ୟ ସରକାର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ଉଚିତ । କୋର୍ଟ ରୁମ ଭିତରେ ପ୍ରଧାନ ବିଚାରପତିଙ୍କ ଉପରେ ଜୋତା ଆକ୍ରମଣ ଉଦ୍ୟମ ଏକ ମାମୁଲି ଘଟଣା ନୁହେଁ । ସରକାର ଏହାକୁ ଗୁରୁତ୍ୱର ସହ ନେଇ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରନ୍ତୁ । ସାମାଜିକ ଗଣମାଧ୍ୟମରେ ଜଷ୍ଟିସ ଗଭାଇଙ୍କୁ କଟାକ୍ଷ କରୁଥିବା ଲୋକମାନଙ୍କ ବିରୋଧରେ ପଞ୍ଜାବରେ ଏକାଧିକ ଏଫଆଇଆର୍ ଦାଖଲ କରାଯାଇଥିବା ଜଣାପଡ଼ିଛି ।

# ଆଲୋଭେରା ସାମ୍ପୁ



ରାସାୟନିକ ସାମ୍ପୁ ବ୍ୟବହାର କଲେ ଏହା କେଶକୁ କ୍ଷତି ପହଞ୍ଚାଇଥାଏ । ତେଣୁ କେଶକୁ ଘନ ଓ ମଜଭୂତ କରିବାକୁ ଚାହୁଁଥିଲେ ରାସାୟନିକ ସାମ୍ପୁ ବଦଳରେ ଘରେ ଆଲୋଭେରା ସାମ୍ପୁ ପ୍ରସ୍ତୁତ କରି ଲଗାଇପାରିବେ ।

### ସାମ୍ପୁ ପ୍ରସ୍ତୁତି ବିଧି

- ଗୋଟିଏ କାଚ ବାଉଲ୍‌ରେ ଆଲୋଭେରା ଜେଲ୍ ନେଇ ସେଥିରେ ନଡ଼ିଆ କ୍ଷୀର, ମହୁ ଓ ବାଦାମତେଲ ଦେଇ ଭଲ ଭାବେ ମିକ୍ସ କରି ଦିଅନ୍ତୁ ।
- ଏହାକୁ ଗ୍ରାଇଣ୍ଡିଂ ଜାର୍‌ରେ ଦେଇ ଦୁଇ ତିନି ବୁନ୍ଦା ଏସେନ୍‌ସିଆଲ୍ ଅଏଲ୍ ମିଶାଇ ଗ୍ରାଇଣ୍ଡିଂ କରନ୍ତୁ । ଏଥିରେ ରୋଜମେରୀ ଏସେନ୍‌ସିଆଲ୍ ଅଏଲ୍ ମିଶାଇ ଏୟାରଟାଇଟ୍ ବୋତଲରେ ଭରି ଫ୍ରିଜ୍‌ରେ ଷ୍ଟୋର କରନ୍ତୁ ।
- ପ୍ରଥମେ କେଶକୁ ଓଦା କରନ୍ତୁ । ଏହାପରେ ଅଳ୍ପ ମାତ୍ରାରେ ସାମ୍ପୁ ନେଇ ସ୍କାଲ୍‌ପରେ ହାଲୁକା ମସାଜ୍ କରନ୍ତୁ । ଏହାକୁ ଦୁଇ, ତିନି ମିନିଟ୍ ରଖି ପାଣିରେ ଧୋଇ ଦିଅନ୍ତୁ ।

### ସାମ୍ପୁର ଫାଇଦା

- ଏହା କେଶକୁ ପ୍ରାକୃତିକ ପୋଷଣ ଦେବା ସହ କେଶରେ ଚମକ ବୃଦ୍ଧି କରିଥାଏ ।
- କେଶକୁ କୋମଳ କରି ରୂପିକୁ ସମସ୍ୟା ଦୂର କରିବାରେ ସହାୟକ ହୋଇଥାଏ । ଏହା ସମ୍ପୂର୍ଣ୍ଣ ରସାୟନ ମୁକ୍ତ ।
- ଏହାକୁ ଦଶରୁ ପନ୍ଦର ଦିନ ଫ୍ରିଜ୍‌ରେ ଷ୍ଟୋର କରି ରଖିପାରିବେ । ନିୟମିତ ବ୍ୟବହାର ଦ୍ୱାରା ଏହା କେଶକୁ ମଜଭୂତ କରିଥାଏ ।

# ସିକ୍କି କଳାକୃତିରୁ ଆତ୍ମନିର୍ଭର



ବର୍ତ୍ତମାନ ସମୟରେ ମହିଳାମାନେ ଘରେ ନ ବସି ଅର୍ଥ ଉପାର୍ଜନକୁ ପ୍ରାଧାନ୍ୟ ଦେଉଛନ୍ତି । କିଏ ଚାଷ କାର୍ଯ୍ୟ ତ କିଏ ବ୍ୟବସାୟ ତଥା କୁଟୀର ଶିଳ୍ପ ଦ୍ୱାରା ରୋଜଗାରକ୍ଷମ ହୋଇପାରୁଛନ୍ତି । ଏହାଦ୍ୱାରା ସେମାନେ ପରିବାର ପ୍ରତିପୋଷଣ ଭାର କାନ୍ଧକୁ ନେଇଛନ୍ତି । ଏହି ପରିପ୍ରେକ୍ଷୀରେ ସିକ୍କି ଘାସରୁ ଭଳିକି ଭଳି ଟ୍ରେ, ଚାଙ୍ଗୁଡ଼ି, ଟୋକେଇ, ବାକ୍ସ, ପାଛିଆ, ଖେଳନା ଆଦି ପ୍ରସ୍ତୁତ କରି ଆତ୍ମନିର୍ଭର ହୋଇଛନ୍ତି, ବିହାର ଚମ୍ପାରନ ଜିଲ୍ଲା ବଗହାର ଆଦିବାସୀ ମହିଳାମାନେ ।

### ସିକ୍କି କଳାକୃତିର ବିଶେଷତା

ବିହାରର ପ୍ରଚଳିତ ପ୍ରାଚୀନ ଲୋକକଳା ମଧ୍ୟରୁ ଗୋଟିଏ ସିକ୍କି କଳା । ନଦୀପଠାରେ ମିଳୁଥିବା ସିକ୍କି ଘାସରୁ ଏହି କଳାକୃତି କରାଯାଏ । ଏହା ୪୦୦ ବର୍ଷ ପୁରୁଣା । ବଗହା ଗାଁ ମହିଳାଙ୍କ କହିବାନୁଯାୟୀ, ଏଥିରୁ ତିଆରି ସାମଗ୍ରୀ ଯଥା- ଟୋକେଇ, ଆସନ, ଚାଙ୍ଗୁଡ଼ି ଦୈନନ୍ଦିନ ଜୀବନରେ ବ୍ୟବହାର ହେଉଥିଲା । କିନ୍ତୁ ସମୟକ୍ରମେ ଏଥିରୁ ଏବେ ଭଳିକି ଭଳି ଘରସଜ୍ଜା ସାମଗ୍ରୀ ପ୍ରସ୍ତୁତ ହେଉଛି । ଏହି ଘାସ ବିଶେଷ କରି ବିହାର ମିଥିଳା ନଦୀତଟ, ତଥା ପୋଖରୀ କୂଳରେ ଦେଖିବାକୁ ମିଳିଥାଏ । ଏହି ଘାସକୁ ପ୍ରଥମେ କାଟି ଖରାରେ ଶୁଖାଯାଏ । ଶୁଖିଗଲା ପରେ ରଙ୍ଗ ବୁଡ଼ାଇ ସିକ୍କି ଜାଲି ଉପକରଣରେ ଏହାକୁ ସୂତା ଆକାର ଦିଆଯାଏ । ଏହାପରେ ହାତରେ ବୁଣି ବିଭିନ୍ନ କଳାକୃତି ପ୍ରସ୍ତୁତ କରାଯାଏ ।

### ଶୁଭକାର୍ଯ୍ୟରେ ଦିଆଯାଏ ଉପହାର

ପୌରାଣିକ କାହାଣୀ ଅନୁଯାୟୀ, ରାଜା ଜନକ ସୀତାଙ୍କୁ ବିଦାୟବେଳେ ସିକ୍କି କଳାକୃତି ନିର୍ମିତ ଟୋକେଇ, ଚାଙ୍ଗୁଡ଼ି, ଆଦି ଦେଇଥିଲେ । ଅବଶ୍ୟ କେତେକ ଗ୍ରାମାଞ୍ଚଳରେ ଏବେ ଝିଅ ଶାଶୁଘରକୁ ଗଲେ ସିକ୍କିରେ ତିଆରି ସାମଗ୍ରୀ ଦେବାର ପରମ୍ପରା ରହିଛି । ସେହିପରି ଘାସ ତିଆରି ଜିନିଷକୁ ଶୁଭ ମନଯାଏ । ଏଥିପାଇଁ ଏହାକୁ ଶୁଭକାର୍ଯ୍ୟରେ ବ୍ୟବହାର କରିବା ସହ ଉପହାର ଦିଆଯାଏ ।

### ଆତ୍ମନିର୍ଭର ହୋଇଛନ୍ତି ଆଦିବାସୀ ମହିଳା



ସ୍ଥାନୀୟ ଅଞ୍ଚଳର ଶହ ଶହ ଆଦିବାସୀ ମହିଳା ଏହି କଳାକୃତି ଦ୍ୱାରା ଆତ୍ମନିର୍ଭର ହୋଇଛନ୍ତି । ଘରର କାର୍ଯ୍ୟ ସାରି ଦିନକୁ ଦୁଇ ତିନି ଘଣ୍ଟା ଏହି କଳାକୃତି କରିଥାନ୍ତି । ଏହାଦ୍ୱାରା ସେମାନେ ଅର୍ଥଉପାର୍ଜନ କରିବା ସହ ପାରମ୍ପରିକ କଳାକୁ ଜୀବିତ ରଖିଛନ୍ତି । ଏଥିସହ ମହିଳାମାନେ ସ୍ୱତନ୍ତ୍ର ପ୍ରଶିକ୍ଷଣ ନେଇ ସିକ୍କି କଳାରେ ଆଧୁନିକ ସାମଗ୍ରୀ ପ୍ରସ୍ତୁତ କରନ୍ତି । ଏହି କଳାକୃତିକୁ ବିଭିନ୍ନ ମେଳାଗୁଡ଼ିକରେ ଷ୍ଟଲ୍ ପକାଇ ବିକ୍ରିବଟା କରିଥାନ୍ତି । ସେହିପରି କିଛି ଏନ୍‌ଜିଓ ସହାୟତାରେ ଏହାକୁ ଅନ୍‌ଲାଇନ୍‌ରେ ମଧ୍ୟ ବିକ୍ରି କରିଥାନ୍ତି । କେବଳ ଭାରତ ନୁହେଁ, ବିଦେଶରେ ମଧ୍ୟ ଏହାର ଚାହିଦା ବୃଦ୍ଧି ପାଇଛି ।

# ମଙ୍ଗଳସୂତ୍ର ବ୍ରେସ୍‌ଲେଟ୍

ସମୟ ଅନୁସାରେ ବିଭିନ୍ନ ଟ୍ରେଣ୍ଡ ଦେଖିବାକୁ ମିଳିଥାଏ । ଏହି କ୍ରମରେ ଏବେ ମଙ୍ଗଳସୂତ୍ର ବ୍ରେସ୍‌ଲେଟର ଟ୍ରେଣ୍ଡ ଚାଲିଛି । ମହିଳାମାନେ ବେକ ଅପେକ୍ଷା ହାତରେ ମଙ୍ଗଳସୂତ୍ର ପିନ୍ଧିବାକୁ ବେଶୀ ପସନ୍ଦ କରୁଛନ୍ତି । ତେବେ ବିଭିନ୍ନ ଡିଜାଇନର ମଙ୍ଗଳସୂତ୍ର ରହିଛି, ଜାଣିବା ସେ ବିଷୟରେ...



### ଫୁଲ ଡିଜାଇନ୍

ଫୁଲ ଡିଜାଇନର ମଙ୍ଗଳସୂତ୍ର ପିନ୍ଧିପାରିବେ । ଏହା ହାତକୁ ଖୁବ୍ ସୁନ୍ଦର ମାନିଥାଏ । ଏହା ଷ୍ଟାଇଲିଶ୍ ଦେଖାଯିବା ସହ କାର୍ଯ୍ୟ କରିବାରେ ସୁବିଧା ହୋଇଥାଏ ।

### ପେଣ୍ଡେଣ୍ଟ ଡିଜାଇନ୍

ସେହିପରି ଚାହିଁଲେ, ପେଣ୍ଡେଣ୍ଟ ଡିଜାଇନ୍‌ର ମଙ୍ଗଳସୂତ୍ର ପିନ୍ଧିପାରିବେ । ଏଥିପାଇଁ ବେକ ମଙ୍ଗଳସୂତ୍ରରୁ ଲକେଟ୍ କାଢ଼ି କଳାମାଳିରେ ଗୁନ୍ଥି ହାତରେ ପିନ୍ଧିପାରିବେ ।


### ଲିଫ୍ ଡିଜାଇନ୍

ଏହି ବ୍ରେସ୍‌ଲେଟ୍ ବେଶ୍ ସୁନ୍ଦର ହୋଇଥାଏ । ଏଥିରୁ ଏକ ଷ୍ଟାଇଲିଶ୍ ଲୁକ୍ ମିଳିଥାଏ ।

# କାନଫୋଡ଼ାଇବା ପରବର୍ତ୍ତୀ ଯତ୍ନ

ଅଧିକାଂଶ ମହିଳା ଶୀତଦିନେ କାନ ଫୋଡ଼ାଇଥାନ୍ତି । କାରଣ ଏ ଦିନେ କାନ ଶୀଘ୍ର ଶୁଖିଯାଏ । କିନ୍ତୁ ଏବେ ମହିଳାମାନେ ଟ୍ରେଣ୍ଡ ଅନୁଯାୟୀ କାନ ଫୋଡ଼ାଉଛନ୍ତି । ଫଳରେ ଏହାଦ୍ୱାରା କାନ ସଂକ୍ରମଣ ହୋଇଥାଏ । ତେଣୁ କାନ ଫୋଡ଼ାଇବାର ପରବର୍ତ୍ତୀ ଯତ୍ନ କିପରି ନେବେ ଜାଣିବା ସେ ବିଷୟରେ...

- ଉପର କାନ ଫୋଡ଼ାଉଥିଲେ, ଏହା ସଂକ୍ରମଣ ହେବାର ବେଶୀ ଆଶଙ୍କା ଥାଏ । ତେଣୁ କାନକୁ ସର୍ବଦା ସଫା ରଖିବା ଜରୁରୀ ।
- ଏଥିସହ ଉଷୁମ ପାଣିରେ ତୁଳା ବୁଡ଼ାଇ କାନଫୋଡ଼ାଇ ଥିବା ସ୍ଥାନକୁ ସଫା କରନ୍ତୁ । ଏହାଦ୍ୱାରା କାନ ପାଚେ ନାହିଁ ।
- ଡାକ୍ତରଙ୍କ ପରାମର୍ଶ ଅନୁଯାୟୀ, କାନରେ କ୍ରିମ୍ ବା ତେଲ ଲଗାଇପାରିବେ । ଏହା କାନଦରଜ ଦୂର କରିଥାଏ ।
- ସେହିପରି କାନ ଶୁଖିଗଲେ ସଙ୍ଗେ ସଙ୍ଗେ କିଣା କାନଫୁଲ କାଢ଼ି ସୁନା କିମ୍ବା ରୂପା କାନ ଫୁଲ ଲଗାଇବା ଭଲ । ଏହା କାନକୁ ପାଚିବାକୁ ଦିଏନି ।
- ସେହିପରି ଭାରି କାନଫୁଲ ବଦଳରେ ହାଲୁକା ଟପ୍ସ ଲଗାଇପାରିବେ ।
- ବିଭିନ୍ନ ଡିଜାଇନର ଛୋଟ କାନଫୁଲ ପିନ୍ଧିପାରିବେ ।



ମୋ ହାଣ୍ଡିଶାଳରୁ...

# ମଶରୁମ୍ ମସାଲା



### ଆବଶ୍ୟକ ସାମଗ୍ରୀ

ମଶରୁମ୍ – ୫୦୦ ଗ୍ରାମ୍, କଟା
ପିଆଜ – ଏକ କପ୍, କଞ୍ଚା ଲଙ୍କା- ତିନୋଟି,
ଜିରା – ଏକ ଚାମଚ, ଗୋଟା ଧନିଆ – ଏକ ଚାମଚ, ପାହମଧୁରୀ- ଏକ ଚାମଚ, ଗୋଲମରିଚ – ଚାରିଗୋଟି, ଅଦା ରସୁଣ ପେଷ୍ଟ – ଏକ ଚାମଚ, ଶୁଖିଲା ଲଙ୍କା – ତିନୋଟି, ହଳଦୀଗୁଣ୍ଡ - ଏକ ଚାମଚ, ଭୃସଙ୍ଗ ପତ୍ର – ଅଳ୍ପ, ଲୁଣ –ସ୍ୱାଦ ଅନୁସାରେ, ତେଲ – ଆବଶ୍ୟକତା ଅନୁସାରେ ।

### ପ୍ରସ୍ତୁତି ପ୍ରଣାଳି

ପ୍ରଥମେ ଗ୍ୟାସ୍ ଲଗାଇ କଡ଼େଇ ବସାନ୍ତୁ । ସେଥିରେ ଜିରା, ଧନିଆ, ରାଶି, ଜାଇଫଳ, ଗୋଲମରିଚ, ଲବଙ୍ଗ, ପକାଇ ଧିମା ଆଞ୍ଚରେ ଭାଜନ୍ତୁ । ଥଣ୍ଡା ହୋଇଗଲେ ଏହାକୁ ଏକ ଜାର୍‌ରେ ଦେଇ ଗ୍ରାଇଣ୍ଡିଂ କରନ୍ତୁ । ଏହାପରେ ମଶରୁମ୍‌କୁ ମଝିରୁ ଦୁଇଫାଳ କରି ଭଲରେ ଧୋଇ ଦିଅନ୍ତୁ । ଏଥିରେ ଅଳ୍ପ ଲେମ୍ବୁରସ, ଲୁଣ, ଅଦାରସୁଣ ପେଷ୍ଟ ଓ ହଳଦୀଗୁଣ୍ଡ ଦେଇ ୨୦ ମିନିଟ୍ ଗୋଳାଇ ରଖନ୍ତୁ । ଏହାପରେ କଡ଼େଇ ବସାଇ ତେଲ ଦିଅନ୍ତୁ । ସେଥିରେ କଟାପିଆଜ ଦେଇ ହାଲୁକା ନାଲି ହେବା ଯାଏ ଭାଜନ୍ତୁ । ଏହାପରେ ମ୍ୟାରିନେଡ୍ କରି ରଖିଥିବା ମଶରୁମ୍‌କୁ ଦେଇ ଏପାଖସେପାଖ କରନ୍ତୁ । ସେଥିରେ କଞ୍ଚାଲଙ୍କା, ଭୃସଙ୍ଗପତ୍ର ସହ ମସଲାଗୁଣ୍ଡ ଦେଇ ଭାଜି ଦିଅନ୍ତୁ । ଦୁଇ ତିନି ମିନିଟ୍ ଭାଜି ହୋଇଗଲେ , ଧନିଆ ପତ୍ର ପକାଇ ପରଷନ୍ତୁ ମଶରୁମ୍ ମସାଲା ।

# ବିବାହ ଲେହେଙ୍ଗା କିଣୁଥିଲେ



### ବଜେଟ୍

ଲେହେଙ୍ଗା କିଣିବାକୁ ଯିବାପୂର୍ବରୁ ପ୍ରଥମେ ନିଜର ବଜେଟ୍ ପ୍ରସ୍ତୁତ କରନ୍ତୁ । ବଜେଟ୍ ଅନୁସାରେ ପସନ୍ଦ ମୁତାବକ ଜିନିଷ କିଣିପାରିବେ । ଏଥିସହ ଅଯଥା ଖର୍ଚ୍ଚରୁ ଦୂରେଇ ରୁହନ୍ତୁ ।

### ଟ୍ରେଣ୍ଡ

ଉଭୟ ଅନ୍‌ଲାଇନ୍ ଓ ଅଫ୍‌ଲାଇନ୍‌ରେ ଲାଟେଷ୍ଟ ଡିଜାଇନ୍ ଦେଖନ୍ତୁ । ଏହାଦ୍ୱାରା ଆପଣଙ୍କୁ କେଉଁ ରଙ୍ଗର ଲେହେଙ୍ଗା ପସନ୍ଦ ସେ ବିଷୟରେ ସମ୍ୟକ୍ ଧାରଣା ମିଳିଥାଏ ।

### ରଙ୍ଗ ଚୟନ

ନିଜ ତ୍ୱଚା ରଙ୍ଗ ଅନୁସାରେ ଲେହେଙ୍ଗା ଚୟନ କରନ୍ତୁ । ଲାଲ, ଖଇରିଆ ଓ ଗୋଲପୀ ଭଳି ପାରମ୍ପରିକ ରଙ୍ଗ ବ୍ୟତୀତ ପେଷ୍ଟାଲ୍ ଓ ଅନ୍ୟ ଉଜ୍ଜ୍ୱଳ ରଙ୍ଗ ବାଛିପାରିବେ ।

### ଋତୁ ଅନୁଯାୟୀ ଫ୍ୟାବ୍ରିକ୍

ବିବାହଋତୁକୁ ଧ୍ୟାନରେ ରଖି କପଡ଼ା ଚୟନ କରନ୍ତୁ । ଗରମ ଦିନେ ଜର୍ଜେଟ୍ ତଥା ନେଟ୍ ଲେହେଙ୍ଗା ଭଲ ହୋଇଥିବାବେଳେ, ଶୀତଦିନେ ଭେଲଭେଟ୍ ଲେହେଙ୍ଗା ଭଲ ହୋଇଥାଏ ।

### ଶରୀର ଅନୁଯାୟୀ କିଣନ୍ତୁ ଲେହେଙ୍ଗା

ଉଚ୍ଚତା ଓ ଶାରୀରିକ ଗଠନ ଅନୁସାରେ ଲେହେଙ୍ଗା ଚୟନ କରନ୍ତୁ । ଡେଙ୍ଗା ଯୁବତୀଙ୍କୁ ଓଜନିଆ ଲେହେଙ୍ଗା ଭଲ ମାନିଥାଏ । ସେହିପରି କମ୍ ଉଚ୍ଚତା ଯୁବତୀଙ୍କୁ ହାଲୁକା କାମ ଥିବା ଲେହେଙ୍ଗା ସୁନ୍ଦର ଦେଖାଯାଏ ।

# ବେସିନ ସଫେଇ

ୱାସ୍ ବେସିନ୍‌ରୁ ଲଗାତାର ପାଣି ଝରିଲେ, ସେଥିରେ କ୍ୟାଲ୍‌ସିୟମ୍ ପରସ୍ତ ଜମିଯାଏ । ଅନେକ ସମୟରେ ସାବୁନ ଓ ଟୁଥ୍‌ପେଷ୍ଟ ଲାଗି ମଧ୍ୟ ବେସିନ୍ ହଳଦିଆ ହୋଇଯାଏ । ଫଳରେ ଏହା ଖୁବ୍ ଅପରିଷ୍କାର ଦେଖାଯାଏ । ତେଣୁ ସହଜ ଉପାୟ ଆପଣାଇ କିପରି ବେସିନ୍ ସଫା କରିବେ । ଜାଣି ରଖନ୍ତୁ ।

- ବେସିନ୍ ସଫା ପାଇଁ ଦୁଇଟି ଲେମ୍ବୁ, ଏକ ଚାମଚ ବେକିଂ ସୋଡ଼ା, ଓ ଏକକପ୍ ଉଷୁମ ପାଣି ନିଅନ୍ତୁ । ପ୍ରଥମେ ଲେମ୍ବୁରୁ ରସ କାଢ଼ି ସେଥିରେ ବେକିଂସୋଡ଼ା ମିଶାଇ ଏକ ପେଷ୍ଟ ପ୍ରସ୍ତୁତ କରନ୍ତୁ । ଏହି ପେଷ୍ଟକୁ ୱାସବେସିନ୍‌ର ହଳଦିଆ ଓ ଅପରିଷ୍କାର ସ୍ଥାନରେ ଲଗାଇ ଦଶରୁ ପନ୍ଦର ମିନିଟ୍ ଛାଡ଼ି ଦିଅନ୍ତୁ । ଏହାପରେ ନଖଉଷୁମ ପାଣିରେ ଧୋଇ ଏହାକୁ ସଫା କରନ୍ତୁ । ବେସିନ୍ ନୂଆ ଭଳି ଚକ୍ ଚକ୍ ହୋଇଯିବ ।
- ଲେମ୍ବୁରେ ଥିବା ଏସିଡ୍ ଅପରିଷ୍କାର ଓ ଦାଗକୁ ଦୂର କରିଥାଏ । ଏହା ବେସିନ୍‌କୁ ନୂଆ ଭଳି ସଫା କରିଥାଏ । ବେକିଂସୋଡ଼ା ଦାଗକୁ ନ ଘଷି ସହଜରେ ସଫା କରିଥାଏ ।



## ଆଇସିସି ମହିଳା ଦିନିକିଆ ବିଶ୍ୱକପ୍

# ହ୍ୟାଟ୍ରିକ୍ ବିଜୟ ଲକ୍ଷ୍ୟରେ ଭାରତ

**ବିଶାଖାପାଟନମ, ୮ ।୧୦ (ଏଜେନ୍ସି):** ଚଳିତ ଆଇସିସି ମହିଳା ଦିନିକିଆ ବିଶ୍ୱକପ୍‌ରେ ଆୟୋଜକ ଭାରତ ଏହାର ୩ୟ ମୁକାବିଲାରେ ଗୁରୁବାର ଦକ୍ଷିଣ ଆଫ୍ରିକାକୁ ଭେଟିବ। ବିଶାଖାପାଟନମର ୱାଇଏସ୍ ରାଜଶେଖର ଷ୍ଟାଡିୟମରେ ଅପରାହ୍ଣ ୩ଟାରେ ଏହି ମ୍ୟାଚ୍ ଆରମ୍ଭ ହେବ। ଏହି ମ୍ୟାଚରେ ଦକ୍ଷିଣ ଆଫ୍ରିକାକୁ ହରାଇ ଭାରତୀୟ ମହିଳା ଦଳ ହ୍ୟାଟ୍ରିକ ବିଜୟ ଲକ୍ଷ୍ୟରେ ରହିଛି। ହରମନପ୍ରୀତ୍ କୌରଙ୍କ ଦଳ ବିଶ୍ୱକପ୍‌ର ପ୍ରଥମ ମ୍ୟାଚରେ ୫୯ ରନରେ ଶ୍ରୀଲଙ୍କାକୁ ଏବଂ ଦ୍ୱିତୀୟ ମୁକାବିଲାରେ ୮୮ ରନରେ ପାକିସ୍ତାନକୁ ମାତ୍ ଦେଇଥିଲେ। ୪ ପଏଣ୍ଟ ସହ ଭାରତୀୟ ଦଳ ବର୍ତ୍ତମାନ ପଏଣ୍ଟ ଟେବଲରେ ୩ୟ ସ୍ଥାନରେ ରହିଛି। ଅପରପକ୍ଷରେ ଦକ୍ଷିଣ ଆଫ୍ରିକା ମହିଳା ଦଳ ୨ଟି ମ୍ୟାଚରୁ ଗୋଟିଏ ଲେଖାଏ ବିଜୟ ଓ ପରାଜୟ ସହ ୨ ପଏଣ୍ଟ ପାଇଛି। ଦକ୍ଷିଣ ଆଫ୍ରିକା ପ୍ରଥମ ମ୍ୟାଚରେ ୧୦ ୱିକେଟ୍‌ରେ ଇଂଲଣ୍ଡ ନିକଟରୁ ଲଜ୍ଜାଜନକ ଭାବେ ପରାସ୍ତ ହୋଇଥିଲା। ତେବେ ପରବର୍ତ୍ତୀ ମ୍ୟାଚରେ ୬ ୱିକେଟ୍‌ରେ ନ୍ୟୁଜିଲାଣ୍ଡକୁ ହରାଇ ପଏଣ୍ଟ ଖାତା ଖୋଲିଥିଲା। ତେଣୁ ଆଫ୍ରିକା ମହିଳା ଦଳ ମଧ୍ୟ ବିଜୟକୁ ବଜାୟ ରଖିବା ଲକ୍ଷ୍ୟରେ ରହିଛି।





**ଆଜିର ମ୍ୟାଚ୍**
**ଭାରତ - ଦ. ଆଫ୍ରିକା**
ଆରମ୍ଭ : ଅପରାହ୍ଣ ୩ଟା
ସ୍ଥାନ : ବିଶାଖାପାଟଣମ୍

### ମନ୍ଧାନାଙ୍କ ଫର୍ମକୁ ନେଇ ଚିନ୍ତା

ଘରୋଇ ଭାରତୀୟ ଦଳର ପ୍ରମୁଖ ବ୍ୟାଟର୍ ସ୍ମୃତି ମନ୍ଧାନାଙ୍କ ଫର୍ମକୁ ନେଇ ଟିମ୍ ମ୍ୟାନେଜମେଣ୍ଟ ଚିନ୍ତାରେ ରହିଛି। ମନ୍ଧାନା ଶ୍ରୀଲଙ୍କା ବିପକ୍ଷ ପ୍ରଥମ ମ୍ୟାଚରେ ମାତ୍ର ୮ ରନ କରି ଆଉଟ୍ ହୋଇଥିଲେ। ସେହିଭଳି ପାକିସ୍ତାନ ବିପକ୍ଷ ଗୁରୁତ୍ୱପୂର୍ଣ୍ଣ ମ୍ୟାଚରେ ସେ ମାତ୍ର ୨୩ ରନ କରିବାକୁ ସମର୍ଥ ହୋଇଥିଲେ। ତେଣୁ ଦକ୍ଷିଣ ଆଫ୍ରିକା ଭଳି ଗୁରୁତ୍ୱପୂର୍ଣ୍ଣ ମୁକାବିଲାରେ ମ୍ୟାନେଜମେଣ୍ଟ ତାଙ୍କ ନିକଟରୁ ବଡ଼ ସ୍କୋର ଆଶାରେ ରହିଛି। ମନ୍ଧାନାଙ୍କ ସହ ଅଧିନାୟିକା ହରମନପ୍ରୀତ୍ ମଧ୍ୟ ଆଖିଦୃଶିଆ ପାଳି ବର୍ତ୍ତମାନ ସୁଦ୍ଧା ଖେଳିପାରି ନାହାନ୍ତି। ପ୍ରଥମ ଦୁଇଟି ମ୍ୟାଚରେ କୌର ମାତ୍ର ୪୦ ରନ କରି ନିରାଶ କରିଛନ୍ତି। ତେବେ ଦୀପ୍ତି ଶର୍ମା ଓ ସ୍ନେହ ରାଣାଙ୍କ ଅଲ୍‌ରାଉଣ୍ଡ ପ୍ରଦର୍ଶନ ପ୍ରଥମ ଦୁଇଟି ମ୍ୟାଚରେ ବେଶ୍ ଉଲ୍ଲେଖନୀୟ ରହିଥିଲା। ସେହଭଳି ହର୍ଲିନ ଦେଓଲ୍‌ଙ୍କ ବ୍ୟାଟିଂ ମଧ୍ୟ ପ୍ରଶଂସନୀୟ ରହିଛି।

### ଭାରତ-୨୧; ଦ.ଆଫ୍ରିକା- ୧୨

ରେକର୍ଡ ଉପରେ ନଜର ପକାଇଲେ ଦକ୍ଷିଣ ଆଫ୍ରିକା ବିପକ୍ଷରେ ଭାରତର ପଲା ବେଶ୍ ଭାରି ରହିଛି। ମହିଳା ଦିନିକିଆ କ୍ରିକେଟ୍‌ରେ ଉଭୟ ଦଳ ପରସ୍ପର ୩୪ଟି ମ୍ୟାଚରେ ସାମ୍ନାସାମ୍ନି ହୋଇଛନ୍ତି। ଏଥିରେ ଭାରତ ୨୧ ମ୍ୟାଚ୍ ଓ ଦକ୍ଷିଣ ଆଫ୍ରିକା ୧୨ଟି ମ୍ୟାଚ୍‌ରେ ବିଜୟୀ ହୋଇଛି। ଗୋଟିଏ ମ୍ୟାଚର ଫଳାଫଳ ବାହାରିନାହିଁ।

# ମୁନୀଙ୍କ ଶତକରେ ଅଷ୍ଟ୍ରେଲିଆ ବିଜୟୀ

**କଲମ୍ବୋ, ୮ ।୧୦ (ଏଜେନ୍ସି):** ଚଳିତ ଆଇସିସି ମହିଳା ଦିନିକିଆ ବିଶ୍ୱକପ୍‌ରେ ପାକିସ୍ତାନ ଦଳ ହ୍ୟାଟ୍ରିକ ପରାଜୟବରଣ କରିଛି। ବୁଧବାର ଅନୁଷ୍ଠିତ ବିଶ୍ୱକପ୍‌ର ୯ମ ମୁକାବିଲାରେ ଡିଫେଣ୍ଡିଂ ଚାମ୍ପିଅନ ଅଷ୍ଟ୍ରେଲିଆ ୧୦୭ ରନର ବୃହତ୍ ବ୍ୟବଧାନରେ ପାକିସ୍ତାନକୁ ମାତ୍ ଦେଇଛି। ବେଥ୍ ମୁନୀ ଏହି ମ୍ୟାଚରେ ଦମ୍‌ଦାର ଶତକୀୟ ପାଳି ଖେଳି ଦଳକୁ ଜିତାଇବାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିବାରୁ ତାଙ୍କୁ ମ୍ୟାଚର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଥିଲା। ଏଥିସହ ଅଷ୍ଟ୍ରେଲିଆ ୩ ମ୍ୟାଚରୁ ୨ ବିଜୟ ଓ ଗୋଟିଏ ବାତିଲ ସହ ୫ ପଏଣ୍ଟ ପାଇ ଟେବଲ୍‌ର ଶୀର୍ଷ ସ୍ଥାନକୁ ଉଠିଛି। ପୂର୍ବରୁ ଅଷ୍ଟ୍ରେଲିଆ ପ୍ରଥମ ମ୍ୟାଚରେ ୮୯ ରନରେ ନ୍ୟୁଜିଲାଣ୍ଡକୁ ହରାଇ ଅଭିଯାନ ଆରମ୍ଭ କରିଥିଲା। କିନ୍ତୁ ଶ୍ରୀଲଙ୍କା ବିପକ୍ଷ ୨ୟ ମ୍ୟାଚ୍ ବର୍ଷା ଲାଗି ବାତିଲ ହୋଇଥିଲା।

ସ୍ଥାନୀୟ ଆର୍ ପ୍ରେମଦାସ ଷ୍ଟାଡିୟମରେ ଅନୁଷ୍ଠିତ ଏହି ମ୍ୟାଚରେ ଟସ୍ ହାରି ବ୍ୟାଟିଂ ଆମନ୍ତ୍ରଣ ପାଇଥିବା ଅଷ୍ଟ୍ରେଲିଆ ସାଂଘାତିକ ବ୍ୟାଟିଂ ବିପର୍ଯ୍ୟୟର ସମ୍ମୁଖୀନ ହୋଇ ୭୬ ରନରେ ୭ଟି ଏବଂ ୧୧୫ ରନରେ ୮ଟି ୱିକେଟ୍ ହରାଇଥିଲା। ଏପରିକି ଦଳ ଦେଢ଼ଶ ରନ ଅତିକ୍ରମ କରିବା ନେଇ ସନ୍ଦେହରେ ରହିଥିଲା। ତେବେ ମଧ୍ୟକ୍ରମରେ ବେଥ୍ ମୁନୀ ତାଙ୍କ ଅଭିଜ୍ଞତାର ପରିଚୟ ଦେଇ ଦମ୍‌ଦାର ଶତକୀୟ ପାଳି ଖେଳିବା ସହ ଦଳକୁ ବିପର୍ଯ୍ୟୟରୁ ରକ୍ଷା କରିଥିଲେ। ସେ ୧୧ ଚୌକା ବଳରେ ୧୧୪ ବଲରୁ ୧୦୯ ରନ କରି ଇନିଂସର ଶେଷ ବଲରେ ଆଉଟ୍ ହୋଇଥିଲେ। ଦିନିକିଆରେ ଏହା ତାଙ୍କର ୪ର୍ଥ ଶତକ ଥିଲା। ଫଳରେ ଅଷ୍ଟ୍ରେଲିଆ ୯ ୱିକେଟ୍‌ରେ ୨୨୧ ରନର ସମ୍ମାନଜନକ ସ୍କୋର କରିପାରିଥିଲା। ଅଷ୍ଟ୍ରେଲିଆ ଇନିଂସର ୧୦ମ ସ୍ଥାନରେ ଆସିଥିବା ଲେଗ୍-ସ୍ପିନର ଆଲାନ କିଙ୍ଗ୍ ମଧ୍ୟ ୪୯ ବଲରେ ଅପରାଜିତ ୫୧ ରନ କରି ମୁନୀଙ୍କୁ ସହାୟତା କରିଥିଲେ। ଉଭୟଙ୍କ ମଧ୍ୟରେ ୯ ୱିକେଟ୍‌ରେ ୧୦୬ ରନର ମହତ୍ତ୍ୱପୂର୍ଣ୍ଣ ଭାଗୀଦାରି ହୋଇଥିଲା। ବୋଲିଂରେ ପାକିସ୍ତାନର ନାଶରା ସାନ୍ଧୁ ୩ ଏବଂ ଅଧିନାୟିକା ସାନା ଓ ରମୀନ ସମୀମ ୨ଟି ଲେଖାଏ ୱିକେଟ୍ ନେଇଥିଲେ। ଜବାବରେ ପାକିସ୍ତାନ ଦୟନୀୟ ପ୍ରଦର୍ଶନ କରି ୩୬.୩ ଓଭରରେ ୧୧୪ ରନ କରି ଅଲ୍‌ଆଉଟ୍ ହୋଇଯାଇଥିଲା। ଦଳ ପକ୍ଷରୁ ସିଦ୍ରା ଅମିନ ୩୫ ରନ କରିଥିଲେ। ଅଷ୍ଟ୍ରେଲିଆର କିମ୍ ଗାର୍ଥ ସର୍ବାଧିକ ୩ଟି ଏବଂ ମେଗନା ସ୍କଟ୍ ଓ ଆନ୍ନାବେଲ୍ ସଦରଲାଣ୍ଡ ୨ଟି ଲେଖାଏ ୱିକେଟ ନେଇଥିଲେ।




ବେଥ୍ ମୁନୀ
ରନ - ୧୦୯
ବଲ୍ - ୧୧୪
ଚୌକା - ୧୧

**ପାକିସ୍ତାନର ହ୍ୟାଟ୍ରିକ ପରାଜୟ**

## ବୟୋଜ୍ୟେଷ୍ଠ ଜୀବିତ ଟେଷ୍ଟ କ୍ରିକେଟର୍

# ୯୭ ବର୍ଷରେ ପାଦ ଥାପିଲେ ନେଲ୍ ହାର୍ଭେ

**ସିଡ୍‌ନୀ, ୮ ।୧୦ (ଏଜେନ୍ସି):** ଅଷ୍ଟ୍ରେଲିଆର ମହାନ କ୍ରିକେଟର୍ ନେଲ୍ ହାର୍ଭେ ବୁଧବାର ୯୭ ବର୍ଷ ବୟସରେ ପାଦ ଥାପିଛନ୍ତି। ବିଶ୍ୱରେ ଜୀବିତ ଥିବା ବୟୋଜ୍ୟେଷ୍ଠ ଟେଷ୍ଟ କ୍ରିକେଟର୍ ଭାବେ ସେ ବିବେଚିତ ହେଉଛନ୍ତି। ସେହିଭଳି ଅଷ୍ଟ୍ରେଲୀୟ କ୍ରିକେଟର ଭାବେ ସର୍ବାଧିକ ବର୍ଷ ବଞ୍ଚିବାର ରେକର୍ଡ ମଧ୍ୟ ନେଲ୍‌ଙ୍କ ନାମରେ ରହିଛି। ଏଥିସହ କିମ୍ବଦନ୍ତୀ ବ୍ୟାଟର୍ ଡନ୍ ବ୍ରାଡ୍‌ମ୍ୟାନଙ୍କ ନେତୃତ୍ୱରେ ଖେଳିଥିବା ଶେଷ ଅଷ୍ଟ୍ରେଲୀୟ ହେଉଛନ୍ତି ହାର୍ଭେ। ୧୯୪୮ରେ ବ୍ରାଡ୍‌ମ୍ୟାନଙ୍କ ନେତୃତ୍ୱରେ ଅଷ୍ଟ୍ରେଲିଆ ଦଳ ଇଂଲଣ୍ଡ ଗସ୍ତ କରିଥିବାବେଳେ ହାର୍ଭେ ଏହି ଦଳର ସଦସ୍ୟ ରହିଥିଲେ। ଭିକ୍ଟୋରିଆ ଜନ୍ମିତ ବାମହାତୀ ବ୍ୟାଟର୍ ହାର୍ଭେ ୧୯୪୮ ରୁ ୧୯୬୩ ମଧ୍ୟରେ ଅଷ୍ଟ୍ରେଲିଆ ପାଇଁ ୭୯ଟି ଟେଷ୍ଟ ମ୍ୟାଚ୍ ଖେଳିଥିଲେ। ଏଥିରେ ସେ ୪୮.୪୧ ହାରରେ ୬,୧୪୯ ରନ ସଂଗ୍ରହ କରିଥିଲେ। ଯେଉଁଥିରେ ୨୧ ଶତକ ଓ ୨୪ଟି ଅର୍ଦ୍ଧଶତକ ସାମିଲ ରହିଛି। ସେହିଭଳି ୩୦୬ଟି ପ୍ରଥମଶ୍ରେଣୀ ମ୍ୟାଚ୍ ଖେଳିଥିବା ହାର୍ଭେ ୬୭ ଶତକ ଓ ୯୪ ଅର୍ଦ୍ଧଶତକ ସହ ୨୧ ହଜାରରୁ ଊର୍ଦ୍ଧ୍ୱ ରନ ସଂଗ୍ରହ କରିଛନ୍ତି। ୧୯୫୨-୫୩ରେ ଦକ୍ଷିଣ ଆଫ୍ରିକା ବିପକ୍ଷ ଟେଷ୍ଟ ସିରିଜରେ ହାର୍ଭେ କ୍ୟାରିୟରର ଶ୍ରେଷ୍ଠ ପ୍ରଦର୍ଶନ କରି ୯ଟି ଇନିଂସରୁ ୮୩୪ ରନ କରିଥିଲେ। ସେହିଭଳି ୧୯୪୯-୫୦ ସିଜନରେ ଦକ୍ଷିଣ ଆଫ୍ରିକା ଗସ୍ତରେ ହାର୍ଭେ ୫ଟି ଟେଷ୍ଟ ମ୍ୟାଚରେ ୪ଟି ଶତକ ସହ ୬୬୦ ରନ ସଂଗ୍ରହ କରିଥିଲେ। ହାର୍ଭେ ତାଙ୍କର ପ୍ରଥମ ୧୩ଟି ଟେଷ୍ଟରେ ୬ଟି ଶତକ ମାରି ବେଶ୍ ଚର୍ଚ୍ଚାରେ ରହିଥିଲେ। ଅବସର ପରେ ସେ ଅଷ୍ଟ୍ରେଲିଆ ଜାତୀୟ ଦଳର ଚୟନକର୍ତ୍ତା ଭାବେ ୧୨ ବର୍ଷ ଦାୟିତ୍ୱ ତୁଲାଇଥିଲେ।



## ହେଡ୍-କମିନ୍ସଙ୍କ ଦେଶପ୍ରୀତି

# ୫୮ କୋଟିର ଅଫର୍‌କୁ ପ୍ରତ୍ୟାଖାନ

**ନୂଆଦିଲ୍ଲୀ, ୮ ।୧୦ (ଏଜେନ୍ସି):** ବର୍ତ୍ତମାନ ବିଶ୍ୱରେ ଟି-୨୦ କ୍ରିକେଟ୍‌ର ରାଜୁତି ଚାଲିଛି। ବିଭିନ୍ନ ଦେଶରେ ଫ୍ରାଞ୍ଚାଇଜଭିତ୍ତିକ ଟି-୨୦ ଲିଗ୍ ବର୍ଷସାରା ଆୟୋଜିତ ହେଉଛି। ଯେଉଁଥିରେ ବିଭିନ୍ନ ଦେଶର ତାରକା କ୍ରିକେଟର୍‌ମାନେ ଅଂଶଗ୍ରହଣ କରି କୋଟି କୋଟି ଟଙ୍କା ରୋଜଗାର କରୁଛନ୍ତି। ଏପରିକି ୱେଷ୍ଟଇଣ୍ଡିଜ ଭଳି ଦେଶର ଖେଳାଳିମାନେ ଜାତୀୟ ଦଳକୁ ଅଣଦେଖା କରି ଲିଗ୍ କ୍ରିକେଟ୍ ଖେଳିବାକୁ ଅଧିକ ପସନ୍ଦ କରୁଛନ୍ତି। କିନ୍ତୁ ଏହାରି ଭିତରେ ବ୍ୟତିକ୍ରମ ଖବର ଏବେ ସାମ୍ନାକୁ ଆସିଛି। ବର୍ଷକୁ ୫୮ କୋଟି ଟଙ୍କାର ଆୟ କରିବାର ଅଫର୍ ଦିଆଯାଇଥିଲେ ମଧ୍ୟ ଅଷ୍ଟ୍ରେଲିଆର ଦୁଇ ତାରକା ଖେଳାଳି ଅଧିନାୟକ ପ୍ୟାଟ୍ କମିନ୍ସ ଓ ଟ୍ରାଭିସ ହେଡ୍ ଏହାକୁ ପ୍ରତ୍ୟାଖାନ କରିଛନ୍ତି। ରିପୋର୍ଟ ମୁତାବକ, ଆଇପିଏଲ୍‌ର ଏକ ଫ୍ରାଞ୍ଚାଇଜ କମିନ୍ସ ଓ ହେଡ୍‌ଙ୍କୁ ଏକ ଅଜବ ସର୍ତ୍ତ ରଖିଥିଲା। ଉଭୟ ଅଷ୍ଟ୍ରେଲିଆ କ୍ରିକେଟ ଦଳରୁ ଅବସର ନେଇ ବର୍ଷ ସାରା ଏହି ଫ୍ରାଞ୍ଚାଇଜ ଲାଗି ବିଭିନ୍ନ ଦେଶରେ ଲିଗ୍ କ୍ରିକେଟ୍ ଖେଳିବାକୁ ପ୍ରସ୍ତାବ ଦିଆଯାଇଥିଲା। ଏଥିଲାଗି ହେଡ୍ ଓ କମିନ୍ସଙ୍କୁ ବର୍ଷକୁ ପାଖାପାଖି ୫୮ କୋଟି ଟଙ୍କା ଲେଖାଏଁ ମିଳିଥାନ୍ତା। କିନ୍ତୁ ଉଭୟ ହେଡ୍ ଓ କମିନ୍ସ ଆଗ ଦେଶ ନ୍ୟାୟରେ ଜାତୀୟ ଦଳ ପ୍ରତି ତାଙ୍କ ପ୍ରତିବଦ୍ଧତା ଦେଖାଇ ବିନମ୍ରତାର ସହ ଏଭଳି ଲୋଭନୀୟ ଅଫର୍‌କୁ ମନା କରିଦେଇଥିବା ଜଣାପଡ଼ିଛି। ଯାହାକୁ ନେଇ ଏବେ ଉଭୟଙ୍କୁ ବେଶ୍ ପ୍ରଶଂସା କରାଯାଉଛି। ଉଲ୍ଲେଖଯୋଗ୍ୟ, କମିନ୍ସ ଓ ହେଡ୍ ବର୍ତ୍ତମାନ ଆଇପିଏଲ୍‌ରେ ସନରାଇଜର୍ସ ହାଇଦରାବାଦ୍ ଟିମ୍ ପକ୍ଷରୁ ଖେଳୁଛନ୍ତି। କମିନ୍ସ ଓ ହେଡ୍ ସନରାଇଜର୍ସ ଫ୍ରାଞ୍ଚାଇଜ ନିକଟରୁ ବର୍ଷକୁ ଯଥାକ୍ରମେ ୧୮ କୋଟି ଓ ୧୪ କୋଟି ଟଙ୍କା ପାଉଛନ୍ତି। କମିନ୍ସ ମଧ୍ୟ ଅଷ୍ଟ୍ରେଲିଆ ପକ୍ଷରୁ ଖେଳି କେନ୍ଦ୍ରୀୟ ଚୁକ୍ତି, ନେତୃତ୍ୱ ଓ ମ୍ୟାଚ୍ ପାଉଣା ବାବଦକୁ ବର୍ଷକୁ ପାଖାପାଖି ୧୮ କୋଟି ଟଙ୍କା ଆୟ କରୁଛନ୍ତି।

# ଗମ୍ଭୀରଙ୍କ ଡିନର ପାର୍ଟିରେ ୭୦ ପ୍ରକାର ଖାଦ୍ୟ

**ନୂଆଦିଲ୍ଲୀ, ୮ ।୧୦ (ଏଜେନ୍ସି):** ଘରୋଇ ଭାରତ ଓ ୱେଷ୍ଟଇଣ୍ଡିଜ କ୍ରିକେଟ୍ ଦଳ ମଧ୍ୟରେ ଅନ୍ତିମ ତଥା ୨ୟ ଟେଷ୍ଟ ମ୍ୟାଚ୍ ଶୁକ୍ରବାରଠାରୁ ସ୍ଥାନୀୟ ଅରୁଣ ଜେଟଲୀ ଷ୍ଟାଡିୟମରେ ଆରମ୍ଭ ହେବ। ପୂର୍ବରୁ ପ୍ରଥମ ଟେଷ୍ଟକୁ ଏକ ଇନିଂସ ଓ ୧୪୦ ରନରେ ଜିତିଥିବା ଶୁଭମନ ଗିଲ୍ ବାହିନୀ ଏବେ ଦିଲ୍ଲୀରେ ଜୋର୍‌ଦାର ଅଭ୍ୟାସ ଜାରି ରଖିଛି। ଏହି ଅବସରରେ ଦଳର ମୁଖ୍ୟ ପ୍ରଶିକ୍ଷକ ଗୌତମ ଗମ୍ଭୀର ବୁଧବାର ରାତିରେ ଟିମ୍ ଇଣ୍ଡିଆ ପାଇଁ ଏକ ରାତ୍ରିଭୋଜନର ଆୟୋଜନ କରିଥିଲେ। ଯେହେତୁ ଗମ୍ଭୀର ଦିଲ୍ଲୀର ବାସିନ୍ଦା ତେଣୁ ତାଙ୍କ ବାସଭବନରେ ଆୟୋଜକ କରିଥିବା ଏହି ଡିନର ପାର୍ଟିରେ ଭାରତୀୟ ଦଳର ସମସ୍ତ ଖେଳାଳିଙ୍କୁ ନିମନ୍ତ୍ରଣ କରିଥିଲେ। ଗମ୍ଭୀରଙ୍କ ନିମନ୍ତ୍ରଣକୁ ରକ୍ଷା କରି ଅଧିନାୟକ ଗିଲ୍‌ଙ୍କ ସମେତ ଲୋକେଶ ରାହୁଲ, ଯଶପ୍ରୀତ୍ ବୁମ୍‌ରା, ମହମ୍ମଦ ସିରାଜ, ଅକ୍ଷର ପଟେଲ, କୁଲଦୀପ୍ ଯାଦବ ପ୍ରମୁଖ ଏକ ବସ୍ ଯୋଗେ ଗମ୍ଭୀରଙ୍କ ବାସଭବନରେ ପହଞ୍ଚି ରାତ୍ରୀଭୋଜନରେ ଯୋଗ ଦେଇଥିଲେ। ଭାରତୀୟ ଟିମ୍‌ର ସମସ୍ତ ସପୋର୍ଟିଂ ଷ୍ଟାଫ୍ ମଧ୍ୟ ଉପସ୍ଥିତ ରହିଥିଲେ। ଏହି ଡିନର ପାର୍ଟିରେ ୭୦ ପ୍ରକାର ଖାଦ୍ୟ ଓ ୧୦ ପ୍ରକାର ମିଠା ଟିମ୍ ଇଣ୍ଡିଆ ପାଇଁ ପ୍ରସ୍ତୁତ ହୋଇଥିବା ଜଣାପଡ଼ିଛି।

# ୟୁନିଲାଇଟ୍ କପ୍ ଆନ୍ତଃସ୍କୁଲ ଫୁଟ୍‌ବଲ ୧୪ରୁ

**ଭୁବନେଶ୍ୱର, ୮ ।୧୦ (ସମିସ):** ଭୁବନେଶ୍ୱର ଭେଟେରାନ ଫୁଟ୍‌ବଲ ଖେଳାଳି ସଂଘ ଆନୁକୂଲ୍ୟରେ ଆସନ୍ତା ୧୪ରୁ ତୃତୀୟ ଆନ୍ତଃସ୍କୁଲ ଫୁଟ୍‌ବଲ ଟୁର୍ଣ୍ଣାମେଣ୍ଟ 'ୟୁନିଲାଇଟ୍ କପ୍' ଆରମ୍ଭ ହେବ। ନକ୍‌ଆଉଟ୍‌ଭିତ୍ତିରେ ଖେଳାଯିବାକୁ ଥିବା ଏହି ଟୁର୍ଣ୍ଣାମେଣ୍ଟରେ କଟକ, ଭୁବନେଶ୍ୱର ଓ ଖୋର୍ଦ୍ଧାର ୯ ଗୋଟି ଦଳ ଅଂଶଗ୍ରହଣ କରିବେ। ଟୁର୍ଣ୍ଣାମେଣ୍ଟରେ ଗୋଟିଏ ପ୍ରି-କ୍ୱାର୍ଟର ମ୍ୟାଚ୍ ଅନୁଷ୍ଠିତ ହେବ। ଟୁର୍ଣ୍ଣାମେଣ୍ଟର ସମସ୍ତ ମ୍ୟାଚ୍ ୟୁନିଟ-୧ ଫୁଟ୍‌ବଲ ଏକାଡେମୀ ଗ୍ରାଉଣ୍ଡରେ ଖେଳାଯିବ। ସେହିଭଳି ଅକ୍ଟୋବର ୨୩ରେ ଫ୍ଲଡଲାଇଟ୍‌ରେ ଫାଇନାଲ ମ୍ୟାଚ୍ ଖେଳାଯିବ ବୋଲି ବୁଧବାର ସାମ୍ବାଦିକ ସମ୍ମିଳନୀରେ ଆୟୋଜକ ସଂଘର ସଭାପତି ନବରଞ୍ଜନ ପଟ୍ଟନାୟକ ସୂଚନା ଦେଇଛନ୍ତି। ଚାମ୍ପିଅନ ଓ ରନର୍ସଅପ୍ ଦଳକୁ ଯଥାକ୍ରମେ ୧୫ ହଜାର ଓ ୧୦ ହଜାର ଟଙ୍କାର ଆର୍ଥିକ ପୁରସ୍କାର ପ୍ରଦାନ କରାଯିବ। ଏହାବାଦ୍ ତୃତୀୟ ଓ ୪ର୍ଥ ସ୍ଥାନରେ ରହିଥିବା ଦଳ ମଧ୍ୟ ଯଥାକ୍ରମେ ୭ ହଜାର ଓ ୫ ହଜାର ଟଙ୍କା ପାଇବେ। ଏହି ଟୁର୍ଣ୍ଣାମେଣ୍ଟରେ ପ୍ରଭାବୀ ପ୍ରଦର୍ଶନ କରିଥିବା ଖେଳାଳିଙ୍କୁ ଚୟନ କରାଯାଇ ପରେ ସେମାନଙ୍କୁ ଟାଟା ଫୁଟ୍‌ବଲ୍ ଏକାଡେମୀରେ ଏକ ମାସ ଧରି ପ୍ରଶିକ୍ଷଣ ଦିଆଯିବ ବୋଲି ସମ୍ପାଦକ ପ୍ରଫୁଲ୍ଲ ମିଶ୍ର ସୂଚନା ଦେଇଛନ୍ତି। ସେହିଭଳି ଟୁର୍ଣ୍ଣାମେଣ୍ଟ ମଝିରେ ବିଡ଼ାନାସୀ, ରେଭେନ୍‌ସା, ଜାଗମରା ଓ ଓଡ଼ିଶା ପୋଲିସ ଦଳକୁ ନେଇ ଭେଟେରାନ ମ୍ୟାଚ୍ ଖେଳାଯିବାର କାର୍ଯ୍ୟସୂଚୀ ରହିଛି। ସାମ୍ବାଦିକ ସମ୍ମିଳନୀରେ ଅନ୍ୟମାନଙ୍କ ମଧ୍ୟରେ ଦେବବ୍ରତ ମହାନ୍ତି, ଉପସଭାପତି ପ୍ରଦୀପ କୁମାର ବଳିୟାରସିଂ, ବିରଞ୍ଚି ନାରାୟଣ ମହାନ୍ତି, ଚିନ୍ମୟ ଦାସ, ଶ୍ରୀମନ୍ତ କୁମାର ମହାନ୍ତି ପ୍ରମୁଖ ଉପସ୍ଥିତ ରହିଥିଲେ।




# ଭାରତୀୟ ୟୁଥ୍ ଦଳର ସିରିଜ କ୍ଲିନସୁଇପ୍

**ମାକୟ, ୮ ।୧୦ (ଏଜେନ୍ସି):** ଘରୋଇ ଅଷ୍ଟ୍ରେଲିଆ ୧୯ ବର୍ଷରୁ କମ୍ ବାଳକ ଦଳ ବିପକ୍ଷରେ ଏଠାରେ ଅନୁଷ୍ଠିତ ଅନ୍ତିମ ତଥା ଦ୍ୱିତୀୟ ୟୁଥ୍ ଟେଷ୍ଟ ମ୍ୟାଚକୁ ଭାରତ ୭ ୱିକେଟ୍‌ରେ ସହଜରେ ଜିତିନେଇଛି। ପୂର୍ବରୁ ପ୍ରଥମ ମ୍ୟାଚକୁ ଏକ ଇନିଂସ ଓ ୫୮ ରନରେ ଜିତିଥିବା ଭାରତ ଏଥିସହ ଟେଷ୍ଟ ସିରିଜକୁ ୨-୦ରେ କ୍ଲିନସୁଇପ୍ କରିନେଇଛି। ଦ୍ୱିତୀୟ ୟୁଥ୍ ଟେଷ୍ଟରେ ଘରୋଇ ଅଷ୍ଟ୍ରେଲିଆ ପ୍ରଥମ ପାଳିରେ ମାତ୍ର ୧୩୫ ଓ ଭାରତୀୟ ୟୁଥ୍ ଦଳ ୧୭୧ ରନ କରିଥିଲା। ୩୬ ରନରେ ପଛୁଆ ରହିଥିବା ଅଷ୍ଟ୍ରେଲିଆ ପୁଣିଥରେ ବ୍ୟାଟିଂ ବିପର୍ଯ୍ୟୟର ସମ୍ମୁଖୀନ ହୋଇ ଦ୍ୱିତୀୟ ପାଳିରେ ୧୧୬ ରନରେ ସମସ୍ତ ୱିକେଟ୍ ହରାଇଥିଲା। ଫଳରେ ଭାରତ ସମ୍ମୁଖରେ ମାତ୍ର ୮୧ ରନ ଟାର୍ଗେଟ୍ ରହିଥିଲା। ଭାରତ ୧୨.୨ ଓଭରରେ ୩ ୱିକେଟ୍ ହରାଇ ବିଜୟୀ ହୋଇଥିଲା।

# ଆନ୍ତଃଜିଲ୍ଲା ଅସିଚାଳନା ଉଦ୍‌ଘାଟିତ



**କଟକ,୮ ।୧୦(ସମିସ):** ଓଡିଶା ଅସିଚାଳନା ସଂଘ ଆନୁକୂଲ୍ୟରେ ସ୍ଥାନୀୟ ଜବହରଲାଲ ନେହରୁ ଇନଡୋର ଷ୍ଟାଡିୟମରେ ଚତୁର୍ଥ ରାଜ୍ୟ ଆନ୍ତଃଜିଲ୍ଲା ଅସିଚାଳନା ପ୍ରତିଯୋଗିତା ବୁଧବାର ଉଦ୍‌ଘାଟିତ ହୋଇଯାଇଛି। ଏଥିରେ ୧୦ଟି ଜିଲ୍ଲାରୁ ୩୦୦ରୁ ଅଧିକ ଖେଳାଳି ଭାଗ ନେଇଛନ୍ତି। ଓଡିଶା ବାର କାଉନସିଲର ପୂର୍ବତନ ସଭାପତି ବିଜୟ ଦାଶ ଏହାକୁ ଉଦ୍‌ଘାଟନ କରିଥିଲେ। ପ୍ରଥମ ଦିବସରେ ବଲାଙ୍ଗିର ଦଳ ଦମ୍‌ଦାର ପ୍ରଦର୍ଶନ କରି ୩ଟି ସ୍ୱର୍ଣ୍ଣ ସହ ୧୦ଟି ପଦକ ବିଜୟୀ ହୋଇଛି। ଉଦ୍‌ଘାଟନୀ ଦିବସରେ ଅନ୍ୟମାନଙ୍କ ମଧ୍ୟରେ ନୟନ କିଶୋର ମହାନ୍ତି, ଜିଲ୍ଲା କ୍ରୀଡ଼ା ଅଧିକାରୀ ଅଜୟ ବେହେରା, ଓଡ଼ିଶା କୁସ୍ତି ସଂଘ ସମ୍ପାଦକ କିଶୋର ବେହେରା, ରାଜ୍ୟ ଜିମ୍ନାଷ୍ଟିକ ସଂଘ ସମ୍ପାଦକ ଅଶୋକ ସାହୁ, ଓଡ଼ିଶା ସାଇକ୍ଲିଷ୍ଟ ସଂଘ ସମ୍ପାଦକ ପ୍ରସନ୍ନ ରାଉତ, ଓଡିଶା ଅସିଚାଳନା ସଂଘ ସମ୍ପାଦକ ଦେବେନ୍ଦ୍ର ସାହୁ, ସାଙ୍ଗଠନିକ ସମ୍ପାଦକ ସୁମିତ ରଞ୍ଜନ ପୁରୋହିତ ପ୍ରମୁଖ ସମ୍ମାନିତ ଅତିଥି ଭାବେ ଉପସ୍ଥିତ ରହିଥିଲେ। ଏହି ପରିପ୍ରେକ୍ଷୀରେ କ୍ରୀଡ଼ା ସାମ୍ବାଦିକ ବିମଳ କୁମାର ରାଉଳ ଓ ଜାତୀୟ ଅସିଚାଳନା ସଂଘର କୋଷାଧ୍ୟକ୍ଷ ଭାବେ ମନୋନୀତ ହୋଇଥିବାରୁ ଦେବେନ୍ଦ୍ର ସାହୁଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା।

## ୨୯ତମ ବାପୁନା କପ୍

# ଓଡ଼ିଶା ଚାମ୍ପିଅନ





**କଟକ,୮ ।୧୦(ସମିସ):** ବିଦର୍ଭ କ୍ରିକେଟ ଆସୋସିଏସନ ଦ୍ୱାରା ଆୟୋଜିତ ୨୯ତମ ବାପୁନା କପ୍‌ରେ ଓଡ଼ିଶା ୨୩ ବର୍ଷରୁ କମ୍ ଦଳ ଚାମ୍ପିଅନ ହୋଇଛି। ଦ୍ୱି-ଦିବସୀୟ ଫର୍ମାଟରେ ଆୟୋଜିତ ଟୁର୍ଣ୍ଣାମେଣ୍ଟର ୪ଟି ଯାକ ଲିଗ୍ ମ୍ୟାଚ୍‌କୁ ଡ୍ର ରଖିବାରେ ଓଡ଼ିଶା ସଫଳ ହୋଇଥିଲା। ଏପରିକି ଦିନାସ୍ୱାଶ ଏକାଦଶ, ବାପୁନା ଏକାଦଶ ଏବଂ ମହାରାଷ୍ଟ୍ର ବିପକ୍ଷ ପ୍ରଥମ ତିନୋଟି ଯାକ ମ୍ୟାଚ୍‌ରେ ଓଡ଼ିଶା ଦଳକୁ ଇନିଂସ ଅଗ୍ରଣୀ ପଏଣ୍ଟ ମିଳିଥିଲା। କେରଳ ବିପକ୍ଷ ମ୍ୟାଚ୍ ବର୍ଷା ଯୋଗୁଁ ବାତିଲ ହୋଇଥିବାବେଳେ କେରଳ ୪ ପଏଣ୍ଟ ଏବଂ ଓଡ଼ିଶା ୩ ପଏଣ୍ଟ ସଂଗ୍ରହ କରିଥିଲା। ତେବେ ପଏଣ୍ଟ ଭିତ୍ତିରେ ଓଡ଼ିଶାକୁ ଚାମ୍ପିଅନ ଘୋଷିତ କରାଯାଇଛି। ୩ଟି ମ୍ୟାଚ୍‌ରେ ୬ଟି ୱିକେଟ ଅକ୍ତିଆର କରିଥିବା ଓଡ଼ିଶାର ମହମ୍ମଦ ଡାନିସ୍ ଟୁର୍ଣ୍ଣାମେଣ୍ଟର ଶ୍ରେଷ୍ଠ ବୋଲର ବିବେଚିତ ହୋଇଛନ୍ତି। ପୁରସ୍କାର ସ୍ୱରୂପ ଡାନିସଙ୍କୁ ୧୦ହଜାର ଟଙ୍କାର ଆର୍ଥିକ ପୁରସ୍କାର ରାଶି ମିଳିଛି। ଚାମ୍ପିଅନ ଓଡ଼ିଶା ଦଳକୁ ଓସିଏ ପକ୍ଷରୁ ଶୁଭେଚ୍ଛା ଜଣାଯାଇଛି।

# ପରାଜୟରୁ ଓଡ଼ିଶାର ଅଭିଯାନ ଆରମ୍ଭ

## ଜାତୀୟ ସିନିଅର ମହିଳା ଟି-୨୦

**କଟକ,୮ ।୧୦(ସମିସ):** ବିସିସିଆଇ ଆନୁକୂଲ୍ୟରେ ଜାତୀୟ ସିନିଅର ମହିଳା ଟି-୨୦ ଟ୍ରଫି ବୁଧବାରଠାରୁ ଆରମ୍ଭ ହୋଇଛି। ଏଥିରେ ଓଡ଼ିଶା ପରାଜୟର ଅଭିଯାନ ଆରମ୍ଭ କରିଛି। ଗ୍ୱାଲିୟରର ଶ୍ରୀମନ୍ତ ମାଧବ ରାଓ ସିନ୍ଧିଆ କ୍ରିକେଟ ଷ୍ଟାଡିୟମରେ ଖେଳାଯାଇଥିବା ପ୍ରଥମ ମ୍ୟାଚରେ ଓଡ଼ିଶାକୁ ୫ ୱିକେଟରେ ହାଇଦ୍ରାବାଦ୍ ପରାସ୍ତ କରିଛି। ଓଡ଼ିଶା ଅଧିନାୟିକା ସୁଶ୍ରୀ ଦିବ୍ୟଦର୍ଶିନୀ ଟସ୍ ଜିତି ପ୍ରଥମେ ବ୍ୟାଟିଂ ନିଷ୍ପତ୍ତି ନେଇଥିଲେ। ଓପନର ମାଧୁରୀ ମେହଟା (୩୨ ରନ୍) ଏବଂ ଅଧିନାୟିକା ସୁଶ୍ରୀ(୨୮ ରନ୍)ଙ୍କ ବ୍ୟତୀତ ଅନ୍ୟ କୌଣସି ଖେଳାଳି ଆଶାନୁରୂପ ପ୍ରଦର୍ଶନ କରି ପାରିନଥିଲେ। ହାଇଦରାବାଦର ସାକ୍ଷୀ ରାଓ, ମହେଶ କାବ୍ୟା, କେଶରୀ ଧ୍ରୀତ୍ୟ ୨ଟି ଲେଖାଏ ୱିକେଟ ଦଖଲ କରିଥିଲେ। ଜବାବରେ ୧୮.୩ ଓଭରରେ ୫ ୱିକେଟ ହରାଇ ହାଇଦରାବାଦ୍ ବିଜୟୀ ହୋଇଥିଲା। ଜି ତ୍ରୀଶା ୩୫ ରନର ମ୍ୟାଚ୍ ବିଜୟୀ ପାଳି ଖେଳିଥିଲେ। ଓଡ଼ିଶା ପକ୍ଷରୁ ସୁଶ୍ରୀଙ୍କୁ ୨ଟି ୱିକେଟ ମିଳିଥିଲା। ଗୁରୁବାର ହିମାଚଳପ୍ରଦେଶ ବିପକ୍ଷରେ ଓଡ଼ିଶା ଦ୍ୱିତୀୟ ଲିଗ୍ ମ୍ୟାଚ୍ ଖେଳିବ।




PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS